

ଆସିବ ମୁନ୍ନା ଭାଇ ୩
▶ପୃଷ୍ଠା ୧୧ ଦେଖନ୍ତୁ...

RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-123 ♦THURSDAY ♦30 OCTOBER 2025 ♦PAGE-12 ♦₹ 6.00 | PANIKOILI | ♦ବର୍ଷ-୪୩ ♦ସଂଖ୍ୟା-୧୨୩ ♦ଗୁରୁବାର ♦୩୦ ଅକ୍ଟୋବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦

### ୨୦ ଦିନ ତଳେ ହୋଇଥିଲା ଯୁଦ୍ଧବିରତି ଚୁକ୍ତି

## ଗାଜାରେ ପୁଣି ଇସ୍ରାଏଲର ଆକ୍ରମଣ; ୧୦୪ ମୃତ

■ **ତେଲ ଅଭିଭ୍, ୨୯ ।୧୦(ଏଜେନ୍ସି):** ଗାଜାରେ ଅସ୍ତ୍ରବିରତି ଲାଗୁ ହେବା ପରେ ଇସ୍ରାଏଲ ପୁଣିଥରେ ଏକ ବଡ଼ଧରଣର ଆକ୍ରମଣ କରିଛି। ମଙ୍ଗଳବାର ଇସ୍ରାଏଲ ବାୟୁସେନାର ଆକ୍ରମଣରେ ଅତିକମ୍‌ରେ ୧୦୪ ଜଣ ପାଲେଷ୍ଟାଇନ୍ ନାଗିରକ ମୃତ୍ୟୁବରଣ କରିଛନ୍ତି। ମୃତକଙ୍କ ମଧ୍ୟରେ ୪୬ ଜଣ ପିଲା ସାମିଲ ଅଛନ୍ତି ବୋଲି ପାଲେଷ୍ଟାଇନ୍ ସିଭିଲ ଡିଫେନ୍ସ ତରଫରୁ କୁହାଯାଇଛି। ତେବେ ହମାସ ପ୍ରଥମେ ଅସ୍ତ୍ରବିରତି ଉଲ୍ଲଂଘନ କରିଥିଲା ଓ ଗାଜାରେ ନିୟୋଜିତ ଇସ୍ରାଏଲ ସୈନିକଙ୍କ ଉପରେ ପ୍ରଥମେ ଆକ୍ରମଣ କରିଥିଲା ବୋଲି ଇସ୍ରାଏଲ ତରଫରୁ ଅଭିଯୋଗ କରାଯାଇଛି। ତେବେ ଏହି ଅଭିଯୋଗକୁ ଖଣ୍ଡନ କରିବା ସହ ଆମେ ଅସ୍ତ୍ରବିରତି ପାଳନ କରୁଛୁ ବୋଲି ହସମା ତରଫରୁ କୁହାଯାଇଛି।

ଗାଜା ସିଟି, ଖାନ୍ ୟୁନୁସ, ବେଇତ ଲାହିଆ ଓ ଅଲ ବୁରେଜି ସ୍ଥିତ ଘନ ଜନବସତି ଅଞ୍ଚଳ ଉପରେ ଇସ୍ରାଏଲ ଆକ୍ରମଣ କରିଥିଲା। ▶ପୃଷ୍ଠା-୭



### ବ୍ରାଜିଲରେ ଡ୍ରଗ୍ସ ମାଫିଆଙ୍କ ଉପରେ ହେଲିକପ୍ଟରରୁ ଆକ୍ରମଣ

## ୪ ପୁଲିସ କର୍ମଚାରୀ ସମେତ ୬୪ ମୃତ, ୮୦ ଗିରଫ

■ **ରିଓ ହି ଜେନେରିଓ, ୨୯ ।୧୦ (ଏଜେନ୍ସି):** ବ୍ରାଜିଲରେ ଡ୍ରଗ୍ସ ମାଫିଆଙ୍କ ବିରୋଧରେ ଆରମ୍ଭ ହୋଇଛି ବଡ଼ ଧରଣର କାର୍ଯ୍ୟାନୁଷ୍ଠାନ। ଡ୍ରଗ୍ସ ମାଫିଆ ଏବଂ ଅସ୍ତ୍ର ଚାଲାଣ ରାକେଟ ଚଳାଉଥିବା ଗୋଷ୍ଠୀକୁ ମୂଳପୋଛ କରିବା ଲକ୍ଷ୍ୟରେ ପୁଲିସ ହେଲିକପଟର ଓ ଡ୍ରୋନ ସହାୟତାରେ ସ୍ୱତନ୍ତ୍ର କାର୍ଯ୍ୟାନୁଷ୍ଠାନ ଚଳାଇଛି। ଏହି କାର୍ଯ୍ୟାନୁଷ୍ଠାନରେ ୬୪ ଜଣ ପ୍ରାଣ ହରାଇଥିବା ବେଳେ ୮୦ ଜଣଙ୍କୁ ଗିରଫ କରାଯାଇଛି। କୁଖ୍ୟାତ ଡ୍ରଗ୍ସ ସଂଗଠନ 'ରେଡ କମାଣ୍ଡ' ବିରୋଧରେ ଏପର୍ଯ୍ୟନ୍ତ ଏହା ହେଉଛି ସବୁଠାରୁ ବଡ଼ ଧରଣର କାର୍ଯ୍ୟାନୁଷ୍ଠାନ ବୋଲି ସରକାରୀ ଭାବେ କୁହାଯାଇଛି।

ଗତକାଲି ସକାଳେ ରାଜଧାନୀ ରିଓ ଡି ଜାନେଇରୋରେ ୨୫୦୦ ପୁଲିସ୍ କର୍ମଚାରୀ ହେଲିକପ୍ଟର ସହାୟତାରେ ଡ୍ରଗ୍ସ ମାଫିଆ ଓ ଅପରାଧୀଙ୍କ ଅଞ୍ଚଳରେ ଚଢ଼ାଉ କରିଥିଲା। ପୁଲିସ ଟିମ୍ ଆଗକୁ ବଢୁଥିବା ବେଳେ ଆକାଶମାର୍ଗରୁ ସେମାନଙ୍କୁ ସୁରକ୍ଷାର ଦେଉଥିଲା ▶ପୃଷ୍ଠା-୭



### ଇ-କେୱାଇସି କରି ନ ଥିବାରୁ ମିଳିଲାନି ଚାଉଳ

## ଅନାହାରରେ ଆଖି ବୁଜିଲେ ବୃଦ୍ଧ !

■ **ଭୁବନେଶ୍ୱର, ୨୯।୧୦ (ସମିସ):** ନବୀନ ପଟ୍ଟନାୟକ ସରକାର ସମୟରେ ଓଡ଼ିଶା ରାଜ୍ୟର ଚାଉଳ ଆବଶ୍ୟକତା ପୂରଣ କରି ଅନ୍ୟ ରାଜ୍ୟକୁ ଚାଉଳ ଯୋଗାଇବାକୁ ସକ୍ଷମ ହୋଇଥିଲା। ଗରିବଙ୍କ ଖାଦ୍ୟ ସୁରକ୍ଷା ନିଶ୍ଚିତ କରିବା ନିମନ୍ତେ ପ୍ରଣୟନ ହୋଇଥିବା ଖାଦ୍ୟ ସୁରକ୍ଷା ଯୋଜନା କାର୍ଯ୍ୟକାରିତାରେ ଓଡ଼ିଶା ସମଗ୍ର ବିଶ୍ୱରେ ସୁନାମ ଅର୍ଜନ କରିଥିଲା। ଏଥିପାଇଁ ତତ୍‌କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କୁ ବିଶ୍ୱ ଖାଦ୍ୟ କାର୍ଯ୍ୟକ୍ରମ ପକ୍ଷରୁ ଆନ୍ତର୍ଜାତୀୟସ୍ତରରେ ସମ୍ବର୍ଦ୍ଧନା ଦିଆଯାଇଥିଲା। ସେତେବେଳେ ଚାଉଳ ଉତ୍ପାଦନରେ ଆରମ୍ଭ ହୋଇଥିବା ଧାରା ଏବେ ବି ଅବ୍ୟାହତ ରହିଛି। ରାଜ୍ୟରେ ବିପୁଳ ପରିମାଣର ଧାନ ଉତ୍ପାଦିତ ହେଉଛି, ସରକାରଙ୍କ ଗୋଦାମରେ ଲକ୍ଷଲକ୍ଷ ଟନ୍ ଚାଉଳ ଗଚ୍ଛିତ ରହିଛି। ମାତ୍ର ଇ-କେୱାଇସି ଅପଡେଟ୍ କରି ନ ଥିବା ଯୋଗୁଁ ରାଜ୍ୟର


ଫାଇଲ୍ ଫଟୋ

ଲକ୍ଷଲକ୍ଷ ଗରିବ ହିତାଧିକାରୀ ଖାଦ୍ୟ ସୁରକ୍ଷା ଯୋଜନାରୁ ବାଦ ପଡ଼ିଛନ୍ତି। ଏହି କ୍ରମରେ ଇ-କେୱାଇସି ନ କରିବା ଯୋଗୁଁ ଖାଦ୍ୟ ସୁରକ୍ଷା ଯୋଜନାରୁ ବଞ୍ଚିତ ଯାଜପୁର ଜିଲ୍ଲା ସୁକିନ୍ଦା ବ୍ଲକ୍ ରାସୋଲ ପଞ୍ଚାୟତର ରିସା ମାଙ୍କଡ଼ିଆ ନାମକ ଜଣେ ବୃଦ୍ଧ ଅନାହାରରେ ପ୍ରାଣ ହରାଇଥିବା ଅଭିଯୋଗ ହୋଇଛି। କୁହାଯାଉଛି ଯେ ବୟସାଧିକ୍ୟ ଯୋଗୁଁ ସରକାରଙ୍କ ନିୟମ ଅନୁସାରେ ବୃଦ୍ଧ ଜଣକ ଜନସେବା କେନ୍ଦ୍ର ଯାଇ ଇ-କେୱାଇସି କରି ପାରିଲେ ନାହିଁ। ବ୍ୟବସ୍ଥା ଅନୁସାରେ ପ୍ରଶାସନ ପକ୍ଷରୁ କେହି ଯାଇ ତାଙ୍କର ଇ-କେୱାଇସି କଲେ ନାହିଁ। ଫଳରେ ସରକାରଙ୍କ ପକ୍ଷରୁ ତାଙ୍କୁ ମିଳୁଥିବା ଚାଉଳ ବନ୍ଦ ହୋଇଗଲା। ଯାହା ଫଳରେ ସେ ଖାଦ୍ୟାଭାବରେ ମୃତ୍ୟୁବରଣ କରିଥିବା ଅଭିଯୋଗ ହୋଇଛି।

ଅନ୍ତ୍ୟୋଦୟ କାର୍ଡର୍ (୧୩୧୦୨୧୧୫୯୯)ରେ ରିସା ପୂର୍ବରୁ ଚାଉଳ ପାଉଥିଲେ; କିନ୍ତୁ ଗତ ଜୁନ ମାସ ପରଠାରୁ ତାଙ୍କୁ କୌଣସି ଚାଉଳ ମିଳିନଥିଲା। ସେ ବାରମ୍ବାର ଡିଲରଙ୍କ ପାଖକୁ ଯାଉଥିଲେ ମଧ୍ୟ ତାଙ୍କର ଇ-କେୱାଇସି ହୋଇନଥିବାରୁ ତାଙ୍କ ପାଇଁ ଚାଉଳ ଆସୁ ନ ଥିବା ଉତ୍ତର ମିଳିଥିଲା। ନିଜର ବୟସାଧିକ ଯୋଗୁଁ ସେ କୌଣସି କାମ କରିପାରୁନଥିଲେ। ନିଜ ଘରେ ଭୋକ ଉପାସରେ ପଡ଼ି ରହିଥିଲେ। ପଡ଼ୋଶୀମାନେ ବେଳେ ବେଳେ କିଛି ଖାଇବାକୁ ଦେଉଥିଲେ। ଏଭଳି ଅବସ୍ଥାରେ ତାଙ୍କର ଗତ ୨୨ ତାରିଖ ଦିନ ▶ପୃଷ୍ଠା-୭



## ଦୁଷ୍କର୍ମ ପରେ ଜାଳିଦେଲେ

### ଚାଷ ଜମିରୁ ଅଚିହ୍ନା ମହିଳାଙ୍କ ମୃତଦେହ ଉଦ୍ଧାର

■ **ବଲାଙ୍ଗିର/ଦେଓଗାଁ, ୨୯ ।୧୦ (ସମିସ):** ରାଜ୍ୟରେ ଶାସନ ବ୍ୟବସ୍ଥାରେ ଅରାଜକତା ସୃଷ୍ଟି ହୋଇଥିବାବେଳେ ଆଇନଶୃଙ୍ଖଳା ଭୁଷୁଡି ପଡ଼ିଛି। ମହିଳାମାନେ ସବୁଠାରୁ ଆତଙ୍କିତ ଅବସ୍ଥାରେ ଗତି କରୁଛନ୍ତି। ଶାସକ ବିଜେପି ରାଜ୍ୟରେ ମହିଳାଙ୍କୁ 'ସୁଭଦ୍ରା' ସମ୍ବୋଧନ କରି ମାନ ସମ୍ମାନ ଦେବା କଥା କହୁଥିବାବେଳେ ଗୋଟିଏ ପରେ ଗୋଟିଏ ଦୁଷ୍କର୍ମ ଓ ହତ୍ୟା ଘଟଣା ସାମ୍ନାକୁ ଆସୁଛି। ଏହିକ୍ରମରେ ବଲାଙ୍ଗିର ଜିଲ୍ଲାରେ ପୁଣି ଜଣେ ମହିଳାଙ୍କୁ ଦୁଷ୍କର୍ମ ପରେ ନିଆଁରେ ପୋଡ଼ି ହତ୍ୟା କରାଯିବା ଅଭିଯୋଗ ହୋଇଛି। ବଲାଙ୍ଗିର ଜିଲ୍ଲା ଦେଓଗାଁ ଥାନା ବନ୍ଧପଡା ଫାଣ୍ଡି ଅଞ୍ଚଳରେ ଜଣେ ଯୁବକଙ୍କୁ ହତ୍ୟା ଘଟଣାର ୨୪ ଘଣ୍ଟା ନ ପୂରୁଣୁ ସେହି ଅଞ୍ଚଳର ଗଏଲପିଟା ନିକଟସ୍ଥ କପା ଓ ଧାନ କିଆରୀ ମଝିରେ ଜଣେ ମହିଳାଙ୍କ ଅର୍ଦ୍ଧଦଗ୍ଧ ଗଳିତ ଶବ ମିଳିବା ଦେଓଗାଁ ଅଞ୍ଚଳରେ ଚାଞ୍ଚଲ୍ୟ ଖେଳାଇ ଦେଇଛି। ସମ୍ପୃକ୍ତ ମହିଳାଙ୍କୁ ଦୁଷ୍କର୍ମ ପରେ ହତ୍ୟା କରାଯାଇଥିବା ସ୍ଥାନୀୟ ଅଞ୍ଚଳରେ ଆଲୋଚନା ଚାଲିଛି। ଖବର ପାଇ ପୁଲିସ ଓ ସାଇଣ୍ଟିଫିକ ଟିମ୍ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିବା ସହ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ଭୀମଭୋଇ ମେଡିକାଲ କଲେଜକୁ ପଠାଇଛି। ଏନେଇ ଥାନାରେ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଅଧିକ ତଦନ୍ତ ଜାରି ରହିଥିବା ଥାନା ଅଧିକାରୀ ବୁଲୁ ମୁଣ୍ଡା ସୂଚନା ଦେଇଛନ୍ତି।

ବୁଧବାର ସକାଳେ ସ୍ଥାନୀୟ କିଛି ଯୁବକ ଛେଳି ଚରାଇବାକୁ ଯାଇଥିବା ବେଳେ ଜମିରେ ମହିଳାଙ୍କ ଶବ ପଡିଥିବା ଦେଖିଥିଲେ। ଗାଁଲୋକଙ୍କୁ କହିବା ପରେ ଜମି ମାଲିକ ସ୍ଥାନୀୟ ଫାଣ୍ଡିରେ ଖବର ଦେଇଥିଲେ। ଖବର ପାଇ ବନ୍ଧପଡା ଫାଣ୍ଡି ଅଧିକାରୀ ମଳୟ ପଣ୍ଡା ଘଟଣାସ୍ଥଳକୁ ଯାଇ ତଦନ୍ତ ଆରମ୍ଭ କରିଥିଲେ। ସାଇଣ୍ଟିଫିକ ଟିମ୍‌କୁ ଖବର ଦେବାପରେ ବିଭିନ୍ନ ଦିଗକୁ ନେଇ ଅନୁଧ୍ୟାନ କରାଯାଇଛି। ମହିଳାଙ୍କୁ ପ୍ରଥମେ ଦୁଷ୍କର୍ମ ଓ ପରେ ହତ୍ୟା କରି ପ୍ରମାଣ ନଷ୍ଟ କରିବା ▶ପୃଷ୍ଠା-୭

### କୁଣ୍ଡା ବୋଝେଇ ଟ୍ରକ୍‌କୁ ପିଟିଲା ବସ୍

## ଡ୍ରାଇଭର, ହେଲ୍‌ପର ମୃତ, ୯ ଗୁରୁତର



■ **ଜଳେଶ୍ୱର/ଜଳେଶ୍ୱର ବ୍ଲକ, ୨୯।୧୦ (ସମିସ):** ବାଲେଶ୍ୱର ଜିଲ୍ଲା ଜଳେଶ୍ୱର ଥାନା ଅନ୍ତର୍ଗତ ୧୬ ନମ୍ବର ଜାତୀୟ ରାଜପଥର ଲକ୍ଷ୍ମଣନାଥ ଟୋଲପ୍ଲାଜା ନିକଟରେ ଗତକାଲି ବିଳମ୍ବିତ ରାତିରେ ଏକ ଯାତ୍ରୀବାହୀ ବସ୍ ଦୁର୍ଘଟଣାଗ୍ରସ୍ତ ହୋଇଛି। ବସ୍‌ଟି ରାସ୍ତାରେ ଛିଡ଼ା ହୋଇଥିବା କୁଣ୍ଡା ବୋଝେଇ ଟ୍ରକ୍‌କୁ ଧକ୍କା ଦେବାରୁ ବସ୍ ଚାଳକ ଓ ହେଲପରଙ୍କ ମୃତ୍ୟୁ ଘଟିଥିବାବେଳେ ୯ ଜଣ ଯାତ୍ରୀ ଗୁରୁତର ଆହତ ହୋଇଛନ୍ତି। ମୃତକ ଦ୍ୱୟ ହେଲେ ବସ୍ ଚାଳକ କଟକ ଜିଲ୍ଲା ▶ପୃଷ୍ଠା-୭

## ଅବପାତ ରୂପ ନେଲା 'ମୋନ୍ଥା'

### ୨ରୁ ପହିଲି ଶୀତ

■ **ଭୁବନେଶ୍ୱର, ୨୯।୧୦ (ସମିସ):** ଗଭୀର ଅବପାତରେ ପରିଣତ ହୋଇ କ୍ରମଶଃ ଦୁର୍ବଳ ହେଉଛି ବାତ୍ୟା 'ମୋନ୍ଥା'। ସମୁଦ୍ର ଉପକୂଳରେ ଏହା ଦୂରେଇ ଯାଉଥିବାରୁ ଗୁରୁବାର ସକାଳ ସୁଦ୍ଧା ଏହା ଲଘୁଚାପରେ ପରିଣତ ହେବାର ସମ୍ଭାବନା ରହିଛି। ଫଳରେ ଗୁରୁବାରଠାରୁ ରାଜ୍ୟରେ ପାଗ ଫିଟିବା ସହ କାଁ ଭାଁ ସ୍ଥାନକୁ ଛାଡ଼ିଦେଲେ ଅନ୍ୟ ସବୁ ସ୍ଥାନରେ ଖରାଟିଆ ପାଗ ରହିବାର ଅନୁମାନ କରାଯାଉଛି। ଅନ୍ୟପଟେ ବାତ୍ୟା 'ମୋନ୍ଥା' ମଙ୍ଗଳବାର ରାତିରେ ତା'ର ନିର୍ଦ୍ଧାରିତ ପଥ ପରିବର୍ତ୍ତନ କରିଥିବାରୁ ଓଡ଼ିଶା ଉପରୁ ଅପେକ୍ଷାକୃତ ବିପଦ ଟଳିଯାଇଛି। କେବଳ ଦକ୍ଷିଣ ଓଡ଼ିଶାର କିଛି ଅଂଶକୁ ଛାଡ଼ିଦେଲେ ରାଜ୍ୟର ଅନ୍ୟ ଭାଗରେ ▶ପୃଷ୍ଠା-୭

**୬ ଡିଗ୍ରୀ କମିବ ତାପମାତ୍ରା**

### ୩୩ ବ୍ଲକ୍, ୧୧ ସହରାଞ୍ଚଳ ପ୍ରଭାବିତ

**୭୨ ଘଣ୍ଟା ମଧ୍ୟରେ କ୍ଷୟକ୍ଷତି ରିପୋର୍ଟ ଦେବାକୁ ନିର୍ଦ୍ଦେଶ**

■ **ଭୁବନେଶ୍ୱର, ୨୯।୧୦ (ସମିସ):** ରାଜ୍ୟବାସୀ ବାତ୍ୟା 'ମୋନ୍ଥା'କୁ ନେଇ ଚିନ୍ତିତ ଥିଲାବେଳେ ଏହାର ସେଭଳି କୌଣସି ପ୍ରଭାବ ପଡ଼ିନାହିଁ। ଶେଷ ମୁହୂର୍ତ୍ତରେ ବାତ୍ୟା ଦିଗ ବଦଳାଇବାରୁ ଓଡ଼ିଶା ଉପରେ ପ୍ରଭାବ କମ୍ ରହିଛି ବୋଲି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି। ବୁଧବାର ମନ୍ତ୍ରୀ ଶ୍ରୀ ପୂଜାରୀ ବାତ୍ୟା ପରବର୍ତ୍ତୀ ସ୍ଥିତି ନେଇ ଏସ୍‌ଆରସି ଡିକେ ସିଂହ ଓ ଅନ୍ୟ ବରିଷ୍ଠ ଅଧିକାରୀମାନଙ୍କ ସହ ସମୀକ୍ଷା ବୈଠକ କରିବା ପରେ ରାଜୀବ ଭବନଠାରେ ଗଣମାଧ୍ୟମକୁ କହିଛନ୍ତି ଯେ ଗୁରୁବାରଠାରୁ କ୍ଷୟକ୍ଷତି ରିପୋର୍ଟ ପ୍ରସ୍ତୁତ କରିବା ଲାଗି ନିର୍ଦ୍ଦେଶ ଦିଆଯାଇଛି। ୭୨ ଘଣ୍ଟା ଭିତରେ ରିପୋର୍ଟ ଦେବାକୁ କୁହାଯାଇଛି। ଅଧିକ ସରକାରୀ କର୍ମଚାରୀ ଆବଶ୍ୟକ ହେଲେ ଅନ୍ୟ ଜିଲ୍ଲାରୁ କର୍ମଚାରୀଙ୍କୁ ଅଣାଯିବ। ବହୁଜାଗାରେ ଘର କାନ୍ଥ ପଡିଛି। ସେମାନଙ୍କୁ ପଲିଥିନ ଦିଆଯାଇଛି। ଘର କ୍ଷତି ହୋଇଥିଲେ ଆକଳନ ପରେ କ୍ଷତିପୂରଣ ଦିଆଯିବ। ଆକଳନ ବେଳେ ବ୍ୟାଙ୍କ ଖାତା, ଆକାଉଣ୍ଟ ନମ୍ବର ▶ପୃଷ୍ଠା-୭

### ନୂଆପଡ଼ା ଉପନିର୍ବାଚନ

## ପ୍ରଚାର ମଇଦାନକୁ ଓହ୍ଲାଇବେ ନବୀନ



**୩ରେ କୋମନାରେ ସାଧାରଣ ସଭା**

**୭ରେ ଖରିଆର ରୋଡ଼ରୁ ନୂଆପଡ଼ା ଯାଏ ରୋଡ୍ ଶୋ'**

■ **ଭୁବନେଶ୍ୱର, ୨୯।୧୦ (ସମିସ):** ଉପନିର୍ବାଚନ ପାଇଁ ନୂଆପଡ଼ାରେ ପ୍ରଚାର ସରଗରମ ହୋଇଛି । ତିନି ଦଳ ନିର୍ବାଚନ ପାଇଁ ଘମାଘୋଟ ପ୍ରଚାର ଚଳାଇଥିବାବେଳେ ବିଜେଡି ନିଜର ସ୍ଥିତି ଦିନକୁ ଦିନ ସୁଦୃଢ଼ କରିବାରେ ଲାଗିଛି। ଏହି କ୍ରମରେ ଆସନ୍ତା ୩ ତାରିଖରେ ପ୍ରଚାର ମଇଦାନକୁ ଓହ୍ଲାଇବେ ବିଜେଡି ସୁପ୍ରିମୋ ତଥା ବିରୋଧୀଦଳ ନେତା ନବୀନ ପଟ୍ଟନାୟକ। ଦଳୀୟ ପ୍ରାର୍ଥୀ ସ୍ନେହାଙ୍ଗିନୀ ଛୁରିଆଙ୍କ ସପକ୍ଷରେ ନବୀନ ୩ ତାରିଖରେ କୋମନାରେ ପ୍ରଚାର କରିବେ ବୋଲି ସୂଚନା ମିଳିଛି ।

ଦଳ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ ନବୀନ ଆସନ୍ତା ୩ ତାରିଖରେ ନୂଆପଡା ଯିବେ। ସେହିପରି ୭ ତାରିଖରେ ▶ପୃଷ୍ଠା-୭

### ଏଲ୍‌ଆଇସିରୁ ପ୍ରତ୍ୟାହାର ହେବ ସରକାରୀ ଅଂଶଧନ

## ବିକ୍ରି ହେବ ୬.୫% ସେୟାର

■ **ନୂଆଦିଲ୍ଲୀ,୨୯।୧୦(ଏଜେନ୍ସି):** କେନ୍ଦ୍ର ସରକାର ପୁଣି ଥରେ ଦେଶର ବୃହତ୍ ରାଷ୍ଟ୍ରାୟତ୍ତ ଉଦ୍ୟୋଗରୁ ପୁଞ୍ଜି ପ୍ରତ୍ୟାହାର କରିବାକୁ ଯାଉଛନ୍ତି। ଏହି କ୍ରମରେ ଚଳିତ ବର୍ଷ ଶେଷ ସୁଦ୍ଧା ଭାରତୀୟ ଜୀବନ ବୀମା ନିଗମ (ଏଲ୍‌ଆଇସି)ରୁ ଅଂଶଧନ ପ୍ରତ୍ୟାହାର ହେବ। ଏବେ ସରକାର ଦେଶର ଏହି ବୃହତ୍ ରାଷ୍ଟ୍ରାୟତ୍ତ ଜୀବନ ବୀମା କମ୍ପାନୀରେ ଥିବା ୬.୫% ଅଂଶଧନ ବିକ୍ରି କରିବାକୁ ଯାଉଛନ୍ତି, ଯାହାର ମୂଲ୍ୟ ୧ ରୁ ୧.୫ ବିଲିୟନ ଡଲାର (ପ୍ରାୟ ୮୮୦୦ ରୁ ୧୩,୨୦୦ କୋଟି ଟଙ୍କା) ହେବ।

**୨୦୨୨ରେ ବିକିଥିଲେ ୩.୫% ଅଂଶଧନ**

ସୂଚନାଯୋଗ୍ୟ ଯେ, ୨୦୨୨ ମେ' ମାସରେ ସରକାର ଏକ ଆଇପିଓ ମାଧ୍ୟମରେ ଏଲ୍‌ଆଇସିର ୩.୫% ଅଂଶଧନ ବିକ୍ରି କରିଥିଲେ। ସେବି ନିୟମ ଅନୁଯାୟୀ, ୨୦୨୭ ମେ' ୧୬ ସୁଦ୍ଧା ସରକାର ଦେଶର ଏହି ସର୍ବବୃହତ ବୀମା କମ୍ପାନୀରୁ ପର୍ଯ୍ୟାୟକ୍ରମେ ୬.୫% ଅଂଶଧନ ବିକ୍ରି କରିବେ। ଏହାର ମୂଲ୍ୟ ୪.୨ ବିଲିୟନ ଡଲାର କିମ୍ବା ପ୍ରାୟ ୩୭,୦୦୦୦ କୋଟି ଟଙ୍କା ହୋଇପାରେ। ବର୍ତ୍ତମାନ, ସରକାରଙ୍କର ଏଲ୍‌ଆଇସିରେ ୯୬.୫% ଅଂଶଧନ ରହିଛି। ପ୍ରଥମ ପର୍ଯ୍ୟାୟ ପୁଞ୍ଜି ପ୍ରତ୍ୟାହାର ଚଳିତ ତ୍ରୈମାସିକ ଶେଷ ହେବା ପୂର୍ବରୁ ହୋଇଯିବ। କେନ୍ଦ୍ର ସରକାରଙ୍କ ନିବେଶ ଏବଂ ରାଷ୍ଟ୍ରାୟତ୍ତ ସମ୍ପତ୍ତି ପରିଚାଳନା ବିଭାଗ (ଦୀପମ୍) ପରବର୍ତ୍ତୀ ଅଂଶଧନ ବିକ୍ରିର ସଠିକ ସମୟସୀମା ଏବଂ ପରିମାଣ ଚୂଡ଼ାନ୍ତ କରିବା ▶ପୃଷ୍ଠା-୭

## ଗାଣ୍ଠିଆରେ ଧନ; ଖର୍ଚ୍ଚରେ ନାହିଁ ମନ

### ପୂର୍ଣ୍ଣାଙ୍ଗ ବଜେଟ ଖର୍ଚ୍ଚ ନିରୁତ୍ସାହଜନକ ■ ବିଭାଗକୁ ଚିନ୍ତା ଅର୍ଥ ବିଭାଗ ନିର୍ଦ୍ଦେଶ

■ **ଭୁବନେଶ୍ୱର, ୨୯।୧୦ (ସମିସ):** ଆସନ୍ତା ଶୀତ ଅଧିବେଶନରେ ଅତିରିକ୍ତ ବଜେଟ୍ ପାଇଁ ସରକାରୀସ୍ତରରେ ଆରମ୍ଭ ହୋଇଛି ପ୍ରସ୍ତୁତି। ଏ ସଂକ୍ରାନ୍ତରେ ଅର୍ଥ ବିଭାଗ ସବୁ ବିଭାଗକୁ ଚିଠି ଲେଖି ଅତିରିକ୍ତ ବଜେଟ୍ ପାଇଁ ପ୍ରସ୍ତାବ ଆହ୍ୱାନ କରିଛି । ମାତ୍ର ବଜେଟ ବ୍ୟୟରେ ଅତ୍ୟନ୍ତ ନୈରାଶ୍ୟଜନକ ପ୍ରଦର୍ଶନ କରିଥିବା ବିଭାଗଗୁଡ଼ିକ ପାଇଁ ଅର୍ଥ ବିଭାଗର ନିର୍ଦ୍ଦେଶନାମା ଚିନ୍ତା ବଢ଼ାଇଛି। ସେପ୍ଟେମ୍ବର ମାସ ସୁଦ୍ଧା ଅନ୍ୟୂନ ବଜେଟ୍ ବରାଦର ୪୦% ଅର୍ଥ ଖର୍ଚ୍ଚ କରି ନ ଥିଲେ ଅତିରିକ୍ତ ବଜେଟ୍ ପାଇଁ ପ୍ରସ୍ତାବ ବିଚାରକୁ ନିଆଯିବ ନାହିଁ ବୋଲି ଅର୍ଥ ବିଭାଗ ରୋକଠୋକ୍ ଶୁଣାଇଦେଇଛି। ଏପରିସ୍ଥଳେ ଅତିରିକ୍ତ ବଜେଟରେ କିପରି ପ୍ରସ୍ତାବ ଦିଆଯିବ ସେନେଇ କିଛି ବିଭାଗ ଚିନ୍ତାରେ ଥିବାବେଳେ ବଜେଟ ଅର୍ଥ ଖର୍ଚ୍ଚକୁ ନେଇ ମଧ୍ୟ ସରକାର ବାଟ ଖୋଜୁଛନ୍ତି।



**୬ ମାସରେ ୪୦% ଖର୍ଚ୍ଚ ହୋଇ ନ ଥିଲେ ମିଳିବନି ଅତିରିକ୍ତ ବଜେଟ**

ରାଜ୍ୟ ସରକାର ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ୨ ଲକ୍ଷ ୯୦ ହଜାର କୋଟି ଟଙ୍କାର ପୂର୍ଣ୍ଣାଙ୍ଗ ବଜେଟ ଆଗତ କରିଥିଲେ। ତେବେ ସରକାରୀ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ୨୦୨୫-୨୬ ଆର୍ଥିକ ବର୍ଷର ପ୍ରଥମ ୫ ମାସ ଅର୍ଥାତ୍ ଏପ୍ରିଲ-ଅଗଷ୍ଟ ମଧ୍ୟରେ ମୋଟ ଆବଣ୍ଟିତ ଅର୍ଥର ମାତ୍ର ୨୭ ପ୍ରତିଶତ ଅର୍ଥ ଖର୍ଚ୍ଚ ହୋଇଛି। ଅର୍ଥାତ୍ ରାଜ୍ୟ ସରକାରଙ୍କର ୪୪ଟି ବିଭାଗ ଗତ ଅଗଷ୍ଟ ଶେଷ ସୁଦ୍ଧା ମାତ୍ର ୭୮୪୦୧ କୋଟି ଟଙ୍କା ଖର୍ଚ୍ଚ କରିପାରିଛନ୍ତି। ସେହିପରି ଏକାଧିକ ବିଭାଗ ଆଜିସୁଦ୍ଧା ୨୫ ପ୍ରତିଶତ ଆବଣ୍ଟିତ ଖର୍ଚ୍ଚ କରିପାରିନଥିବା ବେଳେ ଏହା ପରୋକ୍ଷରେ ସରକାରଙ୍କ ପାଇଁ ଚିନ୍ତାର କାରଣ ପାଲଟିଛି।

ଅର୍ଥ ବିଭାଗର ସର୍ତ୍ତ ପରେ ଅନେକ ବିଭାଗ ଅତିରିକ୍ତ ବଜେଟ ପାଇଁ ପ୍ରସ୍ତାବ ପ୍ରେରଣ ପାଇଁ ଯେ ଯୋଗ୍ୟ ବିବେଚିତ ହେବେ ନାହିଁ, ସେନେଇ ଆଶଙ୍କା ପ୍ରକାଶ ପାଇଲାଣି। ଅପରପକ୍ଷେ ଆସନ୍ତା ଡିସେମ୍ବର ସୁଦ୍ଧା ସରକାର ମୋଟ ବଜେଟ ଆବଣ୍ଟିତ ଅର୍ଥର ୬୦ ପ୍ରତିଶତ ଅର୍ଥ ଖର୍ଚ୍ଚ କରିବାକୁ ଲକ୍ଷ୍ୟ ରଖିଛନ୍ତି। ମାତ୍ର ଅଗଷ୍ଟ ଶେଷ ସୁଦ୍ଧା ୨୭ ପ୍ରତିଶତ ଅର୍ଥ ଖର୍ଚ୍ଚ ହୋଇଥିବା ବେଳେ ଆସନ୍ତା ୪ ମାସରେ ୩୩ ପ୍ରତିଶତ ଅର୍ଥ କିପରି ଖର୍ଚ୍ଚ ହୋଇପାରିବ, ସେନେଇ ଅର୍ଥନୀତି ବିଶେଷଜ୍ଞ ▶ପୃଷ୍ଠା-୭

# ପକ୍ଷୀମାଡ଼ ପରେ ଇଣ୍ଡିଗୋ ବିମାନର ଜରୁରୀଅବତରଣ

ଡେରାଡୁନ୍, ୨୯ ।୧୦(ଏଜେନ୍ସି): ଡେରାଡୁନ୍‌ରୁ ବେଙ୍ଗାଲୁରୁ ଯାଉଥିବା ଇଣ୍ଡିଗୋ ଏୟାର ଲାଇନ୍ସର ବିମାନକୁ ପ୍ରତ୍ୟାବର୍ତ୍ତନ କରିବା ସହ ପୁଣି ଥରେ ଡେରାଡୁନ ବିମାନବନ୍ଦରରେ ଜରୁରୀକାଳୀନ ଅବତରଣ କରିବାକୁ ପଡ଼ିଛି । ମିଳିଥିବା ସୂଚନା ଅନୁଯାୟୀ ବିମାନ ୫୩ ମିନିଟ୍ ପର୍ଯ୍ୟନ୍ତ ଉପରେ ଥିଲା । ବିମାନରେ ଥିବା ୧୭୦ ଯାତ୍ରୀ ଅଳ୍ପକେ ବର୍ତ୍ତିଯାଇଥିଲେ । ବିମାନ ସହ ପକ୍ଷୀ ମାଡ଼ ହେବା



କାରଣରୁ ଏଭଳି ସ୍ଥିତି ଉପୁଜିଥିଲା ବୋଲି କୁହାଯାଇଛି । ଇଣ୍ଡିଗୋ ଫ୍ଲାଇଟ୍ ଆଇଜିଓ-୬ ୧୩୬ (ଏ୩୨୦ ଏୟାରବସ) ସନ୍ଧ୍ୟା ୬.୩୦ରେ ଜାଲି ଗ୍ରାଣ୍ଟ ବିମାନବନ୍ଦରରୁ ଉଡ଼ାଣ ଭରିଥିଲା । ଟେକ୍ ଅଫ୍ କରିବାର କିଛି ସମୟ ପରେ ହିଁ ବାମପଟ ଇଞ୍ଜିନ୍‌ରେ ଏକ ପକ୍ଷୀ ମାଡ଼ ହୋଇଥିଲା । ଫଳରେ ଇଞ୍ଜିନ ଭିତରକୁ ବାୟୁ ଦ୍ରୁତଗତିରେ ପସିବାକୁ ଲାଗିଥିଲା । ସୁରକ୍ଷାକୁ ଦୃଷ୍ଟିରେ ରଖି ପାଇଲଟ୍ ବିମାନବନ୍ଦରଠାରୁ ଦୂରରେ ନିୟନ୍ତ୍ରିତ ଉଚ୍ଚରେ ରଖିଥିଲେ ଓ ସ୍ଥିତିକୁ ସମ୍ଭାଳିବାକୁ ପ୍ରୟାସ କରିଥିଲେ । ପାଖାପାଖି ଏକ ଘଣ୍ଟା ଆକାଶରେ ଉଡିବା ପରେ ସନ୍ଧ୍ୟା ୬.୫୯ରେ ବିମାନ ଡେରାଡୁନ ବିମାନ ବନ୍ଦରରେ ସୁରକ୍ଷିତ ଭାବେ ଅବତରଣ କରିଥିଲା । ଡେରାଡୁନ୍‌ଠାରୁ ୮ ମାଇଲ ଦୂରରେ ଓ ୫୬୦୦ ଫୁଟ ଉଚ୍ଚରେ ପାଇଲଟ ବିମାନର ବୈଷୟିକ ତ୍ରୁଟି ନେଇ ସୂଚନା ଦେଇଥିଲେ । ପରେ ଯାତ୍ରୀମାନଙ୍କୁ ଅନ୍ୟଏକ ବିମାନରେ ଦିଲ୍ଲୀ ନିଆଯିବାର ବ୍ୟବସ୍ଥା କରାଯାଇଥିଲା । ଏହି କାରଣରୁ ଦିଲ୍ଲୀରୁ ୫.୫୫ରେ ଡେରାଡୁନ ଆସୁଥିବା ବିମାନ ଓ ମୁମ୍ବାଇରୁ ୬.୨୦ରେ ଆସୁଥିବା ବିମାନକୁ ଦିଲ୍ଲୀ ଡାଇଭର୍ଟ କରାଯାଇଥିଲା ।

# ଗାୟକ ଦୀଲ୍‌ଜିତ୍‌ଙ୍କୁ ପନ୍ନୁର ଧମକ

ଚଣ୍ଡିଗଡ଼, ୨୯ ।୧୦(ଏଜେନ୍ସି): ପଞ୍ଜାବୀ ଗାୟକ ତଥା ସିନେମା ଅଭିନେତା ଦିଲଜିତ ଦୋଶାଞ୍ଜଙ୍କୁ ଖଲିସ୍ଥାନୀ ଆତଙ୍କବାଦୀ ଗୁରପତବନ୍ଦ ସିଂ ପନ୍ନୁ ଧମକ ଦେଇଛି । କିଛିଦିନ ତଳେ 'କୋନ୍ ବନେଗା କରୋଡପତି' ଶୋର ସୁଟିଂ ବେଳେ ଦିଲଜିତ ଅମିତାଭ ବଚ୍ଚନଙ୍କ ପାଦ ଛୁଇଁଥିଲେ



ଓ ଏହାକୁ ନେଇ ବିବାଦ ସୃଷ୍ଟି ହୋଇଛି । ଅବଶ୍ୟ ଶୋ'ର ଏହି ଏପିଶୋଡ ପ୍ରସାରିତ ହୋଇନାହିଁ । କିନ୍ତୁ ସାମ୍ନାକୁ ଆସିଥିବା ପ୍ରମୋରେ ଦିଲ୍‌ଜିତ ଅମିତାଭଙ୍କ ପାଦ ଛୁଇଁଥିବାର ଲକ୍ଷ୍ୟ କରାଯାଇଛି । ଏହାକୁ ନେଇ ପନ୍ନୁ କିଛି ସାମ୍ବାଦିକ ଓ ଲୋକଙ୍କୁ କଲ୍ କରିଥିଲା ଓ ଦିଲ୍‌ଜିତଙ୍କୁ ଧମକ ଦେଇଥିଲା । ତେବେ ଏ ନେଇ କଣ କଥାବାର୍ତ୍ତା ହୋଇଛି ସେ ନେଇ କିଛି ଜଣାପଡ଼ିନାହିଁ । ୧୯୮୪ ଦଙ୍ଗାରେ ଅମିତାଭଙ୍କ ଭୂମିକା ନେଇ ପନ୍ନୁ ପ୍ରଶ୍ନ ଉଠାଇଛି ବୋଲି କୁହାଯାଉଛି । ଅକ୍ଟୋବର ୩୧ରେ ଦିଲଜିତ କେବିସିର ୧୭ତମ ସଂସ୍କରଣରେ ବଲିଉଡ ମହାନାୟକ ଅମିତାଭ ବଚ୍ଚନଙ୍କ ସାମ୍ନାରେ ହଟ୍ ସିଟ୍‌ରେ ବସିଥିବାର ନଜର ଆସିବେ । ଏହାପୂର୍ବରୁ ଅଷ୍ଟ୍ରେଲିଆର ସିଡ୍‌ନୀରେ ଅନୁଷ୍ଠିତ ଷ୍ଟାଡିୟମ କନସର୍ଟରେ ଶିଖ ଧର୍ମର ଧାର୍ମିକ ଚିହ୍ନ କୃପାଣକୁ ନେଇ ବିବାଦ ହୋଇଥିଲା । ଏହି କନସର୍ଟରେ ହଜାର ହଜାର ଲୋକ ଯୋଗ ଦେଇଥିଲେ । କିନ୍ତୁ ଆୟୋଜନରେ ଶିଖ ଶ୍ରଦ୍ଧାଳୁଙ୍କୁ କୃପାଣ ନେଇ ଭିତରକୁ ଯିବା ପାଇଁ ଅନୁମତି ଦିଆଯାଇ ନଥିଲା । ଦର୍ଶକ ଏହାକୁ ବିରୋଧ କରିବାରୁ ସେମାନଙ୍କୁ ବାହାର କରିଦିଆଯାଇଥିଲା । ଫଳରେ ଶିଖ ସମ୍ପ୍ରଦାୟର ଦର୍ଶକମାନେ ନିରାଶ ହୋଇଥିଲେ । ଏହା ସତ୍ତ୍ୱେ ଅଷ୍ଟ୍ରେଲିଆରେ ନଭେମ୍ବର ୧ରେ ଦିଲଜିତଙ୍କ ଶୋ ଆୟୋଜନ ହେବାର କାର୍ଯ୍ୟକ୍ରମ ରହିଛି ।

# ଚଳନ୍ତା ବସ୍‌ରେ ପୁଣି ଲାଗିଲା ନିଆଁ

ନାଗପୁର, ୨୯ ।୧୦(ଏଜେନ୍ସି): ମୁମ୍ବଇରୁ ଜଲନା ଯାଉଥିବା ଏକ ବସରେ ନିଆଁ ଲାଗିଯିବାର ଘଟଣା ସାମ୍ନାକୁ ଆସିଛି । ବୁଧବାର ଭୋର ୩ଟାରେ ମହାରାଷ୍ଟ୍ରର ସମୃଦ୍ଧି ହାଇୱେରେ ଏହି ଘଟଣା ଘଟିଛି । ଡ୍ରାଇଭର ଓ ତାଙ୍କ ସହାୟକଙ୍କ ସହ ମୋଟ୍ ୧୪ ଜଣ ଲୋକ ଏହି ବସ୍‌ରେ ଥିଲେ । ବସ୍‌ରେ ନିଆଁ ଲାଗିବା କଥା ଜାଣିବା ପରେ ଡ୍ରାଇଭର ତୁରନ୍ତ ବସ୍‌କୁ ରୋକିଥିଲେ ଓ ସବୁ ଯାତ୍ରୀଙ୍କୁ ବସ୍‌ରୁ ଓହ୍ଲାଇ ଦେଇଥିଲେ । ଫଳରେ ଯାତ୍ରୀଙ୍କ ଜୀବନ ବଞ୍ଚିଯାଇଥିଲା । କିନ୍ତୁ ଏହାର କେତେ ମିନିଟ୍ ମଧ୍ୟରେ ବସ୍‌ଟି ସମ୍ପୂର୍ଣ୍ଣ ଭାବେ ଜଳିଯାଇଥିଲା । ସୂଚନା ପାଇବା ପରେ ଦମକଳ ବିଭାଗ ଓ ହାଇୱେ ପୁଲିସ ଓ ଟୋଲ ପ୍ଲାଜା କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚିଥିଲେ ଓ ନିଆଁକୁ ନିୟନ୍ତ୍ରଣକୁ ଆଣିଥିଲେ । ବସ୍‌ରେ ନିଆଁ ଲାଗିବା କାରଣରୁ ହାଇୱେର ନାଗପୁର ଲେନ୍ କେତେ ଘଣ୍ଟା ପାଇଁ ଜାମ୍ ହୋଇଯାଇଥିଲା । କିନ୍ତୁ କେଉଁ କାରଣରୁ ବସ୍‌ରେ ନିଆଁ ଲାଗିଥିଲା ତାହା ଜଣା ପଡ଼ିନାହିଁ । ଏଥିସହ ଦେଶରେ ଗତ ୧୬ ଦିନ ମଧ୍ୟରେ ଷଷ୍ଠଥର ପାଇଁ ଏଭଳି ବସ୍‌ରେ ନିଆଁ ଲାଗିବା ଭଳି ଘଟଣା ଘଟିଛି । ପୂର୍ବରୁ ଅକ୍ଟୋବର ୧୪ରେ ଜୈସାଲମେର- ଯୋଧପୁର ହାଇୱେରେ, ଅକ୍ଟୋବର ୨୨ରେ କୋଲକାତାରେ, ଅକ୍ଟୋବର ୨୪ରେ ଆନ୍ଧ୍ରପ୍ରଦେଶର କୁର୍ଣ୍ଣୁଲ୍‌ରେ, ଅକ୍ଟୋବର ୨୫ରେ ମଧ୍ୟପ୍ରଦେଶର ଅଶୋକନଗର ଜିଲ୍ଲାରେ, ଅକ୍ଟୋବର ୨୬ରେ ଲକ୍ଷ୍ନୌର ଆଗ୍ରା ଏକ୍ସପ୍ରେସ୍‌ରେ, ଅକ୍ଟୋବର ୨୮ରେ ଜୟପୁରର ମନୋହରପୁର ବସ୍‌ରେ ନିଆଁ ଲାଗିବା ଘଟଣା ସାମ୍ନାକୁ ଆସିଥିଲା ।

# ରାଷ୍ଟ୍ରପତିଙ୍କ ସହ 'ଅପରେସନ ସିନ୍ଦୂର'ର ମହିଳା ପାଇଲଟ୍



■ ରାଫେଲ୍‌ରେ ବସି ଉଡ଼ାଣ ଭରିଲେ



ଅମ୍ବାଲା, ୨୯ ।୧୦(ଏଜେନ୍ସି): ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ବୁଧବାର ସକାଳେ ଅମ୍ବାଲା ଏୟାରଫୋର୍ସ ଷ୍ଟେସନରେ ଲଢୁଆ ଯୁଦ୍ଧ ବିମାନ ରାଫେଲ୍‌ରେ ଉଡାଣ ଭରିଛନ୍ତି । ଏହି ଅବସରରେ ରାଷ୍ଟ୍ରପତି ଓ ସ୍କ୍ୱାଡର୍ନ ଲିଡର ଶିବାଙ୍ଗୀ ସିଂଙ୍କ ସହ ଏକ ଫଟୋ ସାମ୍ନାକୁ ଆସିଛି । ଭାରତୀୟ ସେନାର ଅପରେସନ ସିନ୍ଦୂର ଅବସରରେ ଶିବାଙ୍ଗୀଙ୍କୁ ଧରିବା ନେଇ ପାକିସ୍ତାନ ଦାବି କରିଥିଲା । ଶିବାଙ୍ଗୀଙ୍କୁ ଆମେ ବନ୍ଦୀ କରିଛୁ ଓ ରାଫେଲକୁ ମାରି ଖସାଇଛୁ ବୋଲି ପାକିସ୍ତାନ ଗଣମାଧ୍ୟମଗୁଡିକ ଦାବି କରିଥିଲା । ସେତେବେଳେ ପ୍ରେସ୍ ଇନ୍‌ଫର୍ମେସନ ବ୍ୟୁରୋ (ପିଆଇବି) ଏହି ଦାବିକୁ ଖଣ୍ଡନ କରିଥିଲା ।

ରାଷ୍ଟ୍ରପତି ବୁଧବାର ୧୧.୧୦ରେ ରାଫେଲ ବିମାନରେ ବସି ଟେକ୍ ଅଫ୍ କରିଥିଲେ । ରାଷ୍ଟ୍ରପତି ଯେଉଁ ରାଫେଲ ବିମାନରେ ବସିଥିଲେ, ତାକୁ ଗ୍ରୁପ୍ କ୍ୟାପେଟେନ୍ ଅମିତ ଗୋହାନୀ ଉଡାଇଥିଲେ । ରାଷ୍ଟ୍ରପତିଙ୍କ ଏହି ରାଫେଲ ବିମାନ ପଛରେ ଏୟାର ଚିଫ୍ ମାର୍ଶାଲ ଅମରପ୍ରୀତ ସିଂ ଅନ୍ୟଏକ ବିମାନରେ ତାଙ୍କୁ ଏକ୍ସକର୍ଟ କରିଥିଲେ । ମୁର୍ମୁ ଭାରତର ପ୍ରଥମ ରାଷ୍ଟ୍ରପତି ଭାବେ ଭାରତୀୟ ବାୟୁସେନାର ୨ଟି ଲଢୁଆ ବିମାନରେ ଉଡାଣ ଭରିଛନ୍ତି । ଏହାପୂର୍ବରୁ ସେ ୨୦୨୩ ଏପ୍ରିଲ ୭ରେ ଆସାମର ତେଜପୁର ଏୟାରଫୋର୍ସ ଷ୍ଟେସନରେ ସୁଖୋଇ ୩୦ ଏମ୍‌କେଆଇ ଫାଇଟର ଜେଟ୍‌ରେ ଉଡାଣ ଭରିଥିଲେ । ରାଷ୍ଟ୍ରପତି ସକାଳ ୯ଟାରେ ଏକ ସ୍ୱତନ୍ତ୍ର ବିମାନରେ ଅମ୍ବାଲା ପହଞ୍ଚିଥିଲେ । ଏୟାର ଫୋର୍ସ ଷ୍ଟେସନରେ ଏୟାର ଚିଫ ମାର୍ଶାଲ ଅମର ପ୍ରୀତ ସିଂ ତାଙ୍କୁ ସ୍ୱାଗତ କରିଥିଲେ । ଏହାପରେ ରାଷ୍ଟ୍ରପତିଙ୍କୁ ଗାର୍ଡ ଅଫ୍ ଅନର ଦିଆଯାଇଥିଲା । ପରେଡକୁ ନିରୀକ୍ଷଣ କରିବାପାରେ ସେ ଯବାନଙ୍କ ସହ ସାକ୍ଷାତ କରିଥିଲେ । ସେ ଏହି ଅବସରରେ ଏୟାର ଫୋର୍ସ ଷ୍ଟେସର ବିଭିନ୍ନ ୟୁନିଟ୍‌ଗୁଡିକର ନିରୀକ୍ଷଣ ମଧ୍ୟ କରିଥିଲେ । ରାଷ୍ଟ୍ରପତିଙ୍କ ଗସ୍ତକୁ ଦୃଷ୍ଟିରେ ରଖି ଷ୍ଟେସନର ଆଖପାଖ ଅଞ୍ଚଳରେ ଡ୍ରୋନ୍‌କୁ ବ୍ୟାନ କରାଯାଇଥିଲା । ହାତଗଣତି ଲୋକଙ୍କୁ ଷ୍ଟେସନ ଭିତରକୁ ପ୍ରବେଶ କରିବାର ଅନୁମତି ମିଳିଥିଲା । ସେହିପରି ମୋବାଇଲ ଫୋନ୍ ମଧ୍ୟ ଭିତରକୁ ନେବା ପାଇଁ ଅନୁମତି ଦିଆଯାଇ ନଥିଲା ।

# ସୁଦାନରେ ନରସଂହାର

■ ଉପଗ୍ରହ ଚିତ୍ରରେ ରକ୍ତର ପୋଖରୀ, କ୍ଷତବିକ୍ଷତ ମୃତଦେହ

■ ୪୮ ଘଣ୍ଟାରେ ୨, ୦୦୦ ଲୋକଙ୍କୁ ହତ୍ୟା




ଖାରତୋମ୍, ୨୯ ।୧୦(ଏଜେନ୍ସି): ଉତ୍ତରପୂର୍ବ ଆଫ୍ରିକୀୟ ଦେଶ ସୁଦାନରେ ଏକ ବଡ଼ଧରଣ ନରସଂହାର ହୋଇଛି ବୋଲି ଉପଗ୍ରହର ଚିତ୍ରରୁ ଜଣାପଡ଼ିଛି । ୪୮ ଘଣ୍ଟାର ଏହି ନରସଂହାରରେ ଦୁଇ ହଜାର ସାଧାରଣ ନାଗରିକଙ୍କୁ ନିର୍ମମ ଭାବେ ହତ୍ୟା କରାଯାଇଛି । ଏହି ନରସଂହାର ଏତେ ଭୟଙ୍କର ଥିଲା ଯେ ସୁଦାନର ପଶ୍ଚିମରେ ଥିବା ଏଲ ଫାସର ସହରରେ ରକ୍ତର ପୋଖରୀ ଓ ଖଣ୍ଡବିଖଣ୍ଡିତ ଶବ ଏଣେତେଣେ ପଡ଼ିଥିବାର ଉପଗ୍ରହ ଚିତ୍ରରୁ ଜଣାପଡ଼ିଛି । ଏହି ସହରରେ କେତେକାଞ୍ଚଳରେ ଥିବା ବାଲି ରକ୍ତ କାରଣରୁ ଲାଲ୍ ହୋଇଯାଇଛି । ମୃତକଙ୍କ ମଧ୍ୟରେ ଅଧିକାଂଶ ମହିଳା ଓ ଛୋଟପିଲା ସାମିଲ ଅଛନ୍ତି । ସହର ଉପରେ ରାପିଡ୍ ସପୋର୍ଟ ଫୋର୍ସେସ (ଆରଏସ୍‌ଏଫ୍) କବ୍‌ଜା କରିବା ପରେ ଦୁଇଦିନ ଧରି ଏହି ନରସଂହାର ଚାଲିଥିଲା । ଅକ୍ଟୋବର ୨୬ ଓ ୨୭ରେ ଆରଏସ୍‌ଏଫ୍ ଏହି କାଣ୍ଡ ଘଟାଇଥିଲା । ଅବଶ୍ୟ ମୃତକଙ୍କ ସଂଖ୍ୟା ଠିକ୍ ଭାବେ କହିବା ଏବେ କଷ୍ଟକର । ମୃତ୍ୟୁସଂଖ୍ୟା ଆହୁରି ବୃଦ୍ଧି ପାଇବ ବୋଲି ଆଶଙ୍କା କରାଯାଉଛି । ସୁଦାନ ଆର୍ମଡ ଫୋର୍ସ (ଏସ୍‌ଏଏଫ୍) ଓ ଆରଏସ୍‌ଏଫ୍ ମଧ୍ୟରେ ୨୦୨୩ ଏପ୍ରିଲରେ ସଂଘର୍ଷ ଆରମ୍ଭ ହୋଇଥିଲା ଓ ଏହା ଏବେ ତୃତୀୟ ବର୍ଷରେ ପହଞ୍ଚିଛି । ଦୀର୍ଘଦିନ ଧରି ସୁଦାନରେ ଚାଲିଥିବା ଗୃହଯୁଦ୍ଧ କାରଣରୁ ଏପରି ସ୍ଥିତି ସୃଷ୍ଟି ହୋଇଛି । ସୁଦାନ ମିଲିଟାରୀ ଓ ପାରା ମିଲିଟାରୀ ମଧ୍ୟରେ ପତିଆରା ଲଢ଼େଇରୁ ହିଁ ଏହି ସଂଘର୍ଷ ସୂତ୍ରପାତ ହୋଇଛି ।

ଏପର୍ଯ୍ୟନ୍ତ ଏହି ଗୃହଯୁଦ୍ଧରେ ଦେଢ଼ ଲକ୍ଷ ଲୋକ ପ୍ରାଣ ହରାଇଲେଣି ଓ କୋଟିଏ ୪୦ ଲକ୍ଷ ଲୋକ ବିସ୍ଥାପିତ ହୋଇଛନ୍ତି । ବିଶ୍ୱରେ ଏହାକୁ ସର୍ବବୃହତ ବିସ୍ଥାପନ ବୋଲି କୁହାଯାଉଛି । ସୁଦାନ ନାଗରିକମାନେ ଚାଦ, ଇଥିଓପିଆ ଓ ଦକ୍ଷିଣ ସୁଦାନରେ ଶରଣ ନେଇ ଶରାଣାର୍ଥୀ ଶିବିରରେ ରହୁଛନ୍ତି । ଏସ୍‌ଏଏଫ୍ ଓ ଆରଏସ୍‌ଏଫ୍ ହିଂସା ରୋକିବାକୁ ରୋକଠୋକ ମନା କରିଛନ୍ତି । ଏହି ସଂଘର୍ଷରେ ସ୍ଥାନୀୟ ଓ ଅନ୍ତର୍ଜାତୀୟ ଶକ୍ତିଗୁଡିକ ମଧ୍ୟ ପକ୍ଷଭୁକ୍ତ ହୋଇଛନ୍ତି । ଫଳରେ ସ୍ଥିତି ଆହୁରି ଭୟଙ୍କର ହେବାରେ ଲାଗିଛି । ପୁଣି ଦେଶରେ ସରକାର ତନ୍ତ୍ର ଦୁର୍ବଳ ହେବା, ସେନା ଓ ଆରଏସ୍‌ଏଫ୍ ମଧ୍ୟରେ ଶାସନକୁ ହାତକୁ ନେବାର ପ୍ରୟାସ ଏହି ସଂଘର୍ଷକୁ ଦ୍ୱିଗୁଣିତ କରିଛି । ଜମି ଓ ବିଭିନ୍ନ ସଂଶାଧନ ଉପରେ ବିଭିନ୍ନ୍ ଗୋଷ୍ଠୀ ମଧ୍ୟରେ ସଂଘର୍ଷ ମଧ୍ୟ ହିଂସାକୁ ଆହୁରି ବୃଦ୍ଧି କରିଛି । ଦୀର୍ଘ ବର୍ଷଧରି ଚାଲିଥିବା ଏହି ଗୃହଯୁଦ୍ଧ ଫଳରେ ସୁଦାନରେ ଆର୍ଥିକ ଓ ମାନବୀୟ ସଂକଟ ସୃଷ୍ଟି ହୋଇଛି । ଫଳରେ ଲୋକେ ଏବେ ଭୋକରେ ମରିବା ଆରମ୍ଭ କରିଛନ୍ତି । ଏହି ପତିଆରା ଲଢେଇରେ ଆରଏସ୍‌ଏଫ୍ ରାଜଧାନୀ ଖାର୍ତ୍ତୁମ ସହିତ ଅନ୍ୟ ସହରଗୁଡିକରେ ସାଧାରଣ ତଥା ନିରିହ ନାଗରିକଙ୍କ ଉପରେ ଆଖିବୁଜା ଗୁଳି ଚଳାଇବାର ଅଭିଯୋଗ ହେଉଛି ।

# ଏସ୍‌ଆଇଆର୍ ଗଣତନ୍ତ୍ର ପ୍ରତି ବିପଦ: କେରଳ ମୁଖ୍ୟମନ୍ତ୍ରୀ

ନୂଆଦିଲ୍ଲୀ, ୨୯ ।୧୦(ଏଜେନ୍ସି): ଦେଶର ୧୨ ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳରେ ସ୍ପେଶିଆଲ ଇଣ୍ଟେନସିଭ ରିଭିଜନ (ଏସ୍‌ଆଇଆର) ଜାରି କରାଯିବ ବୋଲି ମୁଖ୍ୟ ନିର୍ବାଚନ କମିଶନ ଘୋଷଣା କରିଛନ୍ତି । ତେବେ ଏହାକୁ ଦକ୍ଷିଣର ଦୁଇ ରାଜ୍ୟ କେରଳ ଓ ତାମିଲନାଡୁ ଘୋର ବିରୋଧ କରିଛନ୍ତି । ଦୁଇ ରାଜ୍ୟର ମୁଖ୍ୟମନ୍ତ୍ରୀ ନିର୍ବାଚନ କମିଶନଙ୍କ ଏହି ଘୋଷଣାକୁ ବିରୋଧ କରିଛନ୍ତି ଓ ଏହା ଗଣତନ୍ତ୍ର ପ୍ରତି ବିପଦ ସୃଷ୍ଟି କରିବ ବୋଲି କହିଛନ୍ତି । ଏସ୍‌ଆଇଆର୍‌ର



ଏହି ପ୍ରକ୍ରିୟା ସମ୍ପୂର୍ଣ୍ଣ ରୂପେ ଅଗଣତାନ୍ତ୍ରିକ ଓ ଏହା ଭେଦଭାବ ସୃଷ୍ଟି କରୁଛି ବୋଲି କେରଳ ମୁଖ୍ୟମନ୍ତ୍ରୀ ପିନାରାୟି ବିଜୟନ କହିଛନ୍ତି । ସୁପ୍ରିମକୋର୍ଟରେ ବିହାର ନିର୍ବାଚନ ସଂକ୍ରାନ୍ତରେ ମାମଲା ପଡ଼ି ରହିଥିବା ବେଳେ କମିଶନଙ୍କ ଏହି ଘୋଷଣା ଅସାମ୍ବିଧାନିକ ବୋଲି ସେ କହିଛନ୍ତି । ତେଣୁ ଏହାକୁ ଏବେ ଅନ୍ୟ ରାଜ୍ୟରେ ଲାଗୁ କରିବା ଉଚିତ ହେବ ନାହିଁ । ସେପଟେ ତାମିଲନାଡୁ ମୁଖ୍ୟମନ୍ତ୍ରୀ ଏମ୍‌କେ ଷ୍ଟାଲିନ୍ ଏସ୍‌ଆଇଆର ଲାଗୁ କରିବା ବିରୋଧରେ ନଭେମ୍ବର ୨ରେ ସର୍ବଦଳୀୟ ବୈଠକ ଡାକିଛନ୍ତି । ଅଧାର କାର୍ଡକୁ ନାଗରିକତାର ପ୍ରମାଣ ବୋଲି ସ୍ୱୀକାର କରାନ ଯିବାକୁ ସେ ବିରୋଧ କରିଛନ୍ତି । ଲକ୍ଷ ଲକ୍ଷ ପ୍ରକୃତ ଭୋଟରଙ୍କୁ ତାଲିକାରୁ ବାଦ ଦେବାକୁ ଏହା ମାଧ୍ୟମରେ ଷଡ଼ଯନ୍ତ୍ର ହୋଇଛି ବୋଲି ଷ୍ଟାଲିନ ଅଭିଯୋଗ କରିଛନ୍ତି । କିନ୍ତୁ ଅନ୍ୟପଟେ ବିଜେପିର ସହଯୋଗୀ ପାର୍ଟି ଏଆଇଏଡିଏମ୍‌କେ ଏସ୍‌ଆଇଆରକୁ ସ୍ୱାଗତ କରିଛି ।

# ରାହୁଲଙ୍କ ମନ୍ତବ୍ୟକୁ ନେଇ ତେଜିଲା ରାଜନୀତି

ପାଟନା, ୨୯ ।୧୦(ଏଜେନ୍ସି): କଂଗ୍ରେସ ନେତା ରାହୁଲ ଗାନ୍ଧୀ ବିହାର ବିଧାନସଭା ନିର୍ବାଚନ ପାଇଁ ଆଜିଠାରୁମହାମେଣ୍ଟପକ୍ଷରୁପ୍ରଚାରଅଭିଯାନଆରମ୍ଭ କରିଛନ୍ତି । ପ୍ରଥମ ଦିନ ପ୍ରଚାରରୁ ହିଁ ତାଙ୍କ ମନ୍ତବ୍ୟକୁ ନେଇ ବିବାଦ ଆରମ୍ଭ ହୋଇଛି । ସେ ପ୍ରଧାନମନ୍ତ୍ରୀ ମୋଦୀଙ୍କ ବିରୋଧରେ ଦେଇଥିବା ମନ୍ତବ୍ୟ ପାଇଁ ବିଜେପି ତାଙ୍କୁ ତୀବ୍ର ସମାଲୋଚନା କରିଛି ।

ମୁଜାଫରପୁରରେ ନିର୍ବାଚନୀ ସଭାକୁ ଉଦବୋଧନ ଦେଇ ରାହୁଲ ପ୍ରଧାନମନ୍ତ୍ରୀ ।ମୋଦୀଙ୍କୁ ସମାଲୋଚନା କରିଥିଲେ । ସେ କହିଥିଲେ ।।ଯେ ଏବେ ନିର୍ବାଚନ ଚାଲିଛି ଏବଂ ଭୋଟ୍ ହାତେଇବା ଲାଗି ମୋଦୀ ଯେକୌଣସି ସ୍ତରକୁ ଯାଇପାରିବେ । ଏପରିକି ସେ 'ଭୋଟ୍ ପାଇବା ଲାଗି ନାଚି ପାରିବେ ।' ବିରୋଧୀ ଦଳର ନେତା ରାହୁଲ ଗାନ୍ଧୀ କହିଲେ, 'ଆପଣମାନେ କହିଲେ ।।ମୋଦୀଜୀ ଭୋଟ୍ ପାଇଁ ଡ୍ରାମା କରିପାରିବେ । କେବଳ ଏତିକି ନୁହେଁ, ଆପଣମାନେ ଯଦି କହିବେ ଭୋଟ୍ ପାଇଁ ନାଚିବାକୁ ପଡ଼ିବ, ମୋଦୀ ଜୀ ମଞ୍ଚ ଉପରକୁ ଆସି ଭୋଟ୍ ପାଇଁ ନାଚିବାକୁ ପଛାଇବେ ନାହିଁ । ' ସେ ଆହୁରି କହିଲେ ଯେ ଛଟ୍ ପୂଜା ପାଇଁ ମୋଦୀ ଡ୍ରାମା କରିଥିଲେ । ଯମୁନା ନଦୀ





ଦୂଷିତ ଥିବା ବେଳେ ତାଙ୍କ ପାଇଁ ସ୍ୱତନ୍ତ୍ର ପୋଖରି କରାଯାଇଥିଲା ଏବଂ ପୋଖରିରେ ପଶି ମୋଦୀ ଛଟ୍ ପୂଜା କରିଥିଲେ । ରାଜ୍ୟରେ ନୀତୀଶ କୁମାରଙ୍କ ନେତୃତ୍ୱାଧୀନ ଏନ୍‌ଡିଏ ସରକାରର ସମାଲୋଚନା କରି ରାହୁଲ କହିଲେ ଯେ ରାଜ୍ୟ ପ୍ରଶାସନରେ ନୀତୀଶ କୁମାର କେବଳ ଏକ ଚେହେରା । ପ୍ରକୃତ ରିମୋଟ କଂଟ୍ରୋଲ ବିଜେପି ହାତରେ ରହିଛି । ରାଜ୍ୟରେ ହୋଇଥିବା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନକୁ ମଧ୍ୟ ସେ ସମାଲୋଚନା କରି କହିଲେ ଯେ ଏହା ଭୋଟ ଚୋରି ଛଡ଼ା ଆଉ କିଛି ନୁହେଁ । ଏସ୍‌ଆଇଆର ନାମରେ ନିର୍ବାଚନ କମିସନ ୬୬ ଲକ୍ଷ ଭୋଟରଙ୍କ ନାମ କାଟି ଦେଇଛନ୍ତି ।

ଅନ୍ୟପକ୍ଷରେ ପ୍ରଧାନମନ୍ତ୍ରୀ ମୋଦୀଙ୍କ ବିରୋଧରେ ରାହୁଲ ଦେଇଥିବା ମନ୍ତବ୍ୟ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛି ଭାରତୀୟ ଜନତା ପାର୍ଟି । ବିଜେପି ନେତା ପ୍ରଦୀପ ଭଣ୍ଡାରୀ ରାହୁଲଙ୍କୁ ସମୋ ।।ଲୋଚନା କରି କହିଛନ୍ତି ଯେ ବିରୋଧୀ ଦଳର ନେତା ଗୁଣ୍ଡାଙ୍କ ଭଳି ଭାଷା କହୁଛନ୍ତି । ଏପରି ମନ୍ତବ୍ୟ ଦେଇ ରାହୁଲ ବିହାରର ଭୋଟରମାନଙ୍କୁ ଅପମାନିତ କରିଛନ୍ତି । ଯେଉଁ ଭୋଟର ମୋଦୀଙ୍କୁ ଭୋଟ୍ ଦେଇ ଜିତାଇଛନ୍ତି, ସେମାନଙ୍କୁ ଓ ଗଣତନ୍ତ୍ରକୁ ଅପମାନ କରଛନ୍ତି ରାହୁଲ ।

# ବେକାର ଗଲା ତିନି କୋଟି, ବର୍ଷା ହେଲାନି

ନୂଆଦିଲ୍ଲୀ, ୨୯ ।୧୦(ଏଜେନ୍ସି): କୃତ୍ରିମ ବର୍ଷା କରାଇବାକୁ ଦିଲ୍ଲୀରେ କ୍ଲାଉଡ ସିଡିଂ ପ୍ରକ୍ରିୟାକୁ ରୋକି ଦିଆଯାଇଛି । ବର୍ଷା କରାଇବାକୁ କରାଯାଉଥିବା କ୍ଲାଉଡ ସିଡିଂର ୩ଟି ଟ୍ରାଏଲ ବା ପ୍ରୟାସ ବିଫଳ ହେବା ପରେ ଏହି ନିଷ୍ପତ୍ତି ନିଆଯାଇଛି । ବାୟୁରେ ୫୦ ପ୍ରତିଶତ ଆଦ୍ରତା ନଥିଲେ ଏହା ସଫଳ ହେବ ନାହିଁ ବୋଲି ବିଶେଷଜ୍ଞମାନେ ମତ ଦେଇଛନ୍ତି । ଏବେ ବାୟୁରେ ୧୦ରୁ ୧୫ ପ୍ରତିଶତ ଆଦ୍ରତା ରହିଛି । ରାଜଧାନୀରେ ଦେଖା ଦେଇଥିବା ଭୟଙ୍କର ପ୍ରଦୂଷଣକୁ ରୋକିବା ପାଇଁ ଦିଲ୍ଲୀ ସରକାର କ୍ଲାଉଡ ସିଡିଂ କରିବା ପ୍ରକ୍ରିୟାରେ ୩.୨ କୋଟି ଟଙ୍କା ଖର୍ଚ୍ଚ କରିସାରିଛନ୍ତି । ଦିଲ୍ଲୀ ସରକାରଙ୍କ ପରିବେଶ ବିଭାଗ ଓ କାନ୍‌ପୁରର ଇଣ୍ଡିଆନ ଇନଷ୍ଟିଚ୍ୟୁଟ ଅଫ୍ ଟେକ୍ନୋଲୋଜି (ଆଇଆଇଟି) ମଧ୍ୟରେ ଏକ ଚୁକ୍ତି ହୋଇଥିଲା । ଗୋଟିଏ ଟ୍ରାଏଲ ପାଇଁ ପାଖାପାଖି ୬୪ ଲକ୍ଷ ଟଙ୍କା ଖର୍ଚ୍ଚ ହୋଇଥିଲା । ଏହି କ୍ରମରେ ମଙ୍ଗଳବାର ଦୁଇଟି ଟ୍ରାଏଲ କରାଯାଇଥିଲା । ତେବେ ପ୍ରଥମ ଟ୍ରାଏଲ୍ ଅକ୍ଟୋବର ୨୩ରେ ହୋଇଥିଲା । ୩ଟି ଯାକ ଟ୍ରାଏଲ ଫେଲ୍ ମାରିଛି । ଏଥିପାଇଁ ମଙ୍ଗଳବରେ ମିରଟରୁ ଏକ ସ୍ୱତନ୍ତ୍ର ବିମାନ 'ସେସନା' ଉଡାଣ ଭରିବା ଆରମ୍ଭ କରିଥିଲା । ଏହି ବିମାନ ଦିଲ୍ଲୀର ଖେକଡା, ବୁରାଡି, ମୟୁର ବିହାର ଅଞ୍ଚଳରେ ଏହି ବିମାନ ୬ ହଜାର ଫୁଟ ଉଚ୍ଚରେ ଉଡି ବାଦଲ ମଧ୍ୟରେ ଅପରାହ୍ନ ୨ଟାରେ ରାସାୟନିକ ପଦାର୍ଥଛିଡ଼୍‌କାଇଥିଲା ।ଗୋଟିଏଟ୍ରାଏଲର୪ଘଣ୍ଟାପରେବର୍ଷାହେବବୋଲିକୁହାଯାଇଥିଲା । କିନ୍ତୁ ରାତିରେ ବର୍ଷା ହୋଇ ନଥିଲା । ଏବେ ଏ ନେଇ ରାଜନୀତି ଆରମ୍ଭ ହୋଇଛି । ବିରୋଧୀ ଦଳ ଆମା ଆଦମୀ ପାର୍ଟି ତରଫରୁ ଏଭଳି ଟ୍ରାଏଲକୁ ପରିହାସ କରାଯାଇଛି ।

# ପୁଣି ଅସ୍ତ୍ରବିରତି କଥା ଦୋହରାଇଲେ ଟ୍ରମ୍ପ

ନୂଆଦିଲ୍ଲୀ, ୨୯ ।୧୦(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଜବାବ ନାହିଁ । ତାଙ୍କ ନୀତି ଭଳି ତାଙ୍କ ମନ୍ତବ୍ୟ ମଧ୍ୟ କେତେବଳେ କଣ ହେବ ଅନୁମାନ କରିବା କଷ୍ଟକର । ସେ କେତେବେଳେ କାହାପାଇଁ କ'ଣ କହିବେ କିଛି କୁହାଯାଇ ପାରିବ ନାହିଁ । ଏବେ ସେ ଏସିଆ ପ୍ୟାସିଫିକ ଇକୋନୋମିକ କୋପରେସନ (ଏପିଇସି) ଅଂଶଗ୍ରହଣ କରିବାକୁ ଦକ୍ଷିଣ କୋରିଆରେ ପହଞ୍ଚିଛନ୍ତି । ବୁଧବାର ସେ ମଞ୍ଚ ଉପରେ ଠିଆ ହୋଇ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ପ୍ରଶଂସାରେ ଶତମୁଖ ହୋଇଥିଲେ ଓ ସମସ୍ତଙ୍କୁ ଚକିତ କରାଇଥିଲେ । ସେ ମୋଦୀଙ୍କୁ ବହୁତ ସୁନ୍ଦର ଦେଖିବାକୁ ବୋଲି କହିଥିଲେ । କିନ୍ତୁ ସେ ବହୁତ ଟାଣୁଆ ସ୍ୱାଭାବର ବୋଲି ମଧ୍ୟ କହିଥିଲେ । ତାଙ୍କୁ ବୁଝାଇବା କଷ୍ଟକର ଓ ନଇଁବା ଲୋକ ନୁହନ୍ତି ବୋଲି ଟ୍ରମ୍ପ କହିଥିଲେ । ଟ୍ରମ୍ପଙ୍କ ସ୍ୱରରେ ପରିବର୍ତ୍ତନ ହୋଇଥିବା ତାଙ୍କ ମନ୍ତବ୍ୟରୁ ସ୍ପଷ୍ଟ ଜଣାପଡୁଛି । ଏପର୍ଯ୍ୟନ୍ତ ଭାରତ ଉପରେ ଟାରିଫ୍ କରେ ଟାରିଫ ଲାଗୁ କରୁଥିବା ଟ୍ରମ୍ପ ଏବେ ଭାରତର ପ୍ରଧାନମନ୍ତ୍ରୀଙ୍କ ପ୍ରଶଂସାରେ ଶତମୁଖ ହୋଇଛନ୍ତି । ଏବେ ଭାରତ ଓ ଆମେରିକା ମଧ୍ୟରେ ଚୁକ୍ତି ସମ୍ଭବ ବୋଲି ସେ ପରୋକ୍ଷରେ କହିଛନ୍ତି । ତେବେ ସେ ପୁଣିଥରେ ଭାରତ ଓ ପାକିସ୍ତାନର ମଧ୍ୟରେ ଅସ୍ତ୍ରବିରତି କରାଇଥିବା କଥା ଦୋହରାଇଛନ୍ତି । ପରମାଣୁ ଅସ୍ତ୍ରସମ୍ପର୍ଣ୍ଣ ଦୁଇ ଦେଶ ମଧ୍ୟରେ ଯୁଦ୍ଧ ବନ୍ଦ କରାଇଥିଲେ ଓ ଭାରତ ଓ ପାକିସ୍ତାନ ସଂଘର୍ଷରେ ୭ଟି ବିମାନ ଧ୍ୱଂସ ହୋଇଥିବା କଥା ସେ କହିଛନ୍ତି । ଦୁଇ ଦେଶ ମଧ୍ୟରେ ସଂଘର୍ଷ ଶେଷ କରିବାକୁ ସେ ବାଣିଜ୍ୟ ଓ ବ୍ୟବସାୟର ସାହାରା ନେଇଥିଲେ ବୋଲି କହିଛନ୍ତି । ଯଦି ଦୁଇଦେଶ ଯୁଦ୍ଧ ଶେଷ ନ କରିନ୍ତି ତେବେ ଆମେ କୌଣସି ବାଣିଜ୍ୟ କରିବୁ ନାହିଁ ବୋଲି ଟ୍ରମ୍ପ ଦୁଇପକ୍ଷକୁ କହିଥିଲେ । ଶେଷରେ ବିନା କୌଣସି ତୃତୀୟ ପକ୍ଷରେ ହସ୍ତକ୍ଷେପ ଓ ସହଯୋଗରେ ଦୁଇ ଦେଶ ଅସ୍ତ୍ରବିରତି ପାଇଁ ରାଜି ହୋଇଥିଲେ ।

# ଚାଷୀଙ୍କ ବିକ୍ଷୋଭ; ନାଗପୁର-ହାଇଦରାବାଦ୍ ହାଇୱେ ୭ ଘଣ୍ଟା ଅବରୋଧ

ନାଗପୁର, ୨୯ ।୧୦(ଏଜେନ୍ସି): ମହାରାଷ୍ଟ୍ରର ନାଗପୁରରେ ଋଣଛାଡ଼ କରିବାକୁ ଦାବି କରି କୃଷକଙ୍କ ଆନ୍ଦୋଳନ ବୁଧବାର ଦ୍ୱିତୀୟ ଦିବସରେ ପହଞ୍ଚିଛି । ପ୍ରହାର ଜନଶକ୍ତି ପାର୍ଟି ନେତା ବଚଚୁ କାଡୁଙ୍କ ନେତୃତ୍ୱରେ ଏହି ଆନ୍ଦୋଳନ କରାଯାଉଛି । କୃଷକମାନେ ରାଜ୍ୟ ରାଜପଥକୁ ମଧ୍ୟ ଅବରୋଧ କରିଥିଲେ । ଏହି ବିକ୍ଷୋଭ ପ୍ରଦର୍ଶନରେ ଏକ ଲକ୍ଷ କୃଷକ ଯୋଗ ଦେଇଛନ୍ତି ବୋଲି କାଡୁ କହିଛନ୍ତି । ଯଦି ଦାବି ପୂରଣ ନ ହୁଏ, ତେବେ ବୁଧବାର ରେଳ ଯାତାୟତକୁ ମଧ୍ୟ ବନ୍ଦ କରାଯିବ ବୋଲି ସେ କହିଛନ୍ତି । ଏହି ଆନ୍ଦୋଳନରେ ହଜାର ହଜାର ମହିଳା ମଧ୍ୟ ସାମିଲ ରହିଛନ୍ତି । ଗୋଟିଏ ଦିନ ପୂର୍ବରୁ ଅର୍ଥାତ ମଙ୍ଗଳବାର ହଜାର ହଜାର କୃଷକ ନାଗୁପର- ହାଇଦରାବାଦ ରାଜପଥ (ଏନ୍‌ଏଚ୍-୪୪)କୁ ମଧ୍ୟ ୭ ଘଣ୍ଟା ପାଇଁ ଅବରୋଧ କରିଥିଲେ । ନିର୍ବାଚନ ସମୟରେ ସକକାର ଋଣ ଛାଡ଼ କରିବାକୁ ଓ ଫସଲ ବୋନସ ଦେବାକୁ ପ୍ରତିଶ୍ରୁତି ଦେଇଥିଲେ । କିନ୍ତୁ ସରକାର



ଏପର୍ଯ୍ୟନ୍ତ ନିଜର ପ୍ରତିଶ୍ରୁତି ପୂରଣ କରିନାହାନ୍ତି ବୋଲି କୃଷକ ତରଫରୁ କୁହାଯାଇଛି । ସରକାର ପ୍ରତ୍ୟେକ ଫସଲ ଉପରେ ୨୦ ପ୍ରତିଶତ ବୋନସ ଓ ସୋୟାବିନ ଉପରେ ୬୦୦୦ ଟଙ୍କା ଦେବାକୁ କହିଥିଲେ । କିନ୍ତୁ ଏପର୍ଯ୍ୟନ୍ତ କୃଷକଙ୍କୁ କିଛି ମିଳିନାହିଁ ବୋଲି କାଡୁ କହିଛନ୍ତି । କୃଷକଙ୍କୁ ଭେଟିବା ପାଇଁ ମୁଖ୍ୟମନ୍ତ୍ରୀଙ୍କ ପାଖରେ ସମୟ ନାହିଁ ବୋଲି ସେ କହିଛନ୍ତି । ବଚଚୁ କାଡୁ ଅଚଳପୁରରୁ ବିଧାୟକ ରହିଛନ୍ତି ଓ ନିଜର ଆକ୍ରମଣାତ୍ମକ ସ୍ୱାଭାବ ପାଇଁ ବେସ୍ ପରିଚିତ । କିନ୍ତୁ ଏବେ ସରକାରଙ୍କୁ କୃଷକଙ୍କ ସମସ୍ୟା ଶୁଣିବାକୁ ହେବ ବୋଲି କୃଷକମାନେ କହିଛନ୍ତି ।

# ଶିମିଳିପାଳକୁ ଫେରୁନି 'ଯମୁନା'

ବାରିପଦା,୨୯ ।୧୦(ସମିସ): ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ (ଏସଟିଆର)ରେ କଳାବାଘଙ୍କ ବଂଶାନୁକ୍ରମିକ ବିବିଧତାରେ ପରିବର୍ତ୍ତନ ପାଇଁ ମହାରାଷ୍ଟ୍ରରୁ ବାଘୁଣୀ ଯମୁନାକୁ ଆଣି ଏଠାରେ ଛାଡିବାର ଏକ ବର୍ଷ ପୂରଣ ହେଲାଣି। ତେବେ ଯମୁନା ଏବେ ହଦଗଡ ଓ କୁଲଡିହା ଅଭୟାରଣ୍ୟରେ ନିଜର ଟେରିଟୋରି ଗଠନ କରି ଦୀର୍ଘ ଦିନ ଧରି ସେ ଅଞ୍ଚଳରେ ବିଚରଣ କରୁଥିଲେ ହେଁ ଶିମିଳିପାଳ ଅଭୟାରଣ୍ୟ ଫେରିନାହିଁ। ଫଳରେ ବାଘୁଣୀ ଯମୁନାକୁ ନେଇ ବିଭାଗର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ଦୂରେଇ ଯାଉଛି।

ଗତ ୨୦୨୪ ଅକ୍ଟୋବର ୨୮ ତାରିଖରେ ଏକ ସ୍ୱତନ୍ତ୍ର ଏନକ୍ଲୋଜରରେ ଅଣାଯାଇ ଶିମିଳିପାଳରେ ଛଡାଯାଇଥିଲା। ଗୋଟିଏ ଦିନ ପୂର୍ବରୁ ଏକ ସ୍ୱତନ୍ତ୍ର ଟିମ ଓ ଗାଡି ଯୋଗେ ମହାବଳ ବାଘଟି ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପରେ ପହଞ୍ଚିଥିଲା। ଦେଶରେ ବାଘ ସଂଖ୍ୟା ବୃଦ୍ଧିରେ ମୟୂରଭଞ୍ଜ ଜିଲ୍ଲା ଶିମିଳିପାଳ ଅଭୟାରଣ୍ୟ ଉତ୍ତମ ସ୍ଥାନ ବୋଲି ଏନ୍‌ଟିସିଏ ପକ୍ଷରୁ ପ୍ରକାଶ କରାଯାଇଥିଲା। ଏହାକୁ ନେଇ ରାଜ୍ୟରେ ବାଘ ବଂଶ ବୃଦ୍ଧିକୁ ନେଇ ମହାରାଷ୍ଟ୍ର ରାଜ୍ୟର ତଡବା ଜଙ୍ଗଲରୁ ଦୁଇଟି ବାଘୁଣୀ ଯମୁନା ଓ ଜିନ୍ନତକୁ ସ୍ୱତନ୍ତ୍ର ଗାଡିରେ ଅଣାଯାଇ ଛଡାଯାଇଛି। ତେବେ ଏସଟିଆର ଭୌଗୋଳିକ ଅଞ୍ଚଳ ଯମୁନା ଜଙ୍ଗଲରେ ବୁଲୁଥିବା ବେଳେ ତାର ଗତିବିଧି ଉପରେ ସମ୍ପୂର୍ଣ୍ଣ ନଜର ରଖାଯାଇଛି ବୋଲି ଶିମିଳିପାଳ ଅଭୟାରଣ୍ୟ ବାରିପଦା ସର୍କଲର ଆଞ୍ଚଳିକ ମୁଖ୍ୟ ବନ୍ୟପ୍ରାଣୀ ସଂରକ୍ଷକ ତଥା ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର କ୍ଷେତ୍ର ନିର୍ଦ୍ଦେଶକ ଡା.ପ୍ରକାଶ ଚାନ୍ଦ ଗୋଗିନେନୀ ପ୍ରକାଶ କରିଛନ୍ତି। ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପରେ ରୟାଲ ବେଙ୍ଗଲ ଟାଇଗରଙ୍କ ରଙ୍ଗ ପରିବର୍ତ୍ତନକୁ ନେଇ ବିଭାଗ ପକ୍ଷରୁ ଅନୁଧ୍ୟାନ କରାଯାଇଥିଲା। ମହାବଳ ବାଘଙ୍କ ଜେନେଟିକ ଡାଇଭର୍ସିଟି (ବଂଶାନୁକ୍ରମିକ ବିବିଧତା)ରେ ପରିବର୍ତ୍ତନ ଘଟି କଳାବାଘ ସୃଷ୍ଟିରେ ପୂର୍ଣ୍ଣଚ୍ଛେଦ ପକାଇବାକୁ ପ୍ରୟାସ ଆରମ୍ଭ କରାଯାଇଥିଲା। ବେଙ୍ଗାଲୁରର



ନ୍ୟାସନାଲ ସେଣ୍ଟର ଫର ବାୟୋଲୋଜିକାଲ ସାଇନ୍ସ ବିଭାଗର ଏକ ବିଶେଷଜ୍ଞ ଦଳ ଆସି ପରୀକ୍ଷାନୀରିକ୍ଷା କରିଥିଲେ। ଅସ୍ୱାଭାବିକ ପ୍ରଜନନ ଓ ଅନ୍ୟାନ୍ୟ କାରଣରୁ ବାଘଙ୍କ ରଙ୍ଗ ପରିବର୍ତ୍ତନ ହେଉଥିବା ନେଇ ପୂର୍ବରୁ ନଜିର ରହିଥିବା ବେଳେ ନନ୍ଦନକାନନରେ ସେହିଭଳି ଧଳାବାଘ ଜନ୍ମ ଗ୍ରହଣ ହୋଇଥିଲେ ବୋଲି ଆଲୋଚନା ହେଉଛି। ତେବେ ଗୋଟିଏ ଅଣ୍ଡିରା ବାଘରୁ ବଂଶ ବୃଦ୍ଧି ଯୋଗୁଁ ଏପରି ହୋଇଥାଇପାରେ ବୋଲି ବିଭାଗ ଅନୁମାନ କରିଛି। ତେଣୁ ଅନ୍ୟ ସ୍ଥାନରୁ ମାଈବାଘ ଆଣି ବାଘ ସଂଖ୍ୟା ବୃଦ୍ଧି କରାଗଲେ ଶିମିଳିପାଳରେ ବାଘଙ୍କ ଜେନେଟିକରେ ପରିବର୍ତ୍ତନ ଘଟିବ ଏବଂ ଧୀରେ ଧୀରେ ଏଥିରେ ନିୟନ୍ତ୍ରଣ ଆସିପାରିବ। ତେଣୁ ଏହାକୁ ଦୃଷ୍ଟିରେ ରଖି ଶିମିଳିପାଳକୁ ଦୁଇ ମହାବଳ ବାଘ ଆସିବା ନେଇ ୨୦୨୪ ଜୁଲାଇ ୨୮ ରେ ଏନ୍‌ଟିସିଏ ପକ୍ଷରୁ ଅନୁମତି ମିଳିଥିଲା। ତଡବା ଜଙ୍ଗଲରୁ ପ୍ରଥମେ ମହାବଳ ବାଘୁଣୀ ଯମୁନାକୁ ଅଣାଯାଇ ଶିମିଳିପାଳ

■ କୁଲଡିହା ଓ ହଦଗଡ଼ରେ କରୁଛି ବିଚରଣ କରୁଛି ବାଘୁଣୀ
■ ବିଭାଗର ବାଘ ବଂଶ ବୃଦ୍ଧି କରାଇବା ଯୋଜନା ବିଫଳ
■ ମହାରାଷ୍ଟ୍ରର ମହାବଳ ବାଘୁଣୀକୁ ଛାଡିବା ପୂରିଲା ଏକ ବର୍ଷ

ଅଭୟାରଣ୍ୟରେ ଛଡାଯାଇଥିଲା। ତେବେ ଯମୁନା କିଛି ଦିନ ଶିମିଳିପାଳ କୋର ଏରିଆ ଛାଡି ପାଦଦେଶରେ ଘୁରିବୁଲିବା ସହ ଗୃହପାଳିତ ପ୍ରାଣୀକୁ ଶିକାର କରିଥିଲା।

ଶିମିଳିପାଳର ବଣପାହାଡ ଘେରା ଅଞ୍ଚଳରେ ଯମୁନା ନିଜକୁ ଖାପଖୁଆଇ ନ ପାରି ଜନବସତି ଦେଇ ବାଲେଶ୍ୱରର କୁଲଡିହା ଅଭୟାରଣ୍ୟକୁ ପଳାଇଥିଲା। ସେଠାରେ କିଛି ଦିନ ରହିବା ପରେ ନିଜର ବାସସ୍ଥାନ ପାଇଁ କେନ୍ଦୁଝରର ହଦଗଡ ଅଭୟାରଣ୍ୟ ପର୍ଯ୍ୟନ୍ତ ଯିବାଆସିବା କରୁଛି। ତେବେ ଏସଟିଆର ଅଧୀନରେ ଥିବା ୭ଟି ବନଖଣ୍ଡ ମଧ୍ୟରେ କୁଲଡିହା ଓ ହଦଗଡ ଅଭୟାରଣ୍ୟ ଅନ୍ୟତମ। ଯମୁନା ଦେହରେ ଲାଗିଥିବା ରେଡିଓ କଲରରେ ଗତିବିଧି ଉପରେ ନଜର ରଖାଯାଇଛି। ତେବେ ଶିମିଳିପାଳର ଜଳବାୟୁରେ ବାଘ ବଂଶ ବୃଦ୍ଧିକୁ ନେଇ କରାଯାଇଥିବା ଯୋଜନାରେ ଏହା ଫଳପ୍ରଦ ହେବା ନେଇ ଆଶଙ୍କା ଦେଖାଦେଇଛି। ତେବେ ଗୁରୁତ୍ୱପୂର୍ଣ୍ଣ କଥା ହେଲା, ଓଡିଶାରେ ପ୍ରଥମ କରି ଅନ୍ୟ ରାଜ୍ୟରୁ ବାଘ ଆଣି ବଂଶ ବୃଦ୍ଧି କରାଇବାର ଯୋଜନା ଫେଲ ମାରିଥିବା ବେଳେ ଏବେ ପୁଣି ଥରେ ଏହି ଯୋଜନାରେ ଓଡିଶା ଏବଂ ଶିମିଳିପାଳରେ ଏହାର ପ୍ରଭାବ କ'ଣ ରହିବ ସେ ନେଇ ଜିଲ୍ଲାବାସୀ ନଜର ରଖିଛନ୍ତି। ବନବିଭାଗର ଏହି ଯୋଜନା ସଫଳ ହୋଇପାରିଲେ ବାଘ ବଂଶ ବୃଦ୍ଧି ହେବାରେ ସହାୟକ ହୋଇପାରିବ ବୋଲି ମତପ୍ରକାଶ ପାଇଛି।

ପୂର୍ବତନ ଅବୈତନିକ ବନ୍ୟପ୍ରାଣୀ ତତ୍ତ୍ୱାବଧାରକ ତଥା ରାଜ୍ୟ ବନ ଉନ୍ନୟନ ନିଗମର ନିର୍ଦ୍ଦେଶକ ଭାନୁମିତ୍ର ଆଚାର୍ଯ୍ୟ କହନ୍ତି, ଯେଉଁ ଉଦ୍ଦେଶ୍ୟରେ ଦୁଇ ମହାବଳ ବାଘୁଣୀକୁ ଶିମିଳିପାଳକୁ ଅଣାଯାଇଥିଲା ତାହା ପୂରଣ ହେବା ନେଇ ସନ୍ଦେହ ଉପୁଜିଛି। ବିଭାଗୀୟ ଅଧିକାରୀଙ୍କ ମତରେ ଯମୁନା ଏସଟିଆର ଅବସ୍ଥିତି ମଧ୍ୟରେ ରହିଛି। ବାଘଶୂନ୍ୟ କୁଲଡିହା ବା ହଦଗଡରେ ନୂଆ ବାଘ ଦେଖାଦେଲା ବୋଲି ଗଣନା କରିବେ ନା ଶିମିଳିପାଳର ବାଘ ସହିତ ଗଣନା କରିବେ ତାହାକୁ ନେଇ ପ୍ରଶ୍ନ ଉଠାଇଛନ୍ତି। ବିଭାଗୀୟ ତ୍ରୁଟିକୁ ସଂଶୋଧନ ନ କରି ବାହାରୁ ବାଘ ଆଣି ଶିମିଳିପାଳରେ ବନ ବିଭାଗ ପକ୍ଷରୁ ଛାଡିବା ଏକ ପ୍ରକାର ପ୍ରହସନ ବୋଲି ସେ କହିଛନ୍ତି।

## ୬ ଦିନ ବଢ଼ିଲା +୨ ଏକ୍ସ-ରେଗୁଲାର୍ ପିଲାଙ୍କ ଫର୍ମପୂରଣ ଅବଧି

ଭୁବନେଶ୍ୱର, ୨୯ ।୧୦(ସମିସ): ବାତ୍ୟା ମୋନ୍ଥା ପାଇଁ +୨ ଫର୍ମପୂରଣ ଅବଧିରେ ସାମାନ୍ୟ ପରିବର୍ତ୍ତନ କରାଯାଇଛି। ଏକ୍ସ-ରେଗୁଲାର୍ ଛାତ୍ରଛାତ୍ରୀଙ୍କ ଫର୍ମ ପୂରଣ ଓ ଫି' ଦାଖଲ କରିବା ପାଇଁ ୬ଦିନ ଅତିରିକ୍ତ ସମୟ ଦିଆଯାଇଛି। ଆସନ୍ତା ୩ ତାରିଖ ପର୍ଯ୍ୟନ୍ତ ସେମାନେ ଫର୍ମପୂରଣ ଓ ଫି' ଜମା କରିପାରିବେ। ଅପରପକ୍ଷରେ ରେଗୁଲାର୍ ପିଲାଙ୍କ ଫର୍ମପୂରଣ ପାଇଁ ପୂର୍ବ ସୂଚୀରେ କୌଣସି ପରିବର୍ତ୍ତନ କରାଯାଇ ନ ଥିବା ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ (ସିଏଚ୍‌ଏସ୍‌ଇ) ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ଏକା ସମୟରେ କଳା, ବିଜ୍ଞାନ, ବାଣିଜ୍ୟ ଓ ଧନ୍ଦାମୂଳକ ପାଠ୍ୟକ୍ରମ ପଢୁଥିବା ରେଗୁଲାର୍ ଛାତ୍ରଛାତ୍ରୀଙ୍କ ଫର୍ମ ପୂରଣ ଜାରି ରହିଛି। ବିନା କୌଣସି ଫାଇନ୍‌ରେ ନଭେମ୍ବର ୬ ତାରିଖ ମଧ୍ୟରେ ଫର୍ମ ପୂରଣ କରିପାରିବେ। ବିନା ଫାଇନ୍ ଫର୍ମ ପୂରଣ ସରିବା ପରେ ଏକା ସମୟରେ ଫାଇନ୍ ଦେଇ ଉଭୟ ରେଗୁଲାର୍ ଓ ଏକ୍ସ-ରେଗୁଲାର୍ ଛାତ୍ରଛାତ୍ରୀମାନେ ଫର୍ମ ପୂରଣ କରିପାରିବେ। ନଭେମ୍ବର୧୦ରୁ ୧୪ ତାରିଖ ମଧ୍ୟରେ ୨୦୦ଟଙ୍କା ଫାଇନ୍ ଏବଂ ନଭେମ୍ବର ୧୭ରୁ ୧୯ ତାରିଖ ମଧ୍ୟରେ ୬୦୦ ଟଙ୍କା ଫାଇନ୍ ଦେଇ ଫର୍ମ ପୂରଣ କରିବେ। ଏନେଇ ସିଏଚ୍‌ଏସ୍‌ଇ ପକ୍ଷରୁ ପରୀକ୍ଷା ନିୟନ୍ତ୍ରକ ଡ. ପ୍ରଶାନ୍ତ କୁମାର ପରିଡ଼ା ସମସ୍ତ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟଗୁଡ଼ିକୁ ଅବଗତ କରିଛନ୍ତି।

## ଉଚ୍ଚ ଶିକ୍ଷାନୁଷ୍ଠାନ ସ୍ପଟ୍ ନାମଲେଖା ସୂଚୀରେ ପରିବର୍ତ୍ତନ

ଭୁବନେଶ୍ୱର, ୨୯ ।୧୦(ସମିସ): ଉଚ୍ଚ ଶିକ୍ଷାନୁଷ୍ଠାନରେ ସ୍ନାତକ ସହିତ ସ୍ନାତୋକୋତ୍ତର, ଦୁଇ ବର୍ଷିଆ ବିଇଡି ଓ ଏମ୍‌ଇଡି, ତିନି ବର୍ଷିଆ ଏଲ୍‌ଏଲ୍‌ବି, ତିନି ବର୍ଷିଆ ଇଣ୍ଟିଗ୍ରେଟେଡ୍ ବିଇଡି ଓ ଏମ୍‌ଇଡିରେ ସ୍ପଟ୍ ନାମଲେଖା ଅବଧିରେ ପରିବର୍ତ୍ତନ କରାଯାଇଛି। ବାତ୍ୟା ମୋନ୍ଥା ପ୍ରଭାବରେ ରାଜ୍ୟରେ କିଛି ଜିଲ୍ଲାରେ ଲଗାଣ ବର୍ଷା। କାରଣରୁ ନାମଲେଖା ଅବଧି ବଢ଼ାଯାଇଥିବା ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ କୁହାଯାଇଛି। ଗତ ୨୭ ତାରିଖରେ ନାମଲଖା ପାଇଁ ମେଧା ତାଲିକା ପ୍ରକାଶ ପାଇ ସାରିଛି। ଚୟନ ହୋଇଥିବା ଛାତ୍ରଛାତ୍ରୀମାନେ ଗତକାଲି ଅର୍ଥାତ୍ ୨୮ସ ତାରିଖରେ ସମ୍ପୃକ୍ତ ଉଚ୍ଚ ଶିକ୍ଷାନୁଷ୍ଠାନରେ ଯାଇ ରିପୋର୍ଟିଂ କରିବାକୁ କୁହାଯାଇଥିଲା। ଏଥିରେ ପରିବର୍ତ୍ତନ କରାଯିବା ସହ ଆସନ୍ତାକାଲି ବା ୩୦ ତାରିଖ ଦିନ ରିପୋର୍ଟିଂ କରିପାରିବେ ବୋଲି ସଂଶୋଧିତ ବିଜ୍ଞପ୍ତି ପ୍ରକାଶ ପାଇଛି। ଯେଉଁ ପିଲାମାନେ ୨୮ ତାରିଖରେ ରିପୋର୍ଟିଂ କରିଥିବେ ସେମାନଙ୍କୁ ପୁନଃ ରିପୋର୍ଟିଂ କରିବା ପାଇଁ ସମ୍ପୃକ୍ତ ଶିକ୍ଷାନୁଷ୍ଠାନକୁ ଯିବାକୁ ପଡ଼ିବ ନାହିଁ ବୋଲି ବିଭାଗ ପକ୍ଷରୁ ସ୍ପଷ୍ଟ କରାଯାଇଛି। ଏହାପରେ ନଭେମ୍ବର ୧ ତାରିଖ ଦିନ ଶିକ୍ଷାନୁଷ୍ଠାନ ପକ୍ଷରୁ ମେଧା ତାଲିକା ପ୍ରକାଶ ପାଇବ। ୩ ରୁ ୬ ତାରିଖ ମଧ୍ୟରେ ଚୟନ ହୋଇଥିବା ଶିକ୍ଷାନୁଷ୍ଠାନରେ ଆଶାୟୀ ଛାତ୍ରଛାତ୍ରୀମାନେ ନାମ ଲେଖାଇ ପାରିବେ।

■ ମାଓବାଦୀ ନାଁରେ ନାବାଳିକାକୁ ଗଣଦୁଷ୍କର୍ମ ଓ ଡକାୟତି ମାମଲା

## ୫ ଅଭିଯୁକ୍ତଙ୍କୁ ୨୦ ବର୍ଷ ଲେଖାଏଁ ଜେଲ୍ ଦଣ୍ଡାଦେଶ

ଫିରିଙ୍ଗିଆ,୨୯।୧୦(ସମିସ): କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ଥାନା ଅଞ୍ଚଳରେ ୨୦୨୪ ମସିହାରେ ଘଟିଥିବା ଏକ ନାବାଳିକା ଗଣଦୁଷ୍କର୍ମ ଓ ଡକାୟତି ମାମଲାର ଶୁଣାଣି କରି ୫ ଅଭିଯୁକ୍ତଙ୍କୁ ସଶ୍ରମ କାରାଦଣ୍ଡ ଶୁଣାଇଛନ୍ତି ଫୁଲବାଣୀ ଫାଷ୍ଟଟ୍ରାକ୍ ପୋକ୍‌ସୋ କୋର୍ଟର ବିଚାରପତି କୈଳାସ ଚନ୍ଦ୍ର ସ୍ୱାଇଁ।

ଜଣେ ୧୪ ବର୍ଷିଆ ନାବାଳିକାକୁ ମାଓବାଦୀ ନାଁରେ ଧମକ ଦେଇ ଗଣଦୁଷ୍କର୍ମ ଓ ଡକାୟତି ମାମଲାର ୧୮ ଜଣଙ୍କ ସାକ୍ଷ୍ୟ, ଡ଼ାକ୍ତରୀ ରିପୋର୍ଟ ଏବଂ ଟିଆଇ ପରେଡ଼ ପରେ ଗୋଚ୍ଛାପଡା ଥାନା ମୁସେଲିପାଙ୍ଗା ଗାଁର ଅଶୋକ ମୁଖୀ, ଦାରିଙ୍ଗବାଡି ଥାନା ସିମନବଡି ଗାଁର ସୁଶାନ୍ତ ନାୟକ, କୃପାକର ମୁଖୀ, ଜେରହ ନାୟକ ଓ ଯୋଶେଫ୍ ରୁପାମାଝିଙ୍କୁ ଦୋଷୀ ସାବ୍ୟସ୍ତ କରି ୨୦ ବର୍ଷ ଲେଖାଏଁ ସଶ୍ରମ କାରାଦଣ୍ଡ ସହ ୨୬ ହଜାର ଟଙ୍କା ଜରିମାନା ଆଦେଶ ଶୁଣାଇଛନ୍ତି ବିଚାରପତି। ଜରିମାନା ଅନାଦାୟ ଆଉ ଅଧିକ ୫ ବର୍ଷ କାରାଦଣ୍ଡ ଭୋଗିବାକୁ ରାୟରେ ଉଲ୍ଲେଖ ରହିଛି। ସରକାରଙ୍କ ତରଫରୁ ଫାଷ୍ଟଟ୍ରାକ୍ ପୋକ୍‌ସୋ କୋର୍ଟର ସ୍ୱତନ୍ତ୍ର ପିପି ବନମାଳୀ ବେହେରା ମାମଲା ପରିଚାଳନା କରୁଥିବା ବେଳେ ଫିରିଙ୍ଗିଆ ଥାନାରେ କାର୍ଯ୍ୟରତ ଏସ୍‌ଆଇ ଦୀପକ କୁମାର ରାଉତଙ୍କୁ ଏହି ଘଟଣାର ତଦନ୍ତ ଦାୟିତ୍ୱ ଦିଆଯାଇଥିଲା।

ସୂଚନା ଅନୁସାରେ, ଗତ ୨୦୨୪ ଏପ୍ରିଲ ୨୪ ରାତି ପ୍ରାୟ ୯ଟାରେ ମାସ୍କ ପିନ୍ଧା କେତେକ ଅଭିଯୁକ୍ତ ମାଓବାଦୀର ପରିଚୟ ଦେଇ ପୀଡ଼ିତାଙ୍କ ଘରେ ପଶି ଖାଇବାକୁ ମାଗିଥିଲେ। ଏହାସହ ପିସ୍ତଲ୍, କାତି ଏବଂ ଅନ୍ୟାନ୍ୟ ମାରଣାସ୍ତ୍ର ଦେଖାଇ ଭୟଭୀତ କରାଇ ୫୦ହଜାର ଟଙ୍କାର ସୁନାମାଳୀ, କାନଫୁଲ ଏବଂ ତିନୋଟି ମୋବାଇଲ ଲୁଟି ନେଇଥିଲେ। ସେମାନେ ନିଜକୁ ମାଓବାଦୀ ପରିଚୟ ଦେଇ ନାବାଳିକାକୁ ଆମ ମାଡ଼ାମକୁ ଭାତ ଖାଇବାକୁ ନେଇ ଦେବୁ ବୋଲି କହି ଟାଣି ଟାଣି ଘରୁ ନେଇଯାଇଥିଲେ। ଘରଠୁ ପ୍ରାୟ ପଚାଶ ମିଟର ଦୂର ଏକ ପଡ଼ିଆକୁ ନେଇ ଅଭିଯୁକ୍ତମାନେ ଗଣଦୁଷ୍କର୍ମ କରିଥିଲେ। ଏହାସହ ଆସନ୍ତାକାଲି ଆସି ତୋତେ ନେଇଯିବୁ; ଆଉ ଯଦି ନଯିବୁ ତୋ ପରିବାରକୁ ଜୀବନରେ ମାରିଦେବୁ ବୋଲି ଧମକ ଦେଇ ପଳାଇଥିଲେ। ନାବାଳିକା ଜଣକ ଘର ଲୋକଙ୍କୁ ସବୁକଥା କହିବାରୁ ବାପା ଫିରିଙ୍ଗିଆ ଥାନାରେ ଅଭିଯୋଗ କରିଥିଲେ। ଏକ ମାମଲା ରୁଜୁ କରି ଥାନା ଅଧିକାରୀ ଗୋପୀନାଥ ପ୍ରଧାନଙ୍କ ନିର୍ଦ୍ଦେଶ କ୍ରମେ ଏସ୍‌ଆଇ ଦୀପକ ରାଉତଙ୍କୁ ତଦନ୍ତ ନିର୍ଦ୍ଦେଶ ଦିଆଯାଇଥିଲା। ସେ ତଦନ୍ତ କରି ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟରେ ହାଜର କରାଇଥିଲେ। ବୁଧବାର ବିଚାରପତି ଉକ୍ତ ରାୟ ଶୁଣାଇଛନ୍ତି। ଏହାସହ ପୀଡିତାକୁ କ୍ଷତିପୂରଣ ବାବଦ ୬ ଲକ୍ଷ ଟଙ୍କା ପ୍ରଦାନ ପାଇଁ ଜିଲ୍ଲା ଆଇନସେବା ପ୍ରାଧିକରଣକୁ ନିର୍ଦ୍ଦେଶ ଦେଇଛନ୍ତି।

## ବାତ୍ୟା ବିପ୍ଳୁତ | ଓଡ଼ିଶା ସୀମାନ୍ତ-ଆନ୍ଧ୍ରପ୍ରଦେଶ ଯୋଗାଯୋଗ ବିଚ୍ଛିନ୍ନ

ବ୍ରହ୍ମପୁର,୨୯ ।୧୦(ସମିସ): ବାତ୍ୟା "ମୋନ୍ଥା' ପ୍ରଭାବରେ ଓଡ଼ିଶା ସୀମାନ୍ତରେ ବ୍ୟାପକ କ୍ଷୟକ୍ଷତି ହୋଇଛି। ବହୁ ଗ୍ରାମରେ ବନ୍ୟା ଜଳ ପଶିଥିବା ବେଳେ ଅନେକ ରାସ୍ତାରେ ଯାତାୟାତ ବାଧାପ୍ରାପ୍ତ ହୋଇଛି। ବିଶେଷ କରି ଗଞ୍ଜାମ ଜିଲ୍ଲାର ସୀମାନ୍ତ ବ୍ଲକ ପାତ୍ରପୁର ଅଞ୍ଚଳର ଅନେକ ଗ୍ରାମରୁ ଆନ୍ଧ୍ରକୁ ସଂଯୋଗ ରାସ୍ତା ଗୁଡ଼ିକରେ ଯୋଗଯୋଗ ବିଚ୍ଛିନ୍ନ ହୋଇଥିବା ଦେଖିବାକୁ ମିଳିଛି। ଏହି ବ୍ଲକର ତୁଟିପୁରଠାରୁ ଆନ୍ଧ୍ରର ମଙ୍ଗଳବାର ହାଟ ଜାତୀୟ ରଜପଥକୁ ଯିବା ରାସ୍ତାରେ ବହୁଳ ମାତ୍ରାରେ ପାଣି ଜମି ରହିଛି। ନିକଟସ୍ଥ ନାଳ ଉପର ବ୍ରିଜ ଦେଇ ପ୍ରବଳ ପାଣି ପ୍ରବାହିତ ହେଉଛି। ଫଳରେ ଯାତାୟତ ସମ୍ପୂର୍ଣ୍ଣ ଭାବେ ଠପ୍ ହୋଇଯାଇଛି। ନିତିଦିନିଆ ବ୍ୟବସାୟ ଆଦି କ୍ଷେତ୍ରରେ ସ୍ଥାନୀୟ ଲୋକେ



ନାନା ସମସ୍ୟାର ସମ୍ମୁଖିନ ହୋଇଛନ୍ତି। ସ୍କୁଲ, କଲେଜ ଯିବାରେ ବି ଛାତ୍ରଛାତ୍ରୀ ସମସ୍ୟା ଭୋଗିଛନ୍ତି। ଏହି ରାସ୍ତା ସୀମାନ୍ତବାସୀଙ୍କ ଆନ୍ଧ୍ର ସହ ଯୋଗାଯୋଗର ପ୍ରମୁଖ ବାଟ। ଏହି ରାସ୍ତା ଜୟନ୍ତିପୁରଠାରୁ ସିଧାସଳଖ ଆନ୍ଧ୍ରକୁ ସଂଯୋଗ ହୋଇଛି। କେଶରିପଡ଼ା, ବରଙ୍ଗ, ଖମ୍ବାରିଙ୍ଗା, ଜୟନ୍ତିପୁର ଆଦି ବିଭିନ୍ନ ପଞ୍ଚାୟତର ଜନସାଧାରଣ ସେମାନଙ୍କ ନିତ୍ୟ ବ୍ୟବସାୟ ଓ ଆବଶ୍ୟକ କାର୍ଯ୍ୟ ପାଇଁ ନିକଟସ୍ଥ ଆନ୍ଧ୍ରର କାଞ୍ଚିଲି, ରବିବାର ହାଟ, ଚିତ୍ତୁପୁଡ଼ି, ମଙ୍ଗଳବାର ହାଟ ଆଦି ଉପରେ ନିର୍ଭର କରନ୍ତି। ସମ୍ପ୍ରତି ବନ୍ୟା ପାଣି ପ୍ରବେଶ ଯୋଗୁ ଏହି ରାସ୍ତାରେ ଯାତାୟତ ବନ୍ଦ ହୋଇଛି। ଖବର ଲେଖିଲା ବେଳକୁ ପାଣିର ପ୍ରଖରତା ସ୍ୱଳ୍ପ ମାତ୍ରାରେ କମିଥିଲେ ହେଁ ଯାତାୟତ ସ୍ୱାଭାବିକ ହୋଇପାରିନି। ନିତ୍ୟ ଯାତାୟତ ବ୍ୟକ୍ତିବିଶେଷ ଅନ୍ୟ ରାସ୍ତା ଆପଣାଇଥିବା ଜଣାପଡ଼ିଛି। କେବଳ ଏହି ରାସ୍ତା ନୁହେଁ ଗୁଡ଼ିପଦର, ବି ନୂଆଗାଁ, ଟି ବ୍ରହ୍ମପୁର ଆଦି ରାସ୍ତା ଉପରେ ମଧ୍ୟ ପ୍ରବଳ ମାତ୍ରାରେ ପାଣି ବୋହୁଥିବା ଦେଖିବାକୁ ମିଳିଛି।

## ମଦ ପିଇ ଗାଡ଼ି ଚାଳନା

## ୩୮୮ଟି ଇ-ଚାଲାଣ ଜାରିକଲା ପରିବହନ ବିଭାଗ

କଟକ,୨୯ ।୧୦(ସମିସ): ସଡ଼କ ସୁରକ୍ଷା ନିୟମ ଉଲ୍ଲଙ୍ଘନ ବିରୋଧରେ ୩ଦିନ ରାଜ୍ୟବ୍ୟାପୀ ପରିବହନ ବିଭାଗ ଓ ପୁଲିସ ପ୍ରଶାସନର ସହଭାଗିତାରେ ଯାଞ୍ଚ ଅଭିଯାନ କରାଯାଇଛି। ତେବେ ବାରମ୍ବାର ସଚେତନତା ସତ୍ତ୍ୱେ ରାସ୍ତାରେ ମଦ୍ୟପ ଗାଡି ଚାଳକ ଚେତୁନାହାନ୍ତି। ଏହି ତିନି ଦିନରେ ମଦ୍ୟପାନ କରି ଗାଡ଼ି ଚାଳନା ପାଇଁ ୩୮୮ଟି ଇ-ଚାଲାଣ ଜାରି କରିଛି ପରିବହନ ବିଭାଗ। ମଦ୍ୟପାନ କରି ଗାଡ଼ି ଚାଳନା ବାବଦରେ ସମ୍ବଲପୁର ଆରଟିଓଙ୍କ ଦ୍ୱାରା ୨୯, ରାଉରକେଲା ଆରଟିଓଙ୍କ ଦ୍ୱାରା ୨୮, ଭୁବନେଶ୍ୱର ଆରଟିଓଙ୍କ ଦ୍ୱାରା ୨୩, ଯାଜପୁର ଆରଟିଓଙ୍କ ଦ୍ୱାରା ୧୭, ଭୁବନେଶ୍ୱର-୨ ଆରଟିଓଙ୍କ ଦ୍ୱାରା ୧୬ ଇ-ଚାଲାଣ ଜାରି କରାଯାଇଛି।

**ମୋଟରଯାନ ନିୟମ ଉଲ୍ଲଙ୍ଘନ ପାଇଁ ୪୪୭୬ ଗାଡ଼ି ବିରୋଧରେ କାର୍ଯ୍ୟାନୁଷ୍ଠାନ**

ସେହିଭଳି ମାଲବାହୀ ଗାଡ଼ିରେ ଯାତ୍ରୀ ପରିବହନ, ମଦ୍ୟପାନ କରି ଗାଡ଼ି ଚାଳନା, ବିନା ଫିଟନେସ୍, ବିନା ପରମିଟ୍ ଭଳି ନିୟମ ଉଲ୍ଲଙ୍ଘନ ବିରୋଧରେ ମୋଟ ୪୪୭୬ଟି ଚାଲାଣ ଜାରି ହୋଇଛି। ମାଲବାହୀ ଗାଡ଼ିରେ ଯାତ୍ରୀ ପରିବହନ ପାଇଁ ୩୪୪ଟି ଗାଡ଼ି ବିରୋଧରେ ଇ-ଚାଲାଣ ଜାରି ହୋଇଥିବା ବେଳେ ବିନା ଫିଟନେସ୍ ପାଇଁ ୧୦୪୦ ଓ ବିନା ପରମିଟ୍ ବାବଦରେ ୪୬୨ ଗାଡ଼ି ବିରୋଧରେ ଚାଲାଣ ଜାରି ହୋଇଛି। ମାଲବାହୀ ଗାଡ଼ିରେ ଯାତ୍ରୀ ପରିବହନ ଯୋଗୁଁ ଭୁବନେଶ୍ୱର-୧ ଆରଟିଓଙ୍କ ଦ୍ୱାରା ୨୬, କଟକ ଏବଂ ସମ୍ବଲପୁର ଆରଟିଓଙ୍କ ଦ୍ୱାରା ୨୫ ଲେଖାଏଁ ଇ-ଚାଲାଣ, ବାଲେଶ୍ୱର ଆରଟିଓଙ୍କ ଦ୍ୱାରା ୨୨, ଭୁବନେଶ୍ୱର-୨ ଆରଟିଓଙ୍କ ଦ୍ୱାରା ୨୧, ଏଆରଟିଓ ଖୋର୍ଦ୍ଧାଙ୍କ ଦ୍ୱାରା ୨୦ଟି ଇ-ଚାଲାଣ ଜାରି କରାଯାଇଛି। ବିନା ଫିଟନେସ୍ ପାଇଁ କଟକ ଆରଟିଓଙ୍କ ଦ୍ୱାରା ୮୬, ଭୁବନେଶ୍ୱର-୧ ଆରଟିଓଙ୍କ ଦ୍ୱାରା ୮୬, ପୁରୀ ଆରଟିଓଙ୍କ ଦ୍ୱାରା ୫୭, ସମ୍ବଲପୁର ଆରଟିଓଙ୍କ ଦ୍ୱାରା ୫୨, ରାଉରକେଲା ଆରଟିଓଙ୍କ ଦ୍ୱାରା ୫୦, ବାଲେଶ୍ୱର ଆରଟିଓଙ୍କ ଦ୍ୱାରା ୪୯ଟି ଇ-ଚାଲାଣ ଜାରି କରାଯାଇଛି। ବିନା ପରମିଟ୍ ଯାଞ୍ଚ କରି ଏଆରଟିଓ ଖୋର୍ଦ୍ଧାଙ୍କ ଦ୍ୱାରା ୪୩, ସମ୍ବଲପୁର ଆରଟିଓଙ୍କ ଦ୍ୱାରା ୩୪, କେନ୍ଦୁଝର ଆରଟିଓଙ୍କ ଦ୍ୱାରା ୨୭, ଭୁବନେଶ୍ୱର-୧ ଆରଟିଓଙ୍କ ଦ୍ୱାରା ୨୪, ପୁରୀ ଏବଂ ନୟାଗଡ ଆରଟିଓଙ୍କ ଦ୍ୱାରା ୨୩ଟି ଲେଖାଏଁ ଇ-ଚାଲାଣ ଜାରି କରାଯାଇଛି। ସମ୍ବଲପୁର ଆରଟିଓଙ୍କ ଦ୍ୱାରା ମୋଟ ୪୪୯, ଭୁବନେଶ୍ୱର-୧ ଆରଟିଓଙ୍କ ଦ୍ୱାରା ୩୭୮, ଭୁବନେଶ୍ୱର-୨ ଆରଟିଓଙ୍କ ଦ୍ୱାରା ୩୩୮, ସୁନ୍ଦରଗଡ ଆରଟିଓଙ୍କ ଦ୍ୱାରା ୨୫୯ ଏବଂ ରାଉରକେଲା ଆରଟିଓଙ୍କ ଦ୍ୱାରା ୨୫୨ଟି ଇ-ଚାଲାଣ ଜାରି କରାଯାଇଛି।

## ଇଣ୍ଡିଆନ୍ ଆଇଡଲ୍‌ରେ ଓଡ଼ିଆ ଝିଅ ଜ୍ୟୋତିର୍ମୟୀ

ଭୁବନେଶ୍ୱର,୨୯।୧୦(ସମିସ): ଇଣ୍ଡିଆନ୍ ଆଇଡଲ ସିଜନ୍-୧୬ରେ ଜଲ୍‌ୱା ଦେଖାଇଛନ୍ତି ଓଡ଼ିଆ ଝିଅ ଜ୍ୟୋତିର୍ମୟୀ। ଏହି ଜାତୀୟ ମଞ୍ଚରେ ତାଙ୍କ ତାଙ୍କ କଣ୍ଠସ୍ୱର ଓ ସଙ୍ଗୀତକୁ ବିଚାରକମଣ୍ଡଳୀ ବେଶ୍ ପ୍ରଶଂସା କରିଛନ୍ତି। ତେବେ ସଙ୍ଗୀତ ସାଙ୍ଗକୁ ତାଙ୍କର ମହନୀୟତା ଏବେ ଦେଶ ବିଦେଶରେ ବି ପ୍ରଶଂସା ସାଉଁଟିଛି।

■ କର୍କଟ ରୋଗୀଙ୍କୁ ଦେଉଛନ୍ତି ମ୍ୟୁଜିକ୍ ଥେରାପି ଚିକିତ୍ସା
■ ମହାନତା ପାଇଁ ଜାତୀୟ ମଞ୍ଚରେ ବିଚାରକଙ୍କ ପ୍ରଶଂସା

କାରଣ ଜ୍ୟୋର୍ତିମୟୀ କେବଳ ଜଣେ କଣ୍ଠଶିଳ୍ପୀ ନୁହଁନ୍ତି ବରଂ ତାଙ୍କ ସଙ୍ଗୀତ ଅନେକଙ୍କ ଜୀବନରେ ପ୍ରାଣ ଭରିଦେଇଛି। ଦୀର୍ଘ ୭ବର୍ଷ ହେବ ସଙ୍ଗୀତକୁ ମାଧ୍ୟମ କରି କ୍ୟାନ୍‌ସର ରୋଗୀଙ୍କର ସେବାରେ ନିଜକୁ ସମର୍ପି ଦେଇଛନ୍ତି। କ୍ୟାନ୍ସର ପୀଡ଼ିତ ଏବଂ ଗର୍ଭବତୀ ମହିଳାଙ୍କୁ ମଧ୍ୟ ମ୍ୟୁଜିକ୍ ଥେରାପି ଦେଇ ତାଙ୍କର ଅନେକ କଷ୍ଟ ଲାଘବ କରିବାରେ ମାଧ୍ୟମ ପାଲଟିଛନ୍ତି। ଇଣ୍ଡିଆନ୍ ଆଇଡଲ୍ ମଞ୍ଚରେ ତାଙ୍କର ଏହି ମହାନ କାର୍ଯ୍ୟ ପାଇଁ ବିଚାରକଙ୍କ ସମେତ ଉପସ୍ଥିତ ମ୍ୟୁଜିସିଆନ୍ ଏବଂ ଦର୍ଶକମାନେ ତାଙ୍କୁ ସାଧୁବାଦ୍ ଜଣାଇବା ସହ ଏଭଳି ମହତ କାର୍ଯ୍ୟ ଆଗକୁ ଜାରୀ ରଖିବାକୁ କହିଥିଲେ।

ଭୁବନେଶ୍ୱର ପଳାଶୁଣୀରେ ବାପା ଚକ୍ରଧର ନାୟକ ଓ ମା'ଗୌରୀ ନାୟକଙ୍କ ସହ ରୁହନ୍ତି ଜ୍ୟୋତିର୍ମୟୀ। ସେ କିଟ୍ ବିଶ୍ୱବିଦ୍ୟାଳୟରୁ ବିଟେକ୍ କରିବା ପରେ ଚେନ୍ନାଇସ୍ଥିତ ସ୍କୁଲ ଅଫ୍ ମ୍ୟୁଜିକ ଥେରାପିରୁ ଶିକ୍ଷା ଗ୍ରହଣ କରିଛନ୍ତି। ଏହାପରେ ସେ କ୍ୟାନ୍ସର ରୋଗୀଙ୍କୁ ମ୍ୟୁଜିକ୍ ଥେରାପି ଦେବା ଆରମ୍ଭ କରିଥିଲେ। କ୍ୟାନ୍ସର ରୋଗୀଙ୍କୁ ସଙ୍ଗୀତ ଥେରାପି ଦେବା ପରେ ଯେଉଁ ଆଶୀର୍ବାଦ ମିଳେ, ତାହା ବହୁତ ଆନନ୍ଦ ଦେଇଥାଏ। ସଙ୍ଗୀତ ଥେରାପି ମାଧ୍ୟମରେ ରୋଗୀଙ୍କ ମୁହଁରେ ହସ ଓ ଖୁସି ଦେଖିଲେ, ଅନେକ ଦୁଃଖ କଷ୍ଟ ଭୁଲି ଯାଇଥାଏ ବୋଲି କହିବା ସହ ଏହା ତାଙ୍କ ଜୀବନର ଏକ ବଡ଼ ଉପଲବ୍ଧି ବୋଲି କହିଛନ୍ତି। କ୍ୟାନ୍ସର ରୋଗୀଙ୍କୁ ନିକଟକୁ ଯାଇ ସଙ୍ଗୀତ ମାଧ୍ୟମରେ ରୋଗୀଙ୍କୁ ଥେରାପି ଦେଇଥା'ନ୍ତି, ଯାହା ସେମାନଙ୍କ ମାନସିକ ଓ ଶାରୀରିକ ସ୍ତରରେ ସକରାତ୍ମକ ପ୍ରଭାବ ପକାଇଥାଏ। ସଙ୍ଗୀତ ମାଧ୍ୟମରେ ମଧ୍ୟ ଜଣଙ୍କ ମନକୁ ଖୁସିବାରେ ଭରପୂର ଆନନ୍ଦ ମିଳିଥାଏ। ଏହି ଥେରାପି ରୋଗୀଙ୍କ ମଧ୍ୟରେ ଅନେକ ସାହାସ ସୃଷ୍ଟି କରିଥାଏ ବୋଲି ସେ କହିଛନ୍ତି। ଜ୍ୟୋତିର୍ମୟୀ ଅନେକ ଓଡ଼ିଆ ସିନେମାରେ ପ୍ରଚ୍ଛଦପଟ ଗାୟିକା ଭାବେ ସୁନାମ ଅର୍ଜନ କରିଥିବା ବେଳେ ନିକଟରେ ତାଙ୍କର ଭଜନ 'ଚାରିଧାମ ଭିତରୁ ଗୋଟିଏ ଧାମ', 'ପାଗଳ ଭଅଁର', 'ଆମ ଗାଁ ଝିଅ ଖାଣ୍ଟି ଗୁଆ ଘିଅ' ଆଦି ସଙ୍ଗୀତ ବେଶ୍ ଲୋକପ୍ରିୟତା ହାସଲ କରିଛି। ଜ୍ୟୋତିର୍ମୟୀ ବଲିଉଡରେ ଓ ରିୟାଲିଟି ଶୋ' ମାଧ୍ୟମରେ ନିଜର ପ୍ରତିଭା ପ୍ରଦର୍ଶନ କରିବାକୁ ଇଚ୍ଛା ରଖିଥିବା ବେଳେ ତାହା ପୂରଣ ହେବାକୁ ଯାଉଥିବାରୁ ପରିବାର ସଦସ୍ୟଙ୍କ ସମେତ ସମ୍ପର୍କୀୟ ଓ ଦର୍ଶକଙ୍କ ଶୁଭେଚ୍ଛାର ସୁଅ ଛୁଟିଛି। ସଙ୍ଗୀତ ଗାନ ସାଙ୍ଗକୁ ସଙ୍ଗୀତ ଥେରାପି ମାଧ୍ୟମରେ ଲୋକଙ୍କ ସେବା କରିବାର ଲକ୍ଷ୍ୟ ରଖିଥିବା ଜ୍ୟୋତିର୍ମୟୀ କହିଛନ୍ତି।




## ପଦ ଏକ, ଦାୟିତ୍ୱ ଅନେକ | କୋମାରେ ସଂସ୍କୃତି ବିଭାଗ

ଭୁବନେଶ୍ୱର,୨୯।୧୦(ସମିସ): ଓଡ଼ିଆ ଅସ୍ମିତାକୁ ଆଧାର କରି ନୂଆ ସରକାର ଗଠନ ପରେ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ କାର୍ଯ୍ୟ ତ୍ୱରାନ୍ୱିତ ହେବା ନେଇ ଅନେକ ଆଶା ରହିଥିବା ବେଳେ କାର୍ଯ୍ୟ ଶୂନ। ଅସ୍ମିତା ମଙ୍ଗ ଧରିଥିବା ସଂସ୍କୃତି ବିଭାଗ ସ୍ଥାଣୁ ପାଲଟିଛି। ସେହିପରି ଓଡ଼ିଶା ସାହିତ୍ୟ ଏକାଡେମୀର ସାଧାରଣ ପରିଷଦ ଭାଙ୍ଗିବାକୁ ୨ବର୍ଷ ବିତିଯାଇଛି; କିନ୍ତୁ ଏଯାଏଁ ପୁନର୍ଗଠନ ହୋଇପାରିନାହିଁ ପରିଷଦ। ଫଳରେ ଏକାଡେମୀର ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ମଧ୍ୟ ଅଟକି ରହିଛି। ଏପଟେ ପଦ ଏକ କିନ୍ତୁ ଦାୟିତ୍ୱ ଅନେକ। ବିଭାଗୀୟ ମନ୍ତ୍ରୀଙ୍କଠାରୁ ଆରମ୍ଭ କରି ସଚିବ, ନିର୍ଦ୍ଦେଶକଙ୍କ ପର୍ଯ୍ୟନ୍ତ ସମସ୍ତେ ଏକାଧିକ କାର୍ଯ୍ୟଭାର ସମ୍ଭାଳିଛନ୍ତି। ଏହାଦ୍ୱାରା କୌଣସି ଗୋଟିଏ ସଠିକ୍ ଢଙ୍ଗରେ ହେଉନାହିଁ ବା ଯେଉଁଭଳି ବିକାଶ ହେବା କଥା ସେଭଳି ହେଉ ନ ଥିବା ଦେଖିବାକୁ ମିଳିଛି। ଏହାଛଡ଼ା ସଂସ୍କୃତି ବିଭାଗରେ ଅଧସ୍ତନ କାର୍ଯ୍ୟାଳୟ, ସ୍ୱୟଂଶାସିତ ସଂସ୍ଥା କାର୍ଯ୍ୟ କରୁଥିବାବେଳେ ଏଠାରେ ମଧ୍ୟ ମାନବସମ୍ବଳର ଅଭାବ ରହିଛି। ଦୀର୍ଘବର୍ଷ ଧରି ଚୁକ୍ତିଭିତ୍ତିରେ ଅନେକ କର୍ମଚାରୀ କାର୍ଯ୍ୟ କରୁଥିଲେ ମଧ୍ୟ ସେମାନଙ୍କର ନିୟମିତ ହେଉନଥିବା ଅଭିଯୋଗ ହୋଇଛି। ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀରେ ସାଧାରଣ ପରିଷଦ ଥାଇଁ ମଧ୍ୟ ଏ ପର୍ଯ୍ୟନ୍ତ ସଭାପତି ଓ ଉପସଭାପତି ନିଯୁକ୍ତି ହେଇ ପାରୁନାହିଁ। ଖାଲି ସେତିକି ନୁହେଁ; ଏକାଡେମୀର ତିନି ବର୍ଷ ୨୦୨୩,୨୦୨୪ ଓ ୨୦୨୫

## କେବେ ପୂରଣ ହେବ ମାନବସମ୍ବଳ ଅଭାବ

ପାଇଁ ପୁରସ୍କାର ପ୍ରକ୍ରିୟା ଶେଷ ହୋଇଥିଲେ ମଧ୍ୟ ପୁରସ୍କାର ଚୟନ ଓ ପ୍ରଦାନରେ କାହିଁକି ଅହେତୁକ ବିଳମ୍ବ ହେଉଛି ତାହାକୁ ନେଇ କଳାକାର ମହଲରେ ତୀବ୍ର ଅସନ୍ତୋଷ ପ୍ରକାଶ ପଇଲାଣି।

ସୂଚନା ଅନୁସାରେ, ବିଭାଗୀୟ ମନ୍ତ୍ରୀ ସଂସ୍କୃତି ବିଭାଗ ସହ ଆଉ ଦୁଇଟି ବିଭାଗରେ ମନ୍ତ୍ରୀ ରହିଛନ୍ତି। ସେହିପରି ନିର୍ଦ୍ଦେଶକ ମଧ୍ୟ ଏକାଧିକ ଦାୟିତ୍ୱରେ ଅଛନ୍ତି। ନିକଟରେ ତାଙ୍କୁ ସଚିବ ଦାୟିତ୍ୱ ମଧ୍ୟ ପ୍ରଦାନ କରାଯାଇଛି। ତେବେ ସ୍ୱୟଂଶାସିତ ସଂସ୍ଥା ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ, ସାହିତ୍ୟ ଏକାଡେମୀ, ଉର୍ଦ୍ଦୁ ଏକାଡେମୀ ଏବଂ ଲଳିତକଳା ଏକାଡେମୀ ମଧ୍ୟ ପଦ ଫାଙ୍କର ରହିଛି। ଉର୍ଦ୍ଦୁ ଏବଂ ସାହିତ୍ୟ ଏକାଡେମୀରେ ସଚିବ ଥିବାବେଳେ ସଭାପତି ଏବଂ ଉପସଭାପତି ନାହାନ୍ତି। ସେହିପରି ଲଳିତକଳା ଏବଂ ସଙ୍ଗୀତ ନାଟକ ଏକାଡେମୀରେ ସ୍ଥାୟୀ ସଚିବ ନଥିବାବେଳେ ସଭାପତି ଓ ଉପସଭାପତି ବି ନାହାନ୍ତି। ଓଡ଼ିଆ ଭାଷା ପ୍ରତିଷ୍ଠାନରେ ଆବଶ୍ୟକ ଅନୁସାରେ ମାନବସମ୍ବଳ ନ ଥିବା ସହ ନିୟମିତ କର୍ମଚାରୀ ନାହାନ୍ତି। ଉତ୍କଳ ସଂସ୍କୃତି ବିଶ୍ୱବିଦ୍ୟାଳୟରେ କୁଳପତି ମଧ୍ୟ ଅତିରିକ୍ତ ଦାୟିତ୍ୱରେ ଆଉ ଏକ ବିଶ୍ୱବିଦ୍ୟାଳୟର କୁଳପତି ଅଛନ୍ତି। ସଙ୍ଗୀତ ମହାବିଦ୍ୟାଳୟରେ ବି ସ୍ଥିତି ସମାନ। ଅତିଥି ଅଧ୍ୟାପକ ପାଠପଢ଼ାର ମଙ୍ଗ ଧରିଥିବା ବେଳେ ରାଜ୍ୟ ଗ୍ରନ୍ଥାଗାରରେ ମୂଳ ପଦ ଅନୁସାରେ କର୍ମଚାରୀଙ୍କ ଅଭାବ ରହିଛି। ତା'ସାଙ୍ଗକୁ ରାଜ୍ୟ ସଂଗ୍ରହାଳୟ ଏବଂ ରାଜ୍ୟ ଅଭିଲେଖାଗାର ଅନେକ ପଦ ଫାଙ୍କା ରହିଛି। ସେହିପରି ଗୁରୁ କେଳୁଚରଣ ମହାପାତ୍ର ଓଡ଼ିଶୀ ଗବେଷଣା କେନ୍ଦ୍ରରେ ମଧ୍ୟ ଗବେଷଣା କାର୍ଯ୍ୟ ତ୍ୱରାନ୍ୱିତ ହୋଇପାରୁ ନାହିଁ। ଏଥିରେ ମଧ୍ୟ ପ୍ରତିବନ୍ଧକ ସାଜିଛି ମାନବସମ୍ବଳ।

ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ଏବେ ଏଭଳି ସମସ୍ୟାରେ ଛନ୍ଦି ହୋଇ ପଡ଼ିଥିବା ବେଳେ ବିଭିନ୍ନ କାର୍ଯ୍ୟକ୍ରମରେ ବିଭାଗୀୟ ମନ୍ତ୍ରୀ ତୁରନ୍ତ ପଦକ୍ଷେପ ନିଆଯିବ ବୋଲି ପ୍ରତିଶ୍ରୁତି ଦେଉଛନ୍ତି। ସାହିତ୍ୟ ଏକାଡେମୀର ସ୍ୱ-ନକ୍ଷତ୍ର ଦିବସ ଅବସରରେ ବିଭାଗୀୟ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଯୋଗଦେଇ ଖାଲି ପଡ଼ିଥିବା ବିଭିନ୍ନ ପଦପଦବୀ ପୂରଣ ଏବଂ ପୁରସ୍କାର ପ୍ରଦାନ ଦିଗରେ ସରକାର ସକରାତ୍ମକ ପଦକ୍ଷେପ ଗ୍ରହଣ କରୁଥିବା ଦର୍ଶାଇଥିବା ବେଳେ ନିକଟରେ ସଂସ୍କୃତି ବିଭାଗ ସମ୍ମିଳନୀକକ୍ଷରେ ଆୟୋଜିତ ସମୀକ୍ଷା ବୈଠକରେ ମଧ୍ୟ ମାନବସମ୍ବଳ ପୂରଣ ହେବ ବୋଲି ମନ୍ତ୍ରୀ ନିଷ୍ପତ୍ତି ନେଇଛନ୍ତି। କିନ୍ତୁ ଦିନ ପରେ ଦିନ ଗଡୁଛି ହେଲେ ଅଟକି ରହିଥିବା ବିଭିନ୍ନ କାର୍ଯ୍ୟପନ୍ଥା ତ୍ୱରାନ୍ୱିତ ହେବା ବଦଳରେ ସ୍ଥାଣୁ ପାଲଟିଯାଉଛି ବିଭାଗ। କାରଣ ସମସ୍ୟାର ସମାଧାନ କେବେ ହେବ ତାହା ଏବେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।


SBI

ଆବେଦନ କରିବା ପାଇଁ QR ସ୍କାନ୍ କରନ୍ତୁ

ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ
କେନ୍ଦ୍ରୀୟ ନିଯୁକ୍ତି ଏବଂ ପଦୋନ୍ନତି ବିଭାଗ,
କର୍ପୋରେଟ୍ କେନ୍ଦ୍ର, ମୁମ୍ବାଇ
ଇମେଲ୍: crpd@sbi.co.in

ବିଶେଷଜ୍ଞ କ୍ୟାଡର୍ ଅଧିକାରୀମାନଙ୍କର ନିଯୁକ୍ତି ଚୁକ୍ତିନାମା ଆଧାରରେ

ନିମ୍ନଲିଖିତ ପୋଷ୍ଟଗୁଡିକ ପାଇଁ ଚୁକ୍ତିନାମା ଆଧାରରେ ଭାରତୀୟ ନାଗରିକମାନଙ୍କ ଠାରୁ ଆବେଦନ ଗୁଡିକ ଗ୍ରହଣ କରାଯାଉଛି:

| ବିଜ୍ଞାପନ ସଂ. CRPD/SCO/2025-26/15 | |
|---|---|
| ପୋଷ୍ଟର ନାମ | ଖାଲି ପଦବୀ |
| ମୁଖ୍ୟ (ପ୍ରଡକ୍ଟ, ବିନିଯୋଗ ଏବଂ ଅନୁସନ୍ଧାନ) | 01 |
| ଜୋନାଲ ମୁଖ୍ୟ | 04 |
| ଆଞ୍ଚଳିକ ମୁଖ୍ୟ | 07 |
| ଆରଏମ୍ - ଟିମ୍ ଲିଡ୍ | 19 |
| ବିନିଯୋଗ ବିଶେଷଜ୍ଞ | 22 |
| ବିନିଯୋଗ ଅଧିକାରୀ | 46 |
| ପ୍ରକଳ୍ପ ବିକାଶ ପରିଚାଳକ (ବ୍ୟବସାୟ) | 02 |
| କେନ୍ଦ୍ରୀୟ ଅନୁସନ୍ଧାନ ଦଳ (ସହାୟତା) | 02 |

ଯୋଗ୍ୟତା ମାନଦଣ୍ଡ (ବୟସ, ଯୋଗ୍ୟତା, ଅଭିଜ୍ଞତା, ଜବ୍ ପ୍ରୋଫାଇଲ ଇତ୍ୟାଦି), ଖାଲି ବିବରଣୀ, ଆବଶ୍ୟକ ଫିସ୍ ଏବଂ ଅନ୍ୟାନ୍ୟ ବିବରଣୀ ପାଇଁ ବ୍ୟାଙ୍କର ୱେବସାଇଟ୍ https://sbi.bank.in/web/careers/current-openings ଅନଲାଇନ୍ ଆପ୍ଲିକେସନ୍ ଫି ଜମା ଏବଂ ଅନଲାଇନ୍ ଦେୟ ଲିଙ୍କ୍ ସହିତ ଲଗ ଇନ୍ କରନ୍ତୁ । ଆବେଦନ ଏବଂ ଫି ପଠାଇବା ପୂର୍ବରୁ ଯୋଗ୍ୟତା ଏବଂ ଅନ୍ୟାନ୍ୟ ବିବରଣୀ ବିଷୟରେ ସୁନିଶ୍ଚିତ ହେବା ପାଇଁ ବିସ୍ତୃତ ବିଜ୍ଞାପନକୁ ଅନୁସରଣ କରନ୍ତୁ । ଯେକୌଣସି ପ୍ରଶ୍ନ ପାଇଁ ଦୟାକରି ଏହି ଲିଙ୍କ୍ ମାଧ୍ୟମରେ ଆମକୁ ଲେଖନ୍ତୁ: "CONTACT US" —> "Post Your Query" ଯାହା ବ୍ୟାଙ୍କର ୱେବସାଇଟ (https://sbi.bank.in/web/careers/post-your-query) ରେ ଉପଲବ୍ଧ ।

- ଅନଲାଇନ୍ ଆବେଦନ ଏବଂ ଫିସ୍ ଦେୟ ପାଇଁ ତାରିଖ: 27.10.2025 ରୁ 17.11.2025 ପର୍ଯ୍ୟନ୍ତ ।

ସ୍ଥାନ: ମୁମ୍ବାଇ
ତାରିଖ: 27.10.2025

ମହା ପ୍ରବନ୍ଧକ (ଆର୍‌ପି ଆଣ୍ଡ ପିଏମ୍)

## ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କ ଶିକ୍ଷା ଅଧିକାର କ୍ଷୁଣ୍ଣ

# ଅବ୍ୟବସ୍ଥାରେ ମୂକ ଓ ବଧିର ସ୍ୱତନ୍ତ୍ର ବିଦ୍ୟାଳୟ



ଯାଜପୁର, ୨୯।୧୦(ସମିସ)

ବିଞ୍ଝାରପୁର ବ୍ଲକ ଅନ୍ତର୍ଗତ ଅଳକୁଣ୍ଡ ନୂଆଗାଁ ଠାରେ ଥିବା ଶିବନ ଶିଳ୍ପ ମୂକ ଓ ବଧିର ସ୍ୱତନ୍ତ୍ର ଆବାସିକ ବିଦ୍ୟାଳୟରେ ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କୁ ମିଳୁନି ମୌଳିକ ଅଧିକାର। ରାଜ୍ୟ ସରକାରଙ୍କ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ଦ୍ୱାରା ଏହି ବିଦ୍ୟାଳୟରେ ମୋଟ ୮୫ ଜଣ ଛାତ୍ରଛାତ୍ରୀ ନାମ ଲେଖାଇଥିଲେ। ଏହି ଆବାସିକ ବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କ ପାଇଁ ହଷ୍ଟେଲ ସୁବିଧା ନଥିବାରୁ ନାମ ଲେଖାଇଥିବା ଦିବ୍ୟାଙ୍ଗ ଛାତ୍ରଛାତ୍ରୀ ବାଧ ହୋଇ ନିଜ ନିଜ ଘରେ ରହିଛନ୍ତି। ଯାହା ଫଳରେ ଚଳିତବର୍ଷ ୧୭ ଜଣ ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କ ଟିସି ନେଇଯାଇଥିବାରୁ ସେମାନଙ୍କ ଶିକ୍ଷା ଅଧିକାର ଓ ଖାଦ୍ୟ ଅଧିକାର କ୍ଷୁର୍ଣ୍ଣ ହେଉଥିବା ଅଭିଯୋଗ ହୋଇଛି। ପ୍ରକାଶ ଥାଉକି ବିଦ୍ୟାଳୟରେ ୧୧ଜଣ ଶିକ୍ଷକ ଥିବା ବେଳେ ଜଣେ ୱାଡେନ, ଜଣେ ରୋଷେଇଆ, ଜଣେ ରାତ୍ରି ଜାଗୁଆଳ ଓ ଜଣେ ସହାୟକ ଅଛନ୍ତି। ମାତ୍ର ବିଦ୍ୟାଳୟରେ ଆବଶ୍ୟକ ଶ୍ରେଣୀ ଗୃହ ନଥିବାରୁ ତିନୋଟି ଶ୍ରେଣୀ ଗୃହରେ ପ୍ରଥମରୁ ଅଷ୍ଟମ ଶ୍ରେଣୀର ଛାତ୍ରଛାତ୍ରୀ ଏକାଠି ପାଠ ପଢୁଛନ୍ତି। ଯାହାଫଳରେ ଗୁଣାତ୍ମକ ଶିକ୍ଷାଦାନରେ ବାଧାପ୍ରାପ୍ତ ହେଉଛି। ହଷ୍ଟେଲ ଗୃହ ନଥିବାରୁ ଦିବ୍ୟାଙ୍ଗ ଛାତ୍ରଛାତ୍ରୀ ଶ୍ରେଣୀ ଗୃହରେ ରାତ୍ରି ଯାପନ କରୁଛନ୍ତି। ମୋଟା ମୋଟି ବିଦ୍ୟାଳୟରେ ଆବଶ୍ୟକ ଭିତ୍ତିଭୂମିର ନଥିବାରୁ ପୂର୍ବତନ ଜିଲ୍ଲାପାଳ ପି ଅନ୍ୱେଷା ରେଡି ଇଣ୍ଟିଗେଟେଡ ଇନକ୍ଲୁସିଭ ସେଣ୍ଟର (ଆଇଆଇସି) ଚିଠି ନଂ ୮୯୩ (୦୬/୦୫/୨୫) ରୁଡିଆକୁ ସ୍ଥାନାନ୍ତରିତ କରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ। ମାତ୍ର ନିର୍ଦ୍ଦେଶର ସାତ ମାସ ପରେ ମଧ୍ୟ ସ୍ଥାନାନ୍ତରିତ ନହେବାରୁ ଅଭିଭାବକ ନିଜନିଜ ପିଲାମାନଙ୍କୁ ବିଦ୍ୟାଳୟରୁ ନେଇଯାଉଛନ୍ତି। ତେଣୁ ଦିବ୍ୟାଙ୍ଗ ଅଧିକାର କର୍ମୀ ମଣ୍ଟୁ ଦାସ ଆଜି ଅତିରିକ୍ତ ଜିଲ୍ଲାପାଳ ଯୁଧିଷ୍ଠିର ନାୟକଙ୍କୁ ଭେଟି ତୁରନ୍ତ ଉପଯୁକ୍ତ ପଦକ୍ଷେପ ଗ୍ରହଣ କରିବା ପାଇଁ ଅନୁରୋଧ କରିଛନ୍ତି। ଆଗାମୀ ଆନ୍ତର୍ଜାତିକ ଦିବ୍ୟାଙ୍ଗ ଦିବସ ପାଳନ ପୂର୍ବରୁ ଏହି ବିଦ୍ୟାଳୟକୁ ସ୍ଥାନାନ୍ତର କରିବା ପାଇଁ ପ୍ରତିଶ୍ରୁତି ଦେଇଛନ୍ତି।

## ଅକ୍ଟୋବରରେ ସ୍ୱଳ୍ପ ବୃଷ୍ଟିପାତ

ଧର୍ମଶାଳା, ୨୯।୧୦(ସମିସ): ଧର୍ମଶାଳା ବ୍ଲକରେ ଚଳିତ ଅକ୍ଟୋବର ମାସରେ ସ୍ୱଳ୍ପ ବୃଷ୍ଟିପାତ ହୋଇଥିବା ରେକର୍ଡ କରାଯାଇଛି। ତେବେ ବାତ୍ୟା ମୋନ୍ଥାର ପ୍ରଭାବରେ ବର୍ଷା ଅଧିକ ପରିମାଣର ହେବା ନେଇ ପୁର୍ବାନୁମାନ କରାଯାଇଥିଲେ ମଧ୍ୟ ଗତକାଲି ଏହି ବ୍ଲକରେ ୮ ମିଲିମିଟର ଓ ଆଜି ୧୫ ମିଲିମିଟର ବର୍ଷା ହୋଇଥିବା ବେଳେ ଯାଜପୁର ବ୍ଲକରେ ଦୁଇଦିନ ମଧ୍ୟରେ ସର୍ବାଧିକ ୭୦ ମିଲିମିଟର ବର୍ଷା ରେକର୍ଡ କରାଯାଇଛି। ସମଗ୍ର ଜିଲ୍ଲାର ୧୦ ଗୋଟି ବ୍ଲକ ମଧ୍ୟରୁ ଧର୍ମଶାଳା ବ୍ଲକରେ ଚଳିତ ମାସ ଆଜି ପର୍ଯ୍ୟନ୍ତ ସର୍ବନିମ୍ନ ୪୩ ମିଲିମିଟର ବର୍ଷା ହୋଇଥିବା ବେଳେ ଯାଜପୁର ବ୍ଲକରେ ସର୍ବାଧିକ ୧୭୫ ମିଲିମିଟର ବର୍ଷା ହୋଇଥିବା ରେକର୍ଡ କରାଯାଇଛି। ମୋନ୍ଥା ପ୍ରଭାବରେ ଧର୍ମଶାଳା ସମେତ ଜିଲ୍ଲାର ବିଭିନ୍ନ ବ୍ଲକରେ ଅଧିକ ବର୍ଷା ହେବ ବୋଲି ପାଣିପାଗ ବିଭାଗ ପକ୍ଷରୁ ପୁର୍ବାନୁମାନ କରାଯାଇଥିଲେ ମଧ୍ୟ ଏହା ଭୁଲ ପ୍ରମାଣିତ ହୋଇଛି। ତେବେ ଏହି ଅଦିନିଆ ବର୍ଷାରେ ବ୍ଲକର କେତେକ ସ୍ଥାନରେ ଧାନ ଫସଲ ନଷ୍ଟ ହେବା ସହ ପନିପରିବା ଚାଷ ଉପରେ ଏହାର ପ୍ରଭାବ ପଡ଼ିଛି।

## କରୁଣାରେ ଗୋସେବା ଶିବିର

ବିଞ୍ଝାରପୁର, ୨୯।୧୦(ସମିସ): ବିଞ୍ଝାରପୁର ବ୍ଲକର ଗୁହାଳି ପଞ୍ଚାୟତର କରୁଣା ଗ୍ରାମରେ ଗୋଷ୍ଠାଷ୍ଟମୀ ଉପଲକ୍ଷେ ଗୀତାବାଣୀ ପ୍ରଚାର ସମିତି ବାଇଁଶିରିଆ ଓ କରୁଣା ଗ୍ରାମବାସୀଙ୍କ ମିଳିତ ସହଯୋଗରେ ଗୋସେବା ଶିବିର ଅନୁଷ୍ଠିତ ହୋଇଥିଲା। ଗୋମାତାଙ୍କ ପୂଜା ସହିତ ଚିକିତ୍ସା କରାଯାଇ ଗୋଖାଦ୍ୟ ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମକୁ ବରିଷ୍ଠ ସମାଜସେବୀ ବିଶ୍ୱନାଥ ତ୍ରିପାଠୀ ଉଦ୍‌ଘାଟନ କରିଥିଲେ। ଏଥିରେ ଆଖପାଖ ଅଞ୍ଚଳର ବହୁ ଗୋମାତାଙ୍କୁ ଚିକିତ୍ସା ସହିତ ଗୋଖାଦ୍ୟ ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମ ଗୀତାବାଣୀ ପ୍ରଚାର ସମିତି ସହସମ୍ପାଦକ ବିଶ୍ୱଭୂଷଣ ଜେନା, ଶରତ କୁମାର ଧଳ, ବ୍ରଜ ମୋହନ ତ୍ରିପାଠୀ, କାମଦେବ ଭୂୟାଁ, ସୁରେଶ ଚନ୍ଦ୍ର ଜେନା, ହରିଚନ୍ଦ୍ର କର, ରାଜେଶ ଓଝା, ପ୍ରିୟାଂଶୁ ତ୍ରିପାଠୀ, ମନମୋହନ ତ୍ରିପାଠୀ, ଶ୍ୟାମସୁନ୍ଦର ଜେନା, ରଞ୍ଜନ କୁମାର ବାରିକ, ପୀତବାସ ଭୂୟାଁ, ବୁଟା ଧଳ, ରବୀନ୍ଦ୍ର ସାହାଣି, ରାମଚନ୍ଦ୍ର ଜେନା କାର୍ଯ୍ୟକ୍ରମରେ ସହଯୋଗ କରିଥିବା ବେଳେ ବିଞ୍ଝାରପୁର ପ୍ରାଣୀ ଚିକିତ୍ସା ପକ୍ଷରୁ କର୍ମଚାରୀ ସୁଜିତ କୁମାର ରାଉଳ, କିଶୋର ଜେନା ଉପସ୍ଥିତ ଗୋମାତାଙ୍କୁ ଚିକିତ୍ସା କରିଥିଲେ।

## ଆମ ବଡ଼ଚଣା ମହୋତ୍ସବ କମିଟି ବୈଠକ

ବଡ଼ଚଣା, ୨୯।୧୦(ସମିସ): ବଡ଼ଚଣା ଅଞ୍ଚଳର ଗର୍ବ, ଗୌରବ, କଳା ସଂସ୍କୃତି ପରମ୍ପରାର ବାର୍ତ୍ତାବହନ କରୁଥିବା ଆମ ବଡ଼ଚଣା ମହୋତ୍ସବ କମିଟିର ଏକ ବୈଠକ ବଡ଼ଚଣା ଡାକବଙ୍ଗଳା ଠାରେ ଅନୁଷ୍ଠିତ ହୋଇଯାଇଅଛି। ଦିଲ୍ଲୀପ କୁମାର ଚୌଧୁରୀଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ଆଗାମୀ ଜାନୁଆରୀ ୭ରୁ ୧୩ ପର୍ଯ୍ୟନ୍ତ ପାଳିତ ହେବାକୁ ଥିବା ମହୋତ୍ସବକୁ ସରସ ସୁନ୍ଦର କରିବା ପାଇଁ ଆଲେଶଚନା ହୋଇଥିଲା। ଚଳିତ ବର୍ଷ ଆମ ବଡ଼ଚଣା ମହୋତ୍ସବକୁ ପଞ୍ଜିକୃତ କରାଯାଇଛି। ଏହି ଅବସରରେ ଆମ ବଡ଼ଚଣା ମହୋତ୍ସବ କମିଟିର ନୂତନ କର୍ମକର୍ତ୍ତା ମନୋନୀତ କରାଯାଇ ସଭାପତି ଭାବେ ବଡ଼ଚଣା ବିଧାୟକ ଅମର ନାୟକ, ଉପସଭାପତି ନୃସିଂହ ନାରାୟଣ ହୋତା, ରବୀନ୍ଦ୍ର ପ୍ରଧାନ, ସମ୍ପାଦକ ଭାବେ ଦିଲ୍ଲୀପ କୁମାର ଚୌଧୁରୀ, ସହ ସମ୍ପାଦକ ଭାବେ ରଶ୍ମିରଞ୍ଜନ ମହାନ୍ତି, କୋଷାଧ୍ୟକ୍ଷ ଭାବେ ନାରାୟଣ ରାଉତଙ୍କୁ ମନୋନୀତ କରାଯାଇଥିଲା। ଶେଷରେ ଅମିୟ ଦାସ ଧନ୍ୟବାଦ ଅର୍ପଣ କରିଥିଲେ। ଏହି ବୈଠକରେ ବଡଚଣା ପଞ୍ଚାୟତ ସମିତିର ଉପାଧ୍ୟକ୍ଷ ବିଭାସ ଚନ୍ଦ୍ର ନନ୍ଦ, ମଧୁସୂଦନ ବଳ ପ୍ରମୁଖ ଉପସ୍ଥିତ ଥିଲେ।

## ବିଜେପିର ଯୁବ ସଙ୍ଗଠନ ପକ୍ଷରୁ ସହାୟତା

ଧର୍ମଶାଳା, ୨୯।୧୦(ସମିସ): ବିଜେପି ଯୁବ ସଙ୍ଗଠନ ପକ୍ଷରୁ ଧର୍ମଶାଳା ନିର୍ବାଚନ ମଣ୍ଡଳୀ କୋଟପୁର ମଣ୍ଡଳ ଅଧିନ ବିଭିନ୍ନ ଗ୍ରାମକୁ ଗସ୍ତକରି ସାଙ୍ଗଠନିକ ଆଲୋଚନା କରିବା ସହ ରୋଗରେ ପୀଡ଼ିତ ଲୋକମାନଙ୍କୁ ସହାୟତା କରାଯାଇଛି। ଧର୍ମଶାଳା ବିଧାୟକ ଶ୍ରୀ ସାହୁଙ୍କ ପରାମର୍ଶକ୍ରମେ ଆଜି ଧର୍ମଶାଳା ନିର୍ବାଚନମଣ୍ଡଳୀର ଯୁବସଙ୍ଗଠକ ରାଜେଶ କୁମାର ପାଳଙ୍କ ନେତୃତ୍ୱରେ ବିଜେପି ସଙ୍ଗଠନର କର୍ଯ୍ୟକର୍ତ୍ତାମାନେ ଅରାବଳ ପଞ୍ଚାୟତକୁ ଯାଇ ଲୋକମାନଙ୍କ ସମସ୍ୟା ପଚାରି ବୁଝିବା ସହିତ ସାଙ୍ଗଠନିକ ଆଲୋଚନା କରିଥିଲେ। ଏଥିସହ ପକ୍ଷାଘାତରେ ଆକ୍ରାନ୍ତ ମୋହନପୁର ଗ୍ରାମର ହେମଲତା ମଲିକ ଓ ଅରାବଳ ଗ୍ରାମର ଅସହାୟ ଭାବେ ଜୀବନ ଅତିବାହିତ କରୁଥିବା ଅଜୟ ମଲିକ, ପକ୍ଷାଘାତରେ ଅକ୍ରାନ୍ତ ନାଳକୁଳ ଗ୍ରାମର ଶତ୍ରୁଘ୍ନ ମଲିକ ଓ କ୍ୟାନସର ରୋଗରେ ଆକ୍ରାନ୍ତ ଏହି ଗ୍ରାମର କୁନିଲତା ମଲିକଙ୍କୁ ଅଂଶୁମାନ ମେମୋରିଆଲ ଟ୍ରଷ୍ଟ ପକ୍ଷରୁ ସଦସ୍ୟ ଓ ବିଜେପି କାର୍ଯ୍ୟକର୍ତ୍ତାମାନେ ସେମାନଙ୍କ ଘରେ ପହଞ୍ଚି ଆର୍ଥିକ ସହାୟତା ପ୍ରଦାନ କରିଛନ୍ତି। ଆଜିର ଏହି କାର୍ଯ୍ୟକ୍ରମରେ କୋଟପୁର ମଣ୍ଡଳ ସଭାପତି ପ୍ରଶାନ୍ତ କୁମାର ନାୟକ ସମେତ ତୀର୍ଥରାଜ ପଣ୍ଡା, ପ୍ରଦୀପ କୁମାର ପରିଡ଼ା, ଅଭିଷେକ ରାଉତ, ବିଶ୍ୱଜିତ ପୃଷ୍ଟି, ଲୋକନାଥ ମହାନ୍ତି ପ୍ରମୁଖ ଶତାଧିକ ବିଜେପି ଯୁବ ସଙ୍ଗଠକ ଓ ଅଂଶୁମାନ ମେମୋରିଆଲ ଟ୍ରଷ୍ଟର ସଦସ୍ୟମାନେ ସାମିଲ ହୋଇଥିଲେ।

## ଦୁର୍ନୀତି ନିବାରଣ ସଚେତନତା ଶିବିର



କଯାଁଗୋଲା, ୨୯।୧୦(ସମିସ): ଦୁର୍ନୀତି ନିବାରଣ ସଚେତନତା ପାଳନ ଅବସରରେ ସମସ୍ତ ସରକାରୀ ଓ ବେସରକାରୀ ଅନୁଷ୍ଠାନ ମାନଙ୍କରେ ଏହା ପାଳିତ ହୋଇଥିବା ଦେଖିବାକୁ ମିଳିଥିବା ବେଳେ ଦଶରଥପୁର ବ୍ଲକ ଅନ୍ତର୍ଗତ ଛତ୍ରପଡ଼ା ଶାଖା ପଞ୍ଜାବ ନେସ୍‌ନାଲ ବ୍ୟାଙ୍କ୍ ପାଳନ କରାଯାଇଥିବା ଦେଖିବାକୁ ମିଳିଛି। ଏହି ଦୁର୍ନୀତି ମୁକ୍ତ ସପ୍ତାହ ପାଳନ ଅବସରରେ ବ୍ୟାଙ୍କ୍ କର୍ମଚାରୀ ସୁନିଲ କୁମାର ଶତପଥୀ, ଅଭିନନ୍ଦନ ସେଠୀ, ବ୍ୟାଙ୍କ୍ କୃଷି ଅଧିକାରିଣୀ ପ୍ରତିଚୀ ମହାପାତ୍ର, ବ୍ୟାଙ୍କ ମିତ୍ର ଜୟସ୍ମିତା ରାଉତ, ଚତୁର୍ଥ ଶ୍ରେଣୀ କର୍ମଚାରୀ ସଞ୍ଜୟ କୁମାର ମଲ୍ଲିକ ଙ୍କ ସହ ବିଭିନ୍ନ ପଞ୍ଚାୟତରୁ ଆସିଥିବା ସ୍ୱୟଂ ସହାୟିକା ଗୋଷ୍ଠୀର ମହିଳାମାନେ ଉପସ୍ଥିତ ଥିଲେ। ଦୁର୍ନୀତି ସପ୍ତାହ ପାଳନ ଅବସରରେ ଉପସ୍ଥିତ ସମସ୍ତେ ଦୁର୍ନୀତିର ମୂଳପ୍ରୋଟନ ନିମନ୍ତେ ସର୍ବାଧିକ ସାଧୁତା ଓ ସତ୍ୟନିଷ୍ଠାରେ ପ୍ରତିବଦ୍ଧ ରହି ଦୁର୍ନୀତି ବିରୋଧରେ ସଂଗ୍ରାମ କରିବା ସହିତ ପ୍ରତ୍ୟକ୍ଷ ସଚ୍ଚୋଟତା ଆଇନର ଶାସନକୁ ଅନୁପାଳନ କରିବା ପାଇଁ ଶପଥ କରିଥିଲେ।

## କମ୍ୟୁନିଟି ସେଣ୍ଟର ନାଁରେ ସରକାରୀ ଅର୍ଥ ହଡ଼ପ ଅଭିଯୋଗ



ବିଞ୍ଝାରପୁର, ୨୯।୧୦(ଆପ୍ର): ବିଞ୍ଝାରପୁର ବ୍ଲକ ଘଣ୍ଟିଆଳି ପଞ୍ଚାୟତରେ କମ୍ୟୁନିଟି ସେଣ୍ଟର ନିର୍ମାଣ କରିବା ନାମରେ ଅର୍ଥ ହଡ଼ପ ଅଭିଯୋଗ ଆସିଛି। କମ୍ୟୁନିଟି ସେଣ୍ଟର ନାଁରେ ଟଙ୍କା ହେରଫେର ହୋଇଥିବା ନେଇ ଗ୍ରାମବାସୀ କୌଣସି ସୂତ୍ରରୁ ଜାଣିବା ପରେ ଏ ସଂକ୍ରାନ୍ତ ବିଞ୍ଝାରପୁର ବିଡ଼ିଓ ହିତାଂଶୁ ଶେଖର ସାମଲଙ୍କୁ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗରେ ଦର୍ଶାଇଛନ୍ତି ଯେ ଜନୈକ ବ୍ୟକ୍ତିଙ୍କ ନିଜସ୍ୱ ପୁରୁଣା ଘରକୁ ମହାବୀର କମ୍ୟୁନିଟି ସେଣ୍ଟର ଦର୍ଶାଇ ବିଲ୍ କରିବାକୁ ମସୁଧା କରୁଛନ୍ତି। ଗ୍ରାମବାସୀଙ୍କ ଅଭିଯୋଗ ମୁତାବକ ଯେଉଁ ଘର ଦେଖାଇ ବିଲ୍ କରାଯାଉଛି ଏହି ଘରେ ପୂର୍ବରୁ କଣ୍ଟ୍ରୋଲ ସାମଗ୍ରୀ ବଣ୍ଟନ କରାଯାଉଥିଲା। ସେହି ଘରେ ପୁଣି କନିଷ୍ଠ ଯନ୍ତ୍ରୀ କେମିତି ବିଲ୍ କରିବାକୁ ଯାଉଛନ୍ତି ବୋଲି ଗ୍ରାମବାସୀ ଅଭିଯୋଗ କରିଛନ୍ତି। ବିଡ଼ିଓଙ୍କୁ ଏ ସମ୍ପର୍କରେ ପଚାରିବାରୁ ଆସନ୍ତାକାଲି ସହକାରୀ ଯନ୍ତ୍ରୀଙ୍କୁ ପଠାଇ ସତ୍ୟାସତ୍ୟ ଯାଞ୍ଚ କରିବି ବୋଲି କହିଛନ୍ତି।

## ରକ୍ତଦାନ ଶିବିରରେ ୫୦ୟୁନିଟ୍ ରକ୍ତ ସଂଗ୍ରହ



ଯାଜପୁର, ୨୯।୧୦(ସମିସ): ଯାଜପୁରର ସମାଜ ସେବୀ ପାଗା ବାବୁଙ୍କ ଶ୍ରାଦ୍ଧ ବାର୍ଷିକ ଅବସରରେ ବିରଜା କଲ୍ୟାଣ ମଣ୍ଡପ ପରିସରରେ ୨୬ତମ ମେଗା ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଅଶୋକ ଦାସ ଫାଉଣ୍ଡେସନ ଏବଂ ଭାଇଭାଇ ପୂଜା କମିଟି ମିଳିତ ସହଯୋଗରେ ଅନୁଷ୍ଠିତ ଏହି ରକ୍ତଦାନ ଶିବିରକୁ ଭବପ୍ରସାଦ ଦାସ ଉଦଘାଟନ କରିଥିଲେ। ଏହି ଶିବିରରେ ମୋଟ ୫୦ରୁ ଊର୍ଦ୍ଧ୍ୱ ସ୍ୱେଚ୍ଛାସେବୀ ସାମିଲ ହୋଇଥିଲେ। ବାତ୍ୟା ସତ୍ତ୍ୱେ ସହରର ଯୁବକମାନେ ଉତ୍ସାହର ସହିତ ରକ୍ତଦାନ ଶିବିରରେ ସାମିଲ ହୋଇ ରକ୍ତଦାନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ୧୮ ନମ୍ବର ୱାର୍ଡର କାଉନସିଲର ସୁରେନ୍ଦ୍ରରଣା ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ସାମିଲ ହୋଇଥିଲେ।

## ଅଙ୍ଗନବାଡ଼ି କେନ୍ଦ୍ର ନିର୍ମାଣରେ ଅନିୟମିତତା



କାଳିଆପାଣି, ୨୯।୧୦(ସମିସ): ସୁକିନ୍ଦା ବ୍ଲକର କୁହିକା ପଞ୍ଚାୟତ ଅଧୀନ ବମ୍ବିଲୋ ମହାନ୍ତସାହି ଅଙ୍ଗନବାଡ଼ି କେନ୍ଦ୍ର ପାଚେରି ନିର୍ମାଣ କାର୍ଯ୍ୟ ନିମ୍ନମାନର ହେଉଥିବା ଅଭିଯୋଗ ଉଠିଛି। ସ୍ଥାନୀୟ ସୂଚନା ଅନୁସାରେ, ଫଳକ ବିହୀନ ଭାବେ ସରକାରୀ କାର୍ଯ୍ୟ ଚାଲୁଥିବାରୁ ଅଞ୍ଚଳବାସୀଙ୍କ ମଧ୍ୟରେ ପ୍ରଶ୍ନ ଉପସ୍ଥିତ ହୋଇଛି। କେଉଁ ବିଭାଗରୁ କେତେ ଅର୍ଥ ମଞ୍ଜୁର ହୋଇଛି, ସେଥିପାଇଁ କୌଣସି ସୂଚନା ଦିଆଯାଇନାହିଁ। ସ୍ଥାନୀୟ ଲୋକଙ୍କ ଅଭିଯୋଗ, ନିର୍ମାଣ ସମୟରେ ନିମ୍ନମାନର ସାମଗ୍ରୀ ବ୍ୟବହାର ସହିତ ଲୁହା ରଡ୍ ୨/୩ ଖଣ୍ଡ ଲେଖାଏଁ ଦେଇ ରାତିରେ କାମ କରାଯାଇଥିଲା। ଏହା ନେଇ ଅଞ୍ଚଳରେ ଅସନ୍ତୋଷ ବ୍ୟାପି ଯାଇଛି। ସ୍ଥାନୀୟ ବାସିନ୍ଦାମାନେ ଏହି କାମ ଉପରେ ତଦନ୍ତ ଓ ନିର୍ମାଣ ଗୁଣମାନ ଯାଞ୍ଚ କରାଯାଇ ସଠିକ୍ ପଦକ୍ଷେପ ନିଆଯିବାକୁ ଦାବି କରିଛନ୍ତି।

## ନିର୍ମାଣ ଶ୍ରମିକଙ୍କୁ ଆର୍ଥିକ ସହାୟତା ପ୍ରଦାନ



ଯାଜପୁର, ୨୯।୧୦(ସମିସ): ଜିଲ୍ଲାପାଳ ଅମ୍ବର କୁମାର କରଙ୍କ ଅନୁମୋଦନ ଏବଂ ଅନୁମତି କ୍ରମେ ଅତିରିକ୍ତ ଜିଲ୍ଲାପାଳ ଯୁଧିଷ୍ଠିର ନାୟକ ନିର୍ମାଣ ଶ୍ରମିକମାନଙ୍କ ସହାୟତା ରାଶି ଡମି ଚେକ୍ ମାଧ୍ୟମରେ ପ୍ରଦାନ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ମୃତ୍ୟୁକାଳୀନ, ଅନ୍ତେଷ୍ଟିକ୍ରିୟା ସହାୟତା ବାବଦରେ ୨୫ ଜଣଙ୍କୁ ୩୨.୭୦ ଲକ୍ଷ, ଶିକ୍ଷା ସହାୟତା ବାବଦରେ ୨୧୯ ଜଣଙ୍କୁ ୧୨.୧୭ ଲକ୍ଷ, ବିବାହ ସହାୟତା ବାବଦରେ ୧୦୨ ଜଣଙ୍କୁ ୫୦. ୭୫ଲକ୍ଷ ଏବଂ ପ୍ରସୂତି କାଳୀନ ସହାୟତା ବାବଦରେ ୪ ଜଣଙ୍କୁ ୪୦ ହଜାର ଟଙ୍କାର ସହାୟତା ରାଶି ପ୍ରଦାନ କରାଯାଇଛି। ସିଧା ଉକ୍ତ ୧.୯୭ କୋଟି ଟଙ୍କା ଅର୍ଥ ରାଶି ହିତାଧିକାରୀଙ୍କ ଆକାଉଣ୍ଟକୁ ଛାଡି ଦିଆଯାଇଛି ବୋଲି ଜିଲ୍ଲା ଶ୍ରମ ଅଧିକାରୀ ସୁଧିର କୁମାର ସାହୁ ପ୍ରକାଶ କରିଛନ୍ତି। ଯାଜପୁର ରେଞ୍ଜ ଯୁଗ୍ମ ଶ୍ରମ ଆୟୁକ୍ତ ଶିବଶଙ୍କର ମିଶ୍ର ଓ ଯାଜପୁର ପ୍ରଭାଗୀୟ ଶ୍ରମ ଆୟୁକ୍ତ ସତ୍ୟନାରାୟଣ ଆଚାର୍ଯ୍ୟଙ୍କ ନିର୍ଦ୍ଦେଶରେ ଏହା ସୁରୁଖୁରୁରେ ସମ୍ପନ୍ନ ହୋଇଛି। ଏତଦଭିନ୍ନ ଓଡ଼ିଶା ଅଣସଙ୍ଗଠିତ ସାମାଜିକ ସୁରକ୍ଷା ବୋର୍ଡ ଅଧୀନରେ ୨ ଜଣ ହିତାଧିକାରୀଙ୍କ ମୃତ୍ୟୁ ପାଇଁ ତାଙ୍କ ମନୋନୀତ ବ୍ୟକ୍ତିଙ୍କୁ ୪ ଲକ୍ଷ ପ୍ରଦାନ କରାଯାଇଛି। ଏହି କାର୍ଯ୍ୟକ୍ରମରେ ଜିଲ୍ଲା ଶ୍ରମ କାର୍ଯ୍ୟାଳୟର କର୍ମଚାରୀ ଶଶିକାନ୍ତ ପ୍ରଧାନ, ନାରାୟଣ ଚନ୍ଦ୍ର ନନ୍ଦ, ପ୍ରକାଶ ଜେନା ପ୍ରମୁଖ ସହଯୋଗ କରିଥିଲେ।

## ସରସ୍ୱତୀ ଶିଶୁମନ୍ଦିରରେ ବିଜ୍ଞାନ ମେଳା

ବରୀ, ୨୯।୧୦(ସମିସ): ବରୀ ବ୍ଲକ ଅନ୍ତର୍ଗତ କଳାମାଟିଆ ପଞ୍ଚାୟତ ସୁନାକର ବିହାର ବିଦ୍ୟାପାଠାରେ ଥିବା ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପରିସରରେ ବିଦ୍ୟାଳୟ ସ୍ତରିୟ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ସମୁଦାୟ ୧୧୦ଟି ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବିରୂପା ମହାବିଦ୍ୟାଳୟର ଅବସର ପ୍ରାପ୍ତ ଅଧ୍ୟକ୍ଷ ତଥା କଳିଙ୍ଗସେନାର ସାଧାରଣ ସମ୍ପାଦକ ଅଶୋକ ନାୟକ ଯୋଗଦେଇ ବିଜ୍ଞାନ ଓ ଜୀବନ ମଧ୍ୟରେ ନିବିଡ଼ତା ଉପରେ ଛାତ୍ରଛାତ୍ରୀଙ୍କୁ କହିଥିଲେ। ସମ୍ମାନିତ ଅତିଥି ଭାବେ ବାସନ୍ତୀ ମଞ୍ଜରୀ ହାଇସ୍କୁଲ ନହଣର ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ହରିଶ୍ଚନ୍ଦ୍ର ମହାରଣା, ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପ୍ରତିଷ୍ଠାତା ସ୍ୱପ୍ନେଶ୍ୱର ଧଳ, ଆଦର୍ଶ ଶିକ୍ଷକ ପର୍ଶୁରାମ ପରିଡ଼ା, ବିଦ୍ୟାଳୟର ପ୍ରଧାନ ଆଚାର୍ଯ୍ୟ ଦେବାଶିଷ ରାଉତ, ବରିଷ୍ଠ ସାମ୍ବାଦିକ ନରେନ୍ଦ୍ର କୁମାର ଧଳ ଯୋଗଦେଇଥିଲେ। ଏହି କାର୍ଯ୍ୟକ୍ରମରେ ବିଚାରକ ଭାବେ ସଞ୍ଜୟ ପରିଡ଼ା, ହୃଦାନନ୍ଦ ପାତ୍ର, ବାସୁଦେବ ମଲ୍ଲିକ, ସୁକାନ୍ତ ସାମଲ, ପ୍ରମେୟ ପରିଡ଼ା, ବିନୋଦ ବେହେରା, ଦେବବ୍ରତ ପଣ୍ଡା, ସୁପ୍ରିୟା ରାଉତ, ଶୁଭ ଲକ୍ଷ୍ମୀ ତ୍ରିପାଠୀ ଯୋଗଦେବା ସହ ବିଜ୍ଞାନ ଭିତ୍ତିକ ଅନେକ କଥା ଛାତ୍ରଛାତ୍ରୀଙ୍କୁ କହିଥିଲେ। ଅତିଥିମାନଙ୍କ ଦ୍ୱାରା କୃତି ଛାତ୍ରଛାତ୍ରୀଙ୍କୁ ମାନପତ୍ର ଓ ଟ୍ରଫି ଦେଇ ସମ୍ମାନିତ କରାଯାଇଥିଲା। କାର୍ଯ୍ୟକ୍ରମରେ ବିଦ୍ୟାଳୟର ଗୁରୁଜୀ ଓ ଗୁରୁମା ଓ ସମସ୍ତ କର୍ମଚାରୀ ସକ୍ରିୟ ସହଯୋଗ କରିଥିଲେ। ଶେଷରେ ସମ୍ପାଦକ ଦେବାଶିଷ ରାଉତ ଧନ୍ୟବାଦ ଅର୍ପଣ କରିଥିଲେ।


## ପଞ୍ଚାୟତ କାର୍ଯ୍ୟାଳୟରେ ସ୍ୱତନ୍ତ୍ର ଗ୍ରାମସଭା



ଧର୍ମଶାଳା, ୨୯।୧୦(ସମିସ): ଧର୍ମଶାଳା ବ୍ଲକ ଅନ୍ତର୍ଗତ ବଡ଼କାଏମା ପଞ୍ଚାୟତ କାର୍ଯ୍ୟାଳୟରେ ସ୍ୱତନ୍ତ୍ର ଗ୍ରାମସଭା ଆଜି ପୂର୍ବାହ୍ନରେ ଅନୁଷ୍ଠିତ ହୋଇ ଯାଇଛି। ପଞ୍ଚାୟତର ସରପଞ୍ଚ କୁମୁଦିନୀ ମହାନ୍ତି, ଭିଏଲ୍‌ଡବ୍ଲୁ ସେଖ ଅବଜଲ୍ ବକ୍ସ ଏବଂ ଏଡିଓ ବିଚିତ୍ର ମୋହନ ମହାପାତ୍ର ପ୍ରମୁଖ ଯୋଗଦାନ କରି ବିଭିନ୍ନ ଉନ୍ନତି ମୂଳକ କାର୍ଯ୍ୟ ଉପରେ ଆଲୋଚନା କରିଥିଲେ। ସେଥି ମଧ୍ୟରୁ ମୋ ଉପକାରୀ ବଗିଚା, ଫାର୍ମ ପଣ୍ଡ, କମ୍ପୋଷ୍ଟ ପିଟ୍, ଫଳ ବଗିଚା ଭଳି ବିଭିନ୍ନ କାର୍ଯ୍ୟ ଉପରେ ଆଲୋଚନା କରିବା ସହ କିପରି ଭାବେ ଏହା ସହଜ ଏବଂ ସୁବିଧାରେ କରାଯିବ ତାହା ବିଷୟରେ ବିସ୍ତୃତ ଭାବେ ଆଲୋଚନା କରାଯାଇଥିଲା। ପଞ୍ଚାୟତର ବିଭିନ୍ନ ଗାଁରେ ବର୍ଷା ପାଣି ଜମି ରହୁଥିବା ବେଳେ ଏହାର ସମାଧାନ ଉପରେ ମଧ୍ୟ ଆଲୋଚନା କରାଯାଇଥିଲା। ପଞ୍ଚାୟତରେ କିଛି ମରାମତି କାର୍ଯ୍ୟ ଚାଲୁ ରହିଥିବା ବେଳେ ଆଉ କିଛି କାର୍ଯ୍ୟ ବନ୍ଦ ରହିଥିବାରୁ ଏହାକୁ ତୁରନ୍ତ ସମ୍ପୂର୍ଣ୍ଣ କରିବା ଉପରେ ଗୁରୁତ୍ୱ ଦିଆଯାଇଥିଲା। ଶିଶିର ମାହାଣା, ସୁକାନ୍ତ ସାହୁ, କାହ୍ନୁ ସାହୁ, ଅମର ସାହୁ, ସୁଶାନ୍ତ ଘଟୁଆରି ସମେତ ପଞ୍ଚାୟତର ବିଭିନ୍ନ ଗାଁର ୱର୍ଡମେମ୍ବର ପ୍ରମୁଖ ଉପସ୍ଥିତ ରହିଥିଲେ। ରମେଶ ମହାନ୍ତି ଏବଂ ଚିତ୍ତରଞ୍ଜନ ବାରିକ ସହଯୋଗ କରିଥିଲେ।

## ପାରା ସନ୍ତରଣରେ ସୁକିନ୍ଦାର ପପୁ ଓ ଗୋଲପିଙ୍କୁ ରୌପ୍ୟ





ସୁକିନ୍ଦା, ୨୯।୧୦(ସମିସ): ରାଜ୍ୟସ୍ତରୀୟ ପାରା ସନ୍ତରଣ ପ୍ରତିଯୋଗିତାରେ ସୁକିନ୍ଦାର ପପୁ ଗୋଛାୟତ ଓ ଗୋଲାପି ସିର୍କା ରୌପ୍ୟ ପଦକ ହାସଲ କରିଛନ୍ତି। ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମରେ ଗତ ରବିବାର ଅନୁଷ୍ଠିତ ଓଡ଼ିଶା ପାରା ସନ୍ତରଣ ପ୍ରତିଯୋଗିତାରେ ସୁକିନ୍ଦା ବ୍ଲକ ଅନ୍ତର୍ଗତ ହରିପୁର ଗ୍ରାମର ବଟକୃଷ୍ଣ ଗୋଛାୟତଙ୍କ ପୁଅ ପପୁ ଗୋଛାୟତ(୩୦) ଓ ରାଁସୋଳ ପଞ୍ଚାୟତ କାକୁଡ଼ିଆ ଗ୍ରାମ ବୀରସିଂ ସିର୍କାଙ୍କ ଝିଅ ଗୋଲାପି ସିର୍କା ଭଲ ପ୍ରଦର୍ଶନ କରି ରୌପ୍ୟ ପଦକ ହାସଲ କରି ନିଜର ଓ ସୁକିନ୍ଦା ଅଞ୍ଚଳ ପାଇଁ ଗୌରବ ଅର୍ଜନ କରିଛନ୍ତି। ପୂର୍ବରୁ ଗୋଲାପି ରାଜ୍ୟ ସ୍ତରୀୟ ଦୌଡ଼କୁଦ ପ୍ରତିଯୋଗିତା ୨୦୨୪-୨୫ରେ ଅଂଶଗ୍ରହଣ କରି ସଟ୍‌ପୁଟ, ଡିସକସ୍ ଓ ଜାଭେଲିନ ଥ୍ରୋ'ରେ ସ୍ୱର୍ଣ୍ଣ ପଦକ ହାସଲ କରିଥିଲେ। ପପୁ ସୁକିନ୍ଦାର ହରିପୁର ଭଳି ଏକ ମଫସଲ ଗ୍ରାମରେ ବସବାସ କରୁଥିବା ବେଳେ କଳିଙ୍ଗନଗର ସ୍ଥିତ ଟାଟା ପ୍ରକଳ୍ପରେ ଗତ ୧୦ବର୍ଷ ଧରି ଠିକା ଶ୍ରମିକ ଭାବେ କାର୍ଯ୍ୟ କରୁଛନ୍ତି। ଗୋଲାପିର ଘର ସୁକିନ୍ଦା ଖଣି ଅଞ୍ଚଳର କାକୁଡିଆ ଭଳି ଏକ ଆଦିବାସୀ ଅଧ୍ୟୁଷିତ ଗ୍ରାମରେ। ଉଭୟ କ୍ରୀଡ଼ାବିତ ବିନା ପ୍ରୋତ୍ସାହନରେ ବିନା ତାଲିମରେ ନିଜ ଦୃଢ଼ ଇଚ୍ଛାଶକ୍ତି ଓ କଠୋର ପରିଶ୍ରମରେ ନିଜର ପରିଚୟ ସୃଷ୍ଟି କରିପାରିଛନ୍ତି। ବିଭିନ୍ନ ମହଲରୁ ଉଭୟଙ୍କ ନିକଟକୁ ସୁଭେଚ୍ଛାର ସୁଅ ଛୁଟିଛି।

# ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ

ବାଲିଚନ୍ଦ୍ରପୁର, ୨୯।୧୦(ସମିସ)



ବାଲିଚନ୍ଦ୍ରପୁର ଥାନା ଆନୁକୂଲ୍ୟରେ ସାହାସପୁର ମହାବିଦ୍ୟାଳୟ ଓ ପଲିଶ୍ରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମକୁ ବାଲିଚନ୍ଦ୍ରପୁର ଥାନାର ଭାରପ୍ରାପ୍ତ ଆରକ୍ଷୀ ଅଧିକ୍ଷକ ସମରଜିତ ନାୟକ ଆନୁଷ୍ଠାନିକ ଭାବେ ଉଦଘାଟନ କରିଥିଲେ। ଏହି କାର୍ଯ୍ୟକ୍ରମରେ ବାଲିଚନ୍ଦ୍ରପୁର ସରପଞ୍ଚ ପ୍ରତିନିଧି ଅମୀୟ ସାହାଣୀ, ଜିଲ୍ଲା ଆରକ୍ଷୀ ଅଧିକ୍ଷକଙ୍କ ଅଫିସ ପକ୍ଷରୁ ସ୍ୱତନ୍ତ୍ର ବିଶେଷଜ୍ଞ (ସାଇବର ଅଫିସର) ମାନେ ଯୋଗ ଦେଇଥିଲେ। ସାହାସପୁର ମହାବିଦ୍ୟାଳୟର ଅଧ୍ୟକ୍ଷ ସତ୍ୟବ୍ରତ ପୃଷ୍ଟି, ପଲିଶ୍ରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଅଧ୍ୟକ୍ଷା ମାମି ବଳବନ୍ତରାୟ, ଅଧ୍ୟାପକ ସଂଗ୍ରାମ କେଶରୀ ପରିଡ଼ା, ପ୍ରତ୍ୟୁଷ କୁମାର ସାହୁ, କାହ୍ନୁଚରଣ ଜେନା, ଅଧ୍ୟାପିକା ମିନତୀ ମଞ୍ଜରୀ ନାୟକ, ଗାୟତ୍ରୀ ଶତପଥି, ଚିତ୍ତରଞ୍ଜନ ନାୟକ, କଲେଜ ର ମୁଖ୍ୟ କିରାଣୀ ମାନସ ବରାଳ, ପଲିଶ୍ରୀ ଉଚ୍ଚ ବିଦ୍ୟାଳୟ ପ୍ରାଧାପକ ଭାବଗ୍ରାହୀ ମହାରଣା, ସ୍ନିଗ୍ଧାରାଣୀ ମହାନ୍ତି, ଡ. ନିରୁପମା ବେହୁରା, ପ୍ରେମାନନ୍ଦ ପରିଡ଼ା ବାଲିଚନ୍ଦ୍ରପୁର ଥାନା ପକ୍ଷରୁ ଚୈତନ୍ୟ ପ୍ରସାଦ ପୁଷ୍ଟି, ହାବିଲଦାର ରାଜକିଶୋର ସ୍ୱାଇଁ, କନଷ୍ଟେବଳ ବିଜୟକୁମାର ତ୍ରିପାଠୀ ଆଦି ବହୁ ଜିଲ୍ଲା ଓ ବାଲିଚନ୍ଦ୍ରପୁର ଥାନାର କର୍ମଚାରୀମାନେ ଯୋଗ ଦେଇ ସାଇବର ଅପରାଧୀରୁ ମୁକୁଳିବା ପାଇଁ ବିଭିନ୍ନ ଦୃଷ୍ଟାନ୍ତ ମୂଳକ ପଦକ୍ଷେପ ଗ୍ରହଣ କରିବା ଲାଗି ବ୍ୟାପକ ସଚେତନତା କରାଇବାର ବାର୍ତ୍ତା ପ୍ରଦାନ କରିଥିଲେ। ଏହି କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀ ଅଂଶଗ୍ରହଣ କରି ସଚେତନତା ସ୍ଲୋଗାନ ମାନ ଦେଉଥିବା ଦେଖା ଯାଇଥିଲା। ଜିଲ୍ଲା ପୁଲିସ ବାହିନୀ ପକ୍ଷରୁ ସାଇବର ଅପରାଧ ଉପରେ ଦୃଷ୍ଟାନ୍ତ ମୂଳକ ଭିଡିଓ ଚିତ୍ର ପଦର୍ଶିତ ହୋଇଥିଲା।

**OFFICE OF THE EXECUTIVE ENGINEER**
**RURAL WORKS DIVISION, BARGARH**
e-Procurement Notice No. ONLINE-BGH-11 OF 2025-26 — O-1160

| | | | |
|---|---|---|---|
| 1. | Name of the work | : | Road work during 2025-26 in the district of Bargarh |
| 2. | EMD | : | @1% of the estimated cost put to tender |
| 3. | Other Details | : | As per DTCN |

| Procurement Officer | Bid Identification No. | Availability of Tender On-line for bidding: From | Availability of Tender On-line for bidding: To | Last Date & Time of Seeking tender Clarification | Date & Time of Opening of tender |
|---|---|---|---|---|---|
| 1 | 2 | 3 | 4 | 5 | 6 |
| Executive Engineer, Rural Works Division, Bargarh | ONLINE-BGH-11 OF 2025-26 | 30.10.2025 at 11.00 AM | 12.11.2025 upto 5.00 PM | 12.11.2025 upto 1.00 PM | 13.11.2025 at 11.00 AM |

Further details can be seen from the website www.tendersorissa.gov.in.

Superintending Engineer
R.W. Division, Bargarh

OIPR-25062/11/0037/2526

**Government of Odisha "e" Procurement**
**Notice Bid Identification No.37/2025-26** — C-1344

| | | | |
|---|---|---|---|
| 1. | Name of the work | : | 03 Nos. of work |
| 2. | Estimated cost | : | 17.45 lakh to 39.50 Lakh. |
| 3. | Period of completion | : | Two months. |
| 4. | Date & Time of availability of bid document in the portal | : | From 11.00 AM. of 30.10.2025 to 5.00 PM of 10.11.2025 |
| 5. | Last date / time for receipt of bids in the portal | : | 5.00 PM of 10.11.2025 |
| 6. | Name and address of the Officer inviting Bid | : | Superintending Engineer, P.H. Division, Bhubaneswar |

Further details can be seen from e-procurement portal in the Website (http://tendersorissa.gov.in)

Supertintending Engineer,
P.H. Division, Bhubaneswar

OIPR-13205/11/0040/2526

No. 4107 / Dated 25.10.2025 — O-1203
**Government of Odisha "e" Procurement Notice**
**Bid Identification No. TENDER ONLINE SNPR-08 OF 2025-26**

1. Name of work : Building Works as per DTCN available in the website
2. Total No. of Work : 2 (Two) Nos.
3. Approximate Estimated Cost : Vary from Rs. 30.04 lakh to Rs. 67.27 lakh
4. Period of Completion : 6 (Six) to 9 (Nine) Calendar months
5. Period and time of availability of bid document in the portal for bidding : 30.10.2025 at 11.00 AM to 14.11.2025 up to 5.00 PM
6. Date and time of opening of Tender : 15.11.2025 at 11.00 AM (Technical Bid) & (Financial Bid will be intimated later on)
7. Name and address of the officer inviting bid : S.E.R.W. Division, Sonepur
   (1) Other details can be seen from detailed notice
   (2) Inviting tenders available in website: www.tendersodisha.gov.in
   (3) Corrigendum, if any, shall only be published in the website: www.tendersodisha.gov.in

Executive Engineer
Rural Works Division, Sonepur

OIPR-25054/11/0045/2526

## ପୀରବାବାଙ୍କ ୨ ଦିନିଆ ଉର୍ସ ଉତ୍ସବ

# ବର୍ଷା ସତ୍ତ୍ୱେ ଲକ୍ଷ ଲକ୍ଷ ଭକ୍ତଙ୍କ ଭିଡ଼





ଧାମନଗର, ୨୯ ।୧୦(ସମିସ): ଧାମନଗର ସରିଫ୍‌ଠାରେ ପୀରବାବା ହଜରତ ମୁଜାହିଦ୍-ଏ-ମିଲ୍ଲତଙ୍କ ୪୬ତମ ଉର୍ସ ଉତ୍ସବ ମଙ୍ଗଳବାର ଓ ବୁଧବାର ଦୁଇ ଦିନ ଧରି ମହାସମାରୋହରେ ପାଳିତ ହୋଇଯାଇଛି । ୨୮ତାରିଖ ସକାଳ ୬ଟାରୁ ୭୩୦ ପର୍ଯ୍ୟନ୍ତ କୋରାନ୍ ପାଠ ୭ଟା ୩୦ରୁ ପୀରବାବାଙ୍କୁ ଶ୍ରଦ୍ଧାଳୁମାନଙ୍କ ଦର୍ଶନ, ସକାଳ ୮ଟାରୁ ସନ୍ଧା ୫ଟା ପର୍ଯ୍ୟନ୍ତ କବି ସମ୍ମିଳନୀ, ଦ୍ୱିତୀୟ ଦିନ ୨୯ ତାରିଖ ଭୋରୁ ୪ଟାରେ ବାବାଙ୍କ (ସ୍ନାନ) ୬ଟାରୁ ଚାଦର ଶୋଭାଯାତ୍ରା ସହ ଶ୍ରଦ୍ଧାଳୁଙ୍କ ଦର୍ଶନ ଆରମ୍ଭ ହୋଇଥିବା ବେଳେ ଅପରାହ୍ନ ୪ଟାରୁ ୫ଟା ୧୫ ପର୍ଯ୍ୟନ୍ତ (କୁଲସରିଫ) ପୀରବାବାଙ୍କ ନାତି ଖାନକା ମତୱଲ୍ଲୀ ଆଲହାଜ ସୟଦ ଗୋଲାମ ମହମ୍ମଦ ହବିବିଙ୍କ ଦ୍ୱାରା ସମୂହ ପ୍ରାର୍ଥନା ଓ ଧାର୍ମିକ ବାଣୀ ପ୍ରଦାନ ଏବଂ ରାତ୍ର ୮ଟାରୁ ଭୋର ୪ଟା ୩୦ ପର୍ଯ୍ୟନ୍ତ ମୌଲାନା ମାନଙ୍କର ଦ୍ୱାରା ମୁସାଏରା, ନାତଖାନି,ପୀରବାବାଙ୍କ ଜିବନୀ ସମ୍ପର୍କରେ ବକ୍ତବ୍ୟ ପ୍ରଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ବର୍ଷା ସତ୍ତ୍ୱେ ଲକ୍ଷ ଲକ୍ଷ ଭକ୍ତଙ୍କ ସମାଗମ ତଥା ପ୍ରବଳ ଭିଡ଼ ପରିଲକ୍ଷିତ ହୋଇଥିଲା । ଉର୍ସ ଉପଲକ୍ଷେ ଦେଶ ଓ ବିଭିନ୍ନ ରାଜ୍ୟରୁ ଶହ ଶହ ସଂଖ୍ୟାରେ ଅସ୍ଥାୟୀ ବ୍ୟବସାୟୀମାନେ ବିଗତ ପ୍ରାୟ ଏକ ସପ୍ତାହ ହେବ ଖାନକା ସରିଫ ଆଖ ପାଖରେ ସେମାନଙ୍କ ଦୋକାନ ଖୋଲି ଭଲ ବ୍ୟବସାୟ ପାଇଁ ପ୍ରସ୍ତୁତ କରିଥିଲେ । ପ୍ରତିକୂଳ ପାଗ ସତ୍ତ୍ୱେ ଲକ୍ଷାଧିକ ଭକ୍ତଙ୍କ ସମାଗମକୁ ଆଖି ଆଗରେ ରଖି ଶାନ୍ତିଶୃଙ୍ଖଳା ରକ୍ଷା ନିମନ୍ତେ ଜିଲ୍ଲା ପ୍ରଶାସନ ପକ୍ଷରୁ ଭଦ୍ରକ ଜିଲ୍ଲାପାଳ ଦିଲ୍ଲୀପ ରାଉତରାଏଙ୍କ ତତ୍ତ୍ୱାବଧାନରେ ଭଦ୍ରକ ଆରକ୍ଷୀ ଅଧୀକ୍ଷକ ମନୋଜ କୁମାର ରାଉତଙ୍କ ଅଧ୍ୟକ୍ଷତାରେ ଜଣେ ଅତିରିକ୍ତ ଏସପି ଅରୂପ ଅଭିଷେକ ବେହେରା, ୮ଜଣ ଡିଏସପି, ୨୦ଜଜ ଇନ୍ସପେକ୍ଟର, ୧୦୩ଜଣ ସବଇନ୍ସପେକ୍ଟର, ୨୨ ପ୍ଲାଟୁନ ଫୋର୍ସ, ହାବିଲଦାର ଓ ହୋମଗାଡ ଟ୍ରାଫିକ ପୁଲିସ ୫୦ ଜଣ ନିୟୋଜିତ କରାଯାଇଛି । ମାଜିଷ୍ଟ୍ରେଟ ଭାବେ ତହସିଲଦାର ସାଇଶ୍ରୀ ଲୋକନାଥ ପ୍ରସାଦ ସେଠୀ, ଅତିରିକ୍ତ ତହସିଲଦାର ସାଇ ସିଲୋନା, ବିଡ଼ିଓ ବନବିହାରି ଦିନ୍ଦା ଏବଂ ସ୍ୱାସ୍ଥ୍ୟ ବିଭାଗ ଅଧିକାରୀ ଓ କର୍ମଚାରୀ ମାନେ ଦାୟିତ୍ୱ ନିର୍ବାହ କରିଛନ୍ତି । ଏପଟେ ପକେଟ ମାର, ବିଶୃଙ୍ଖଳିତ ବ୍ୟକ୍ତି ମାନଙ୍କୁ ସିସି କ୍ୟାମେରା ଜଗିବ ବୋଲି ଏସଡିପିଓ ତ୍ରିଲୋଚନ ସେଠୀ ଓ ଆଇଆଇସି ରଞ୍ଜନ ସେଠୀ କହିଛନ୍ତି । ଏହି ଅବସରରେ ପୂର୍ବତନ ସାଂସଦ ମଞ୍ଜୁଲତା ମଣ୍ଡଳ, ପୂର୍ବତନ ବିଧାୟକ ମୁକ୍ତିକାନ୍ତ ମଣ୍ଡଳ, ପ୍ରାକ୍ତନ ବ୍ଲକ ଅଧ୍ୟକ୍ଷ ଅଶୋକ ନାୟକ, ବିଜେଡି ନେତା ଡାକ୍ତର ସଞ୍ଜୟ ଦାସ, ଏନଏସି ଅଧ୍ୟକ୍ଷା ନିବେଦିତା ଜେନାଙ୍କ ସମେତ ବିଭିନ୍ନ ରାଜନୈତିକ ଦଳର ନେତା ଖାନଙ୍କା ସରିଫ୍‌ଠାରୁ ପହଞ୍ଚି ପୀରବାବାଙ୍କ ଦର୍ଶନ ଆଶୀର୍ବାଦ ଲାଭ କରି ସମସ୍ତଙ୍କ ମଙ୍ଗଳ କାମନା କରିଛନ୍ତି । ଉର୍ସ କମିଟିର ସମ୍ପାଦକ ଆଲହାଜ ମହମ୍ମଦ ଇସ୍ରାଇ ହବିବ, ଉପସଭାପତି ସୟିଦ ମୁସ୍ତଫା ରଜା ହବିବ, ସୟିଦ ହସନେନ ରଜା ହବିବ, ସହସମ୍ପାଦକ ଅବଦୁର ରହେମାନ ହବିବ, ବରିଷ୍ଠ ସଦସ୍ୟ ହାଜି ଏମଡି ଫଜଲେ ବାରି, ସେକ ଗୋଲାମ ଅଲ୍ଲୀ, ଏମଡି ତାହେର ମହମ୍ମଦ, ସେକ ମୁହିଉଦ୍ଦିନଙ୍କ କର୍ମକର୍ତ୍ତା ପରିଚାଳନା କରିଥିବା ବେଳେ କମିଟି ପକ୍ଷରୁ ୭୫୦ରୁ ଅଧିକ ସ୍ୱେଚ୍ଛାସେବୀଙ୍କୁ ନିୟୋଜିତ କରାଯାଇଥିଲା ।

## ଶତାୟୁ ପୁରୁଷଙ୍କ ବିୟୋଗ



ବନ୍ତ/ଆଗରପଡ଼ା, ୨୯।୧୦ (ସମିସ): ବନ୍ତ ବ୍ଲକ ରାମକୃଷ୍ଣପୁର ଗ୍ରାମର ଶତାୟୁ ପୁରୁଷ ତଥା ସମାଜସେବୀ ନୃସିଂହ ଚରଣ ମହାନ୍ତିଙ୍କ ଭୁବନେଶ୍ୱରସ୍ଥିତ ବାସଭବନରେ ପରଲୋକ ହୋଇଯାଇଛି । ମୃତ୍ୟୁ ବେଳକୁ ତାଙ୍କୁ ୧୦୭ ବର୍ଷ ହୋଇଥିଲା । ସେ ରାମକୃଷ୍ଣପୁର ପଞ୍ଚାୟତର ପ୍ରାକ୍ତନ ସମିତିସଭ୍ୟ ରାଧନ ମହାନ୍ତି ପିତା ଅଟନ୍ତି । ତାଙ୍କ ମୃତ୍ୟୁ ଖବର ପ୍ରସାରିତ ହେବା ପରେ ରାମକୃଷ୍ଣପୁର ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି । ସମାଜସେବା କ୍ଷେତ୍ରରେ ଅନେକ ଅବଦାନ ଥିବାବେଳେ ସେ ଜଣେ ଆଧ୍ୟାତ୍ମିକବାଦୀ, ମେଳାପୀ, ପରୋପକାରୀ ଓ ମିଷ୍ଟଭାଷୀ ବ୍ୟକ୍ତି ଥିଲେ । ସେ ନିଜର ସୁସ୍ଥ ଶରୀର ପାଇଁ କ୍ଷେତ, ବଗିଚାରୁ ବୃକ୍ଷ ଚିହ୍ନଟ କରି ନିଜେ ସେବନ କରିବା ସହିତ ଅନ୍ୟମାନଙ୍କୁ ସୁସ୍ଥ ରହିବା ପାଇଁ ଏହାକୁ ସେବନ ପାଇଁ ପରାମର୍ଶ ଦେଉଥିଲେ । ତାଙ୍କ ମର ଶରୀରକୁ ପୁରୀ ସ୍ୱର୍ଗଦ୍ୱାରରେ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା । ତାଙ୍କ ନାତି ବିଭାବସୁ ମୁଖାଗ୍ନି ଦେଇଥିଲେ ।

## ଗିରି ଗୋବର୍ଦ୍ଧନ ଗୋଶାଳାରେ ଗୋଷ୍ଠାଷ୍ଟମୀ ଉତ୍ସବ



ଅସୁରାଳି, ୨୯ ।୧୦(ସମିସ): ଗିରି ଗୋବର୍ଦ୍ଧନ ଗୋଶାଳା ପରିସର ଆଜି ଗୋଷ୍ଠାଷ୍ଟମୀ ଉତ୍ସବର ଶୁଭ ଅବସରରେ ଭକ୍ତି, ଆସ୍ଥା ଓ ଆନନ୍ଦର ମହାସାଗରରେ ବିଲୀନ ହୋଇ ଯାଇଥିଲା । ଉପଜିଲ୍ଲାପାଳ ସୌରଭ ଚକ୍ରବର୍ତ୍ତୀଙ୍କ ଉପସ୍ଥିତିରେ ଗୋ କଥାବାଚକ ଭକ୍ତି ବଲ୍ଲଭ ଆଚାର୍ଯ୍ୟ ମହାରାଜଙ୍କ ଦ୍ୱାରା ଦିବ୍ୟ ପ୍ରବଚନ ଦିଆଯାଇଥିଲା । ପ୍ରବଚନରେ ମହାରାଜ ଗୋମାତାଙ୍କ ହିନ୍ଦୁ ଶାସ୍ତ୍ରରେ ବର୍ଣ୍ଣିତ ମହାନତା ବିଷୟରେ ଗଭୀର ଆଲୋଚନା କରି ଭକ୍ତମାନଙ୍କ ମନରେ ଆନ୍ତରିକ ଭକ୍ତି ଓ ଗୌରବ ଜାଗୃତ କରିଥିଲେ । ପଣ୍ଡିତ ସଂଗ୍ରାମ ଆଚାର୍ଯ୍ୟ, ସ୍ଥାନୀୟ ସରପଞ୍ଚ ମୀନତି ସାହୁ, ସମାଜସେବୀ ସୂରଜ ସାହୁ, ସମାଜସେବୀ ସନ୍ତୋଷ ସାହୁ ଓ କାର୍ଯ୍ୟକ୍ରମର ଅନ୍ୟାନ୍ୟ ସଦସ୍ୟ ଉପସ୍ଥିତ ଥିଲେ । ଉତ୍ସବର ଅନ୍ୟତମ ଆକର୍ଷଣ ହେଉଛି ଗୋ-ମାତାଙ୍କ ପାଳନ ପ୍ରତି ନିବେଶ ଓ ଗାଁ ମଧ୍ୟରେ ଗୋ-ସେବା ପ୍ରତି ଜାଗୃତି ସୃଷ୍ଟି କରିବା ଉଦ୍ଦେଶ୍ୟରେ ଗଠିତ ଉଦ୍ୟମ । ଗୋଶାଳାର ଶୁଭ ପରିବେଶ, ଗୀତ, ଭଜନ ଓ ଗୋମାତାଙ୍କ ଅନୁଗ୍ରହରେ ଅନୁଷ୍ଠିତ ହୋଇଥିବା ମାନସିକ ଶୁଦ୍ଧିକରଣ କାର୍ଯ୍ୟକ୍ରମ ଅନେକ ଭକ୍ତଙ୍କୁ ଆନ୍ତରିକ ଶାନ୍ତି ଓ ଉଦ୍ଦୀପନା ଦେଇଥିଲା । ଏହି ଉତ୍ସବ ଗାଁ ମଧ୍ୟରେ ଗୋ-ସେବା ପ୍ରତି ନୂତନ ଆଶା ଓ ଦୃଢ଼ତା ଜନ୍ମ ଦେଇଛି ।

## ଅଳିଆ ଆବର୍ଜନା କୁଣ୍ଡ ପାଇଁ ଦାବି



ଦୋଲସାହି, ୨୯ ।୧୦(ସମିସ): ତିହିଡ଼ି ବ୍ଲକ୍ ଗୁଆମାଳ ପଞ୍ଚାୟତର ବଡେଇବାଡି ଗ୍ରାମବାସୀଙ୍କୁ କେନ୍ଦ୍ର ସରକାରଙ୍କ ପକ୍ଷରୁ ଦୀର୍ଘବର୍ଷ ପୂର୍ବରୁ ପ୍ରଦାନ କରାଯାଇଥିବା ଅଳିଆ ଆବର୍ଜନା କୁଣ୍ଡ ପ୍ରଦାନ କରାଯାଇ ନଥିବା ନେଇ ଅସନ୍ତୋଷ ପ୍ରକାଶ ପାଇଛି । କେନ୍ଦ୍ର ସରକାରଙ୍କ ସ୍ୱଚ୍ଛ ଭାରତ ମିଶନ ଯୋଜନାରେ ୨୦୨୧ ମସିହାର ପ୍ରତି ପରିବାରକୁ ଅଳିଆ ଠୁଳ କରିବା ପାଇଁ ଅଳିଆ ଆବର୍ଜନା କୁଣ୍ଡ ଯୋଗାଇ ଦେଇଥିଲେ । ଦୀର୍ଘ ୪ବର୍ଷ ଧରି ବଡେଇବାଡି ଗାଁର ଅଧିବାସୀ-ଲକ୍ଷ୍ମୀପ୍ରିୟା ପାଢୀ, ରମାମଣି ମହାରଣା, ବାସନ୍ତୀ ପାଢୀ, ସୂର୍ଯ୍ୟମଣି ମହାରଣା, ଅଂଜନା ମହାରଣା ପ୍ରମୁଖଙ୍କ ସମେତ ବହୁ ହିତାଧିକାରୀ ଏହି ଅଳିଆ ଆବର୍ଜନା କୁଣ୍ଡ ପାଇବାରୁ ବଞ୍ଚିତ ଥିବା ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ତିହିଡ଼ି ବ୍ଲକ୍ ଜୁନିୟର ଇଞ୍ଜିନିୟର ଭୀଷ୍ମଦେବ ଶତପଥ କହିଛନ୍ତି, ସେ ଏକ୍ସନ ପ୍ଲାନରେ ଯେଉଁମାନଙ୍କ ନାମ ଥିବ ସେମାନେ ପାଇବେ ।

## କବି ମନୋଜ ପଣ୍ଡା ସମ୍ମାନିତ

ଅସୁରାଳି, ୨୯ ।୧୦(ସମିସ): ସାହିତ୍ୟ ଅନୁଷ୍ଠାନ ସମ୍ଭାବନା ସାହିତ୍ୟ ସଂସଦର ମାସିକ ସାହିତ୍ୟ ଆସର ଓ କବିତାପାଠ ଉତ୍ସବ ଭଦ୍ରକ ସଂସ୍କୃତି ଭବନରେ ଅନୁଷ୍ଠିତ ହୋଇଯାଇଛି । ଏହି ଉତ୍ସବ କୁ ଏସ୍‌ପି ମନୋଜ ରାଉତ୍ ଉଦଘାଟନ କରିଥିଲେ । ନାଟ୍ୟକାର ପ୍ରଫେସର ଅଟଳ ବିହାରୀ ନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମ ଅବସରରେ ବିଭିନ୍ନ



ଅଧିବେଶନରେ ଶ୍ରେଷ୍ଠତ୍ୱ ଅର୍ଜନ କରିଥିବା କବି ଓ ଅନ୍ୟାନ୍ୟ ପ୍ରତିଭାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । କବି ମନୋଜ ପଣ୍ଡାଙ୍କୁ ସମ୍ଭାବନା କବିତା ସମ୍ମାନରେ ସମ୍ବର୍ଦ୍ଧିତ କରାଯାଇଥିଲା । ମନୋଜ ପଣ୍ଡା, ନାଟ୍ୟାଚାର୍ଯ୍ୟ ରଘୁନାଥ ପଣ୍ଡାଙ୍କ ନାତି ତଥା ଜଣେ ସଙ୍ଗୀତ ଶିଳ୍ପୀ ଓ ମଞ୍ଚ ଉପସ୍ଥାପକ ଭାବେ ସୁପରିଚିତ ।

## ସେବାନିବୃତ୍ତ କର୍ମଚାରୀଙ୍କ ପରଲୋକ

ବାରିକପୁର, ୨୯ ।୧୦ (ସମିସ): ଭଣ୍ଡାରିପୋଖରୀ ବ୍ଲକ ରହଣିଆ ଗାଁର ସେବା ନିବୃତ୍ତ କର୍ମଚାରୀ ଦେବେନ୍ଦ୍ର ସାମଲ (୭୭)ଙ୍କ ପରଲୋକ ହୋଇଛି । ସେ ଭୁବନେଶ୍ୱରଠାରେ ୨ପୁଅଙ୍କ ନିକଟରେ ରହୁଥିବା ବେଳେ ହଠାତ୍ ଆଜି ଅସୁସ୍ଥ ହୋଇଥିଲେ । ତାଙ୍କୁ ସଙ୍ଗେ ସଙ୍ଗେ ଏକ ଘରୋଇ ମେଡ଼ିକାଲକୁ ନିଆଯାଇଥିବା ବେଳେ ସେଠାରେ ତାଙ୍କ ମୃତ୍ୟୁ ହୋଇଛି । ସ୍ୱର୍ଗତ ସାମଲ ଧାମନଗର ବ୍ଲକ ପ୍ରଶାସନରେ ଦୀର୍ଘ ବର୍ଷ ଧରି କାର୍ଯ୍ୟ କରିଥିବା ବେଳେ ଅବସର ପରେ ଗାଁର ବିଭିନ୍ନ ଅନୁଷ୍ଠାନ ସହିତ ଜଡ଼ିତ ଥିଲେ । ତାଙ୍କର ମୃତ୍ୟୁ ଖବର ଜଣା ପଡିବା ପରେ ଗ୍ରାମବାସୀ ତଥା ଆତ୍ମୀୟଙ୍କ ମଧ୍ୟରେ ଶୋକର ଛାୟା ଖେଳିଯାଇଛି ।

## ୯ ଦିନ ପୂଜା ପରେ ମା'କାଳୀଙ୍କୁ ମେଲାଣି



ଭଦ୍ରକ, ୨୯ ।୧୦(ସମିସ): ୯ ଦିନ ପ୍ରସିଦ୍ଧ ଭଦ୍ରକ ଚରମ୍ପା କାଳୀଙ୍କ ପୂଜା ପାଇବା ପରେ ବୁଧବାର ସକାଳେ ଶୋଭାଯାତ୍ରାରେ ମା'ଙ୍କ ମେଲାଣି ଦିଆଯାଇଛି । ଚରମ୍ପାର ଟ୍ରାଫିକ୍ କାଳୀ, ଏରେଇ କାଳୀ, ଓଏସଆରଟିସି କାଳୀ, ସ୍କୁଲରୋଡ କାଳୀ, ପାଟଣାସାହି କାଳୀ, ଡଗରାସାହି କାଳୀ ମେଢ ସହ ମୋଟ ୧୦ଟି ମେଢ ଆଜି ବିସର୍ଜନ କରାଯାଇଛି ।

## ଲଗାଣ ବର୍ଷାରେ ଟେଣ୍ଟରେ ପଶିଲା ପାଣି



### ଫିକା ପଡ଼ିଲା କାଳୀ ପୂଜା ବଜାର

ବାସୁଦେବପୁର, ୨୯ ।୧୦(ସମିସ): ପ୍ରାକୃତିକ ବିପର୍ଯ୍ୟୟର କ୍ଷୟକ୍ଷତି ସିନା କମିଲା, ହେଲେ ସାମାଜିକ, ସାଂସ୍କୃତିକ କାର୍ଯ୍ୟକ୍ରମରେ ମୁଖ୍ୟତଃ ବାଧକ ସାଜିଛି । ବାତ୍ୟା ମୋନ୍ଥାର ପ୍ରଭାବରେ ୩ ଦିନ ଧରି ବର୍ଷା ହେବାରୁ ବାସୁଦେବପୁର ଅଞ୍ଚଳର ପ୍ରସିଦ୍ଧ ଗଣପର୍ବ କାଳୀପୂଜା ଫିକା ପଡିଯାଇଛି । ବର୍ଷା ଯୋଗୁଁ ବନ୍ଦ ହୋଇ ପଡିଛି ଅସ୍ଥାୟୀ ଦୋକାନ ବଜାର । ଟେଣ୍ଟ ଭିତରେ ଶୋଇ ତୁହାକୁ ତୁହା ବର୍ଷା ପରିମାଣ ନିରିକ୍ଷଣ କରୁଛନ୍ତି ଦୋଳିର କର୍ମଚାରୀ । ହେଲେ ଲଘୁଚାପଜନିତ ବର୍ଷା ଉତ୍ସବର ମାହୋଲକୁ ଧୂଳିସାତ କରି ଦେଇଛି । ବାସୁଦେବପୁର ଯାଦବ ପଡିଆରେ ଚାଲିଥିବା ସାଂସ୍କୃତିକ କାର୍ଯ୍ୟକ୍ରମ ଅପେରା ସୋ ବନ୍ଦ ହୋଇ ଯାଇଛି । ବାତ୍ୟାରେ ବର୍ଷା ଜଳ ଟେଣ୍ଟରେ ଲହଡ଼ି ମାରୁଛି । ଦିନ ଯାକ ତୁହାକୁ ତୁହା ବର୍ଷା ଜନ ଜୀବନକୁ ଅସ୍ତବ୍ୟସ୍ତ କରିଛି । ମେଳାରେ ଦୋକାନ ଦେଇ ଥିବା ଦୋକାନରେ ପାଣି ପଶିଯାଇଛି । ଛୋଟ ଛୋଟ ପିଲାଙ୍କ ପାଇଁ ମିକି ମାଉସ୍ ଚତୁପାର୍ଶ୍ୱରେ ବର୍ଷା ପାଣି ଲହରୀ ଭାଙ୍ଗୁଛି । ଆନନ୍ଦ ଉଲ୍ଲାସରେ ପାଳିତ ହେଉଥିବା କାଳୀ ପୂଜାରେ ବାଧକ ସାଜିଛି ବାତ୍ୟା ମୋନ୍ଥାର ପ୍ରଭାବ ବର୍ଷା । କାଳୀପୂଜା କମିଟି ପକ୍ଷରୁ ଅପେରା ସୋ କରିବାକୁ ଟେଣ୍ଟ ରେ ଜଳ ନିଷ୍କାସନ କରି ଡଷ୍ଟ ଗୁଣ୍ଡ ପକାଇଛନ୍ତି । ଟିକିଏ ପାଖ ଶୁଖିଲା ହେଲେ ଉଠା ଦୋକାନୀ ଦି'ପଇସା ବିକ୍ରି କରିବା ଉଦ୍ଦେଶ୍ୟରେ ଅନାଇ ବସିଛନ୍ତି । ହେଲେ ମଝି ମଝି ଅସରାଏ ବର୍ଷା ଦର୍ଶକଙ୍କ ଗହଳିରେ ବାଧକ ସାଜୁଛି ।

**Format C-2**

(For political party to publish in website, newspapers, TV)

**Declaration about criminal antecedents of candidates set up by the Party**

*(As per the judgement dated 25th September, 2018 of Hon'ble Supreme Court in WP (Civil) No. 536 of 2011 (Public interest Foundation & Ors. Vs. Union of India & Anr.)*

Name of the Political Party : **BIJU JANATA DAL**

*Name of Election : **BYE-ELECTION TO THE STATE LAGISLATIVE ASSEMBLY OF ODISHA -2025**

Name of State : **ODISHA**

| 1 | 2 | 3 | 4 | | 5 | | |
|---|---|---|---|---|---|---|---|
| Sl. No | Name of Constituency | Name of Candidate | **(A)** Pending criminal cases | | **(B)** Details about cases of conviction for criminal offence(s) | | |
| | | | Name of court, Case No. & status of the case(s) | Section of the Acts concerned & brief description of offence(s) | Name of Court & date(s) of order(s) | Description of offence(s) & Punishment imposed | **Maximum Punishment Imposed.** |
| 1 | **71- NUPADA** ASSEMBLY CONSTITUENCY | **SMT. SNEHANGINI CHHURIA** | **I. S.D.J.M, Bargarh; CT No- 83/ 2025; Bargarh Town PS Case No-36/2025; Awaiting for Final Form**<br>**II. S.D.J.M., Bargarh, CT No-84/2025; Bargarh Town PS Case No- 37/2025; Awaiting for Final Form**<br>**III. S.D.J.M., Bargarh, CT No-86/2025; Bargarh Rural PS Case No- 11/2025; Awaiting for Final Form**<br>**IV. S.D.J.M., Bargarh, CT No-89/2025; Bargarh Town PS Case No- 38/2025; Awaiting for Final Form** | I. U/s 126(2) 189(2) 190, 285, 61(2) B.N.S; Wrongfully restraining any person; Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards.<br>II. U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person; Being member of an unlawful assembly, Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act.<br>III. U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person, Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act.<br>IV. U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person; Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act. | **NA** | **NA** | **NA** |

*In the case of election of Council of States or election to legislative Council by MLAs, mention the election concerned in place of constituency.

**Sd/-**
**(Bhrugu Baxipatra)**
**Senior General Secretary,**
**Biju Janata Dal, Odisha**

N. B. -The above information may be given by the candidate for the necessary action at the end of Party.

# ସକାଳ
THE SAKALA


## କପା ଦୁର୍ନୀତି

ଆମ ରାଜ୍ୟରେ ଧାନର ବିକଳ୍ପ ଚାଷକୁ ପ୍ରାଧାନ୍ୟ ଦିଆଯାଇଥିବାରୁ କଳାହାଣ୍ଡି, ନୂଆପଡ଼ା, ରାୟଗଡ଼ା ଓ ବଲାଙ୍ଗୀର ଜିଲ୍ଲାର କପା ଚାଷ ପ୍ରତି ଆଗ୍ରହ ବଢ଼ିଛି। କପା ଚାଷକୁ ସ୍ଥାନୀୟ ଲୋକେ ଆଦରି ନେଇଛନ୍ତି। ତେବେ ଆଞ୍ଚଳିକ ସ୍ତରରେ କପାର ସେଭଳି ଚାହିଦା ନ ଥିବାରୁ ବିକ୍ରୟ ପାଇଁ ଅନ୍ୟ ଉପରେ ନିର୍ଭର କରିବାକୁ ପଡୁଛି। ଏହହାତରୁ ସେହାତ ଦୁଇ ସେଣାରେ କପା ବିକ୍ରି ହେଉଥିବାରୁ ଚାଷୀ ଉପଯୁକ୍ତ ଲାଭ ପାଉନାହାନ୍ତି। ଅନ୍ୟପକ୍ଷରେ ଯୌଗିକ କପା ଚାଷ ନାମରେ ସକ୍ରିୟ ଥିବା କିଛି ସ୍ଥାନୀୟ ସଂସ୍ଥା କୋଟି କୋଟି ଟଙ୍କା ଲୁଟୁଥିବାର ଜଣାପଡ଼ିଛି। ବିଭାଗୀୟ ସଚିବ ଏ ସଂପର୍କରେ ଅବଗତ ହେବାରୁ ତଦନ୍ତ ଆରମ୍ଭ ଓ ଗୋଟିଏ ପରେ ଗୋଟିଏ ଗୁମର ଖୋଲୁଛି। ଏହାର ସବୁଠାରୁ ଉଲ୍ଲେଖନୀୟ ଦିଗ ହେଲା, ଜୈବିକ କପା ଚାଷର ପ୍ରମାଣ ପତ୍ର ଦେଉଥିବା କେନ୍ଦ୍ରୀୟ ସଂସ୍ଥା ଆପେଡା ଓ ରାଜ୍ୟ ସରକାରକୁ ଅନ୍ଧକାର ରଖି ଏହି ବେଆଇନ କାର୍ଯ୍ୟ ଚାଲିଥିବା ଜଣାପଡ଼ିଛି।

ଏମିତି ଦେଖିବାକୁ ଗଲେ ଉପରୋକ୍ତ ୪ଟି ଜିଲ୍ଲାର ଚାଷୀମାନେ ଜୈବିକ କପାଚାଷ ସଂପର୍କରେ ଅବଗତ ନାହାନ୍ତି। ଅଥଚ ସେମାନଙ୍କୁ ଜୈବିକ କପାଚାଷର ବିହନ ଓ ଚାଷୋପଯୋଗୀ ସରଂଜାମ ଯୋଗାଇ ଦିଆଯାଉଛି ଦର୍ଶାଇ ସେ ବାବଦ ଅର୍ଥ ହରିଲୁଟ ହେଉଛି। କେବଳ ସେତିକି ନୁହେଁ ଚାଷୀ ଯେତିକି ଜମିରେ କପାଚାଷ କରୁଛନ୍ତି, ତାହାଠାରୁ ଅଧିକ ଦର୍ଶାଉ ସେ ବାବଦ ଅତିରିକ୍ତ ସହାୟତା ରାଶି ମଧ୍ୟ ଲୁଟ ହୋଇଛି। ଅଥଚ ସଂପୃକ୍ତ ଅଞ୍ଚଳରେ କେବଳ ପାରମ୍ପରିକ କପାଚାଷ କରାଯାଉଛି। ଯୌଗିକ କପାଚାଷର ପ୍ରଣାଳୀ ତଥା ମିଳୁଥିବା ଅତିରିକ୍ତ ସହାୟତା ସଂପର୍କରେ ଚାଷୀ ଆଦୌ ଅବଗତ ନାହାନ୍ତି। ଏଠାରେ ଉଲ୍ଲେଖ କରାଯାଇପାରେ କି କେବଳ କପା ନୁହେଁ ବିଭିନ୍ନ ଖାଦ୍ୟଶସ୍ୟର ଯୌଗିକ ପ୍ରଣାଳୀ ପ୍ରୟୋଗ ମାଧ୍ୟମରେ ଚାଷ କାର୍ଯ୍ୟ ନିର୍ବାହ ପାଇଁ ଦେଶରେ ଏକ ନିରବ ଆନ୍ଦୋଳନ ମୁଣ୍ଡଟେକିଛି। ତେଣୁ ପ୍ରୟୋଗ ଓ ପ୍ରୋତ୍ସାହନକୁ ବିଭିନ୍ନ ସ୍ତରରେ ପ୍ରାଧାନ୍ୟ ଦିଆଯାଉଛି। ଏହାର ସୁଯୋଗ ନେଇ କିଛି କୃଷି ସାମଗ୍ରୀ ବେପାର କରୁଥିବା ସଂସ୍ଥା ଚାଷୀକୁ ଓ ବ୍ୟବସ୍ଥାକୁ ନିୟନ୍ତ୍ରଣକାରୀଙ୍କୁ ଠିକିବା ସହ କୋଟି କୋଟି ଟଙ୍କାର ମୁନାଫା ଉଠାଇଚାଲିଛନ୍ତି। ଏହି ବ୍ୟପାରରେ ସେବା ପ୍ରଦାନକାରୀ ସଂସ୍ଥାର ଯେ ଆଦୌ ସଂପୃକ୍ତି ନାହିଁ ଏକଥା କୁହାଯାଇନପାରେ । ସ୍ଥାନୀୟ ବେପାରୀମାନେ କେଉଁଠି କେମିତି ହାତଗୁଞ୍ଜା ଦେଇ ଉଦ୍ଦେଶ୍ୟ ସାଧାନ କରାଯାଇପାରିବ ତାହା ସେମାନଙ୍କୁ ବେଶ ଜଣା। କିଏ କିଭଳି କୋଟି କୋଟି ଟଙ୍କା ମାରି ଖାଇଗଲା ତାହା ଯେତେ ବଡ଼ କଥା ନୁହେଁ ଅସଲରେ ଯେଉଁ ଚାଷୀଙ୍କ ପାଇଁ ଏତେ ଯୋଜନା ସେମାନେ ଉପକୃତ ହେଉନାହାନ୍ତି।

ତଦନ୍ତର ତଥ୍ୟ ଅନୁଯାୟୀ ଆଇସିଏମ ପ୍ରଣାଳୀରେ ହେଉଥିବା ଏହି ଚାଷ ଅନୁଯାୟୀ ଚାଷୀଙ୍କୁ ମଞ୍ଜି ବା ବିହନ ଓ ସାର ଯୋଗାଇବାର ବ୍ୟବସ୍ଥା ଥିବାବେଳେ ତାହା କେବଳ କାଗଜପତ୍ରରେ ସୀମିତ ଅଛି। ଉପରୁ ତଳ ପର୍ଯ୍ୟନ୍ତ ସମସ୍ତେ ଏହି କାରବାରରେ ସଂପୃକ୍ତ। ପରସ୍ପରର ଦୋଷ ସବୁସ୍ତରରେ ଘୋଡ଼ାଇ ଦିଆଯାଇ ଥିବାରୁ ଦୁର୍ନୀତି ସାମ୍ନାକୁ ଆସୁନଥିଲା। କପା ସଂଗ୍ରହ ବା ଖରିଦରେ ଏହି ଲାଭଖୋର ସଂସ୍ଥା ଦୋହରା ଲାଭ ଉଠାଇଥିବାର ଜଣାପଡ଼ିଛି। ବଜାରରେ ଜୈବିକ କପାର ବଜାର ମୂଲ୍ୟ ଅନ୍ୟ କପାଠାରୁ ୩୦ ପ୍ରତିଶତ ଅଧିକ। ଅଥଚ ସ୍ଥାନୀୟ ଚାଷୀଙ୍କଠାରୁ ବିଟ କଟନ ମୂଲ୍ୟରେ ସଂଗ୍ରହ ହେଉଥିବା କପାକୁ ବଜାରରେ ଯୌଗିକ ଦର୍ଶାଇ ଏହି ଦଲାଲମାନେ ଅତିରିକ୍ତ ଅର୍ଥ ଉପାର୍ଜନ କରୁଥିବା ବେଳେ ଚାଷୀଙ୍କ ସ୍ୱାର୍ଥକୁ ଆଖିବୁଜି ଦେଇଛନ୍ତି। ଏହି ତଥ୍ୟର କିଛି ଗହନ କଥା ଏବେ ମଧ୍ୟ ସାମ୍ନାକୁ ଆସିନି। ବିଟ କଟନର ଉତ୍ପାଦକୁ ଯୌଗିକ ଦର୍ଶାଇ ଅଧିକ ମୂଲ୍ୟରେ ବିକ୍ରିହେଉଛି କିପରି? ଏପ୍ରକାର ଦୁର୍ନୀତି ଯୋଗୁଁ ବିକଳ୍ପ ଚାଷ ଅଭିଯାନ ବାଧାପ୍ରାପ୍ତ ହେଉଛି।

## ପଡ଼ୋଶୀଙ୍କ ଲୋଲୁପ ଦୃଷ୍ଟି

ଭାରତ ସୀମା ସଂଲଗ୍ନ ତିନିଟି ରାଷ୍ଟ୍ର ପରସ୍ପର ମଧ୍ୟରେ ନିବିଡ଼ ସଂପର୍କ ରକ୍ଷା କରି ଆମର ଆଞ୍ଚଳିକ ଅଖଣ୍ଡତା ପ୍ରତି ବିପଦ ସୃଷ୍ଟି କରୁଛନ୍ତି। ଏପରିକି ସେମାନଙ୍କ ପକ୍ଷରୁ ବିଭିନ୍ନ ସମୟରେ ପ୍ରକାଶିତ ମାନଚିତ୍ରରେ ଭାରତର କିଛି ଅଞ୍ଚଳ ପ୍ରଦର୍ଶନ କରିଥିବା କାହାକୁ ଅଛପା ନାହିଁ। ଭାରତର ପ୍ରତିବାଦ ଓ ପ୍ରତିରୋଧ ଫଳରେ ବିବାଦର ପ୍ରଶମିତ ହୋଇଥିଲା। ଏବେ ନୂଆ ବିବାଦ ସୃଷ୍ଟି ହୋଇଛି ବାଂଲାଦେଶ ପକ୍ଷରୁ। ଭାରତର ସାମରିକ କାର୍ଯ୍ୟାନୁଷ୍ଠାନ ଓ ଅନୁସଙ୍ଗିକ ସହାୟତାରେ ବାଂଲାଦଶ ୧୯୭୧ ରେ ସ୍ୱତନ୍ତ୍ର ରାଷ୍ଟ୍ରରୂପେ ପରିଚିତ ଲାଭ କରିଥିବା ବେଳେ ଏବେ ସେ ମଧ୍ୟ ଶତ୍ରୁତା ଆଚରଣ କରୁଛି। ୨୦୨୪ ରେ ଛାତ୍ର ଆନ୍ଦୋଳନରୁ ଶେଖ ହାସିନା କ୍ଷମତାଚ୍ୟୁତ ହେବା ଓ ତାଙ୍କୁ ଭାରତ ରାଜନୈତିକ ଆଶ୍ରୟ ଦେବା ଘଟଣାରୁ ବିବାଦର ସୂତ୍ରପାତ ହେଉଛି। ଏବର ପରିବର୍ତ୍ତିତ ସରକାର ଚୀନ ଓ ପାକିସ୍ତାନ ସହ ସୁସଂପର୍କ ରକ୍ଷା କରି ଭାରତର ସମଗ୍ର ଉତ୍ତର-ପୂର୍ବାଞ୍ଚଳକୁ ନିଜର ଦର୍ଶାଇ ବୃହତ୍ତର ବାଂଲାଦେଶ ଗଠନ କରିବାକୁ ଚାହୁଛି। ଏହାକୁ କେବଳ ସମୟର ବିଡ଼ମ୍ବନା କୁହାଯାଇପାରେ।

ପରିବର୍ତ୍ତନ ବିଶ୍ୱ କୂଟନୈତିକ ଦୃଶ୍ୟପଟ୍ଟରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଟାରିଫ ବିବାଦର ମୁକାବିଲା ସକାଶେ ଶତ୍ରୁ-ମିତ୍ର ନିର୍ବିଶେଷରେ ଏକଜୁଟ ହୋଇଥିବା ରାଷ୍ଟ୍ରଙ୍କ ମଧ୍ୟରେ ସଂପର୍କର ଯେଉଁ ନୂଆ ପରିଭାଷା ଦୃଶ୍ୟମାନ ହୋଇଛି ସେଥିରେ ଚୀନକୁ ଭାରତ ଅନ୍ୟତମ ସହଯୋଗୀର ମାନ୍ୟତା ଦେଇଛି। ଏହା ସତ୍ତ୍ୱେ ବେଜିଂର ଆଭିମୁଖ୍ୟ ଯେ ଅପରିବର୍ତ୍ତିତ ରହିଛି ତାହା ପ୍ରମାଣିତ ହେଉଛି। ଉପଗ୍ରହରୁ ସଂଗୃହୀତ ଚିତ୍ରରୁ ଜଣାପଡ଼ିଛି ଯେ ଅରୁଣାଚଳ ପ୍ରଦେଶ ସୀମା ନିକଟରେ ଚୀନ ଆଉ ଏକକ ବାୟୁସେନା ଘାଟି ନିର୍ମାଣ କରିଛି। ଅରୁଣାଚଳର ତାୱାଙ୍ଗ ସହରଠାରୁ ମାତ୍ର ୧୦୭ କିଲୋମିଟର ଦୂରରେ ଚୀନର ଏହି ସାମରିକ ପ୍ରସ୍ତୁତି ୩୬ ଟି ଲଢୁଆ ବିମାନ ରହିବା ଭଳି ବ୍ୟବସ୍ଥା ସାଙ୍ଗକୁ ଡ୍ରୋନ ପ୍ରୟୋଗ ପାଇଁ ଆବଶ୍ୟକ ସରଂଜାମ ମଧ୍ୟ ରହିଛି। ଯୁଦ୍ଧ ପରିସ୍ଥିତି ଉପୁଜିଲେ ଏହି ଘାଟିରୁ ଭାରତର ଯେକୌଣସି ଅଞ୍ଚଳ ଉପରେ ଚୀନର ବାୟୁ ସେନା ଆକ୍ରମଣ କରିପାରିବ। ଅନ୍ୟପକ୍ଷରେ ବାଂଲାଦେଶ ଅନ୍ତରୀଣ ସରକାରର ମୁଖ୍ୟ ସଂପ୍ରତି ଚୀନ ଓ ପାକିସ୍ତାନର ନିକଟତର ହେବାରେ ଲାଗିଛନ୍ତି। ନିକଟରେ ଢାକା ଗସ୍ତରେ ଥିବା ପାକିସ୍ତାନର ଜଏଣ୍ଟଚିଫ ଅଫ ଷ୍ଟାଫ କମିଟି ଅଧ୍ୟକ୍ଷ ଜେନେରାଲ ମିର୍ଜାଙ୍କୁ ଦେଇଥି ବା ଉପହାର ପୁଣି ବିବଦର ସୂତ୍ରପାତ କରିଛି, ଯେଉଁଥିରେ କି ଉତ୍ତରପୂର୍ବ ଭାରତର ଏକ ବୃହତ୍ତର ଅଂଶକୁ ବାଂଲାଦେଶର ବୋଲି ଦର୍ଶାଯାଇଛି। ଦ୍ୱିପାକ୍ଷିକ ସଂପର୍କକୁ ସୁଦୃଢ଼ କରିବା ପାଇଁ ଏହା ଚାଲବାଜି କୁହାଯାଇପାରେ। ଏଠାରେ ସୂଚାଇ ଦିଆଯାଇପାରେ କି ପାକିସ୍ତାନ ବିରୋଧରେ ଭାରତର ସାମରିକ କାର୍ଯ୍ୟନୁଷ୍ଠାନ ବେଳେ ଏକ ସମୟରେ ଉତ୍ତରପୂର୍ବାଞ୍ଚଳରେ ଅସ୍ଥିରତା ସୃଷ୍ଟି ସକାଶେ ବାଂଲଦେଶକୁ ପ୍ରୟୋଗ କରିବାର ଯୋଜନା ଇସଲାମାବାଦର ରହିଛି।

ଏକଥା ସତ ଯେ ଭାରତର ଆର୍ଥିକ ପ୍ରଗତି ଓ କୂଟନୈତିକ ପତିଆରା ବୃଦ୍ଧି ପଡ଼ୋଶୀଙ୍କ ପାଇଁ ଆଖିରେ କଣ୍ଟା ହୋଇଛି। ତେଣୁ ଏହି ତ୍ରିମେଣ୍ଟ ଭାରତ ବିରେଧୀ ଷଡ଼ଯନ୍ତ୍ର ରଚନା କରିଚାଲିଛନ୍ତି। ହଠାତ୍ କିଛି ବିପଦ ସୃଷ୍ଟି ନହେଲେ ମଧ୍ୟ ସେମାନଙ୍କ ଲୋଲୁପ ଦୃଷ୍ଟି ପ୍ରତି ଆମକୁ ସତର୍କ ହେବାକୁ ପଡ଼ିବ।



# ସମ୍ପାଦକୀୟ



ଯଦି ବାକ୍ ସ୍ୱାଧୀନତା ପ୍ରତ୍ୟାହାର କରି ନିଆଯାଏ, ତେବେ ଜନତା କେବଳ ବଳି ପାଇଁ ଉଦ୍ଦିଷ୍ଟ ପଶୁ ସମାନ ବୋଲି ଧରାଯିବ।

-ଜର୍ଜ ୱାଶିଂଟନ୍

## ଆଉ ଏକ ସଂସ୍କାର ଅପେକ୍ଷାରେ

**ଗୌରୀ ପ୍ରସାଦ ମହାପାତ୍ର**

ନିକଟରେ ଆମେ ବିଶ୍ୱର ଚତୁର୍ଥ ଅର୍ଥନୈତିକ ମହାଶକ୍ତିର ମାନ୍ୟତା ପାଇଛୁ। ଏହାର ଆଧାର ଓ ଗଣିତ ଯାହା ହେଉ ନା କାହିଁକି ସରକାରଙ୍କ ପାଇଁ ଆତ୍ମୋପଲବ୍ଧିର ଆଉ ଏକ ସୁଯୋଗ ସୃଷ୍ଟି କରିଛି ଏବଂ ପ୍ରଚାରସର୍ବସ୍ୱ ଭାରତୀୟ ରାଜନୀତି ପାଇଁ ପ୍ରଭାବଶାଳୀ ଇନ୍ଧନ ଯୋଗାଇଛି। କିନ୍ତୁ ସାମାଜିକ-ଆର୍ଥିକ ବୈଷମ୍ୟ ଭରା ଭାରତର ଅର୍ଥନୀତିକୁ ସୂକ୍ଷ୍ମ ଅନୁଶୀଳନ କଲେ ଆଶ୍ଚର୍ଯ୍ୟ-ଦ୍ୱନ୍ଦ୍ୱ ବିଜଡ଼ିତ ପ୍ରଶ୍ନଟିଏ ଉଠେ ଯେ ଆମେ କ'ଣ ସତରେ ଚତୁର୍ଥ? ଅର୍ଥନୀତିର କେତେକ ମୌଳିକ ତତ୍ତ୍ୱ ଏବଂ ବିଶ୍ୱ ବଜାର-ଅର୍ଥନୀତିରେ ଭାରତର ସ୍ଥିତିକୁ ବାଦ୍ ଦେଇ ଏହି ପ୍ରଶ୍ନର ଉତ୍ତର ଖୋଜିବା ନିରର୍ଥକ ଓ ନିରାଧାର।

ଯଦି କେବଳ ଉତ୍ପାଦନ ଓ କାରବାର(ନୋମିନାଲ୍ ଜିଡିପି)କୁ ଆଧାର ରୂପେ ନେଇ ଭାରତୀୟ ଅର୍ଥନୀତିର ମୂଲ୍ୟାଙ୍କନ କରାଯାଏ ତେବେ ଆମେ ନିଶ୍ଚିତ ଭାବେ ବିଶ୍ୱରେ ଚତୁର୍ଥ। କିନ୍ତୁ ନୋମିନାଲ୍ ଜିଡିପି ଅର୍ଥନୈତିକ ଅଭିବୃଦ୍ଧିର ବାସ୍ତବ ମୂଲ୍ୟାୟନ ନୁହେଁ, ଯାହାର ସବିଶେଷ ବିଶ୍ଳେଷଣ ସୀମିତ ସ୍ଥାନରେ ସମ୍ଭବ ନୁହେଁ। ଏତିକି କହିଲେ ଯଥେଷ୍ଟ ହେବ ଯେ ଯଦି ଅର୍ଥନୈତିକ ଶକ୍ତିର ଆଧାର ନୋମିନାଲ୍ ଜିଡିପି ହୁଏ ତେବେ ଆମେ ୨୦୦୯ରେ ଜାପାନ୍‌କୁ, ୨୦୨୧ ରେ ଇଂଲଣ୍ଡକୁ ଟପି ଚତୁର୍ଥ ଅର୍ଥନୀତିର ମାନ୍ୟତା ବହୁପୂର୍ବରୁ ହାସଲ କରିସାରିଥିଲୁ। ତେଣୁ ଅର୍ଥନୀତିଜ୍ଞଙ୍କ ପାଇଁ ଭାରତର ସଦ୍ୟତମ ମାନ୍ୟତାରେ ସେଭଳି କିଛି ଉତ୍ସାହଜନକ ସଙ୍କେତ ନାହିଁ। ଅଧିକନ୍ତୁ ଭାରତକୁ ବିଶ୍ୱ ଅର୍ଥନୈତିକ ମହାଶକ୍ତି ମାନ୍ୟତା ପାଇବା ପାଇଁ ଆହୁରି ଅନେକ ବାଟ ଯିବାକୁ ଅଛି ଏବଂ ଏଥିପାଇଁ ଭାରତୀୟ ଅର୍ଥନୀତି ଆଉ ଏକ ସଂସ୍କାର ଅପେକ୍ଷାରେ ରହିଛି।

ଏବେ ଆମେ ଭାରତୀୟ ଅର୍ଥନୀତିର କେତେକ ମୌଳିକ ତଥ୍ୟ ଉପରେ କିଞ୍ଚିତ ଆଲୋଚନା କରିବା। ୧୯୪୭ରେ ଏକ ନିମ୍ନବିତ୍ତ ବା ଗରିବ ରାଷ୍ଟ୍ର ଭାବେ ଜନ୍ମ ନେଇଥିବା ଆମ ଦେଶ ୬୦ ବର୍ଷ ପରେ ଅର୍ଥାତ୍ ୨୦୦୭ ରେ ଯାଇ 'ନିମ୍ନ-ମଧ୍ୟବିତ୍ତ' ଦେଶ ଭାବେ ବିଶ୍ୱବ୍ୟାଙ୍କ ଦ୍ୱାରା ମାନ୍ୟତା ପାଇଲା। ପରବର୍ତ୍ତୀ ୧୮ ବର୍ଷ ପରେ ମଧ୍ୟ ଆମେ ପରବର୍ତ୍ତୀ ସୋପାନକୁ ଉନ୍ନୀତ ହୋଇପାରିନାହୁଁ। ମଧ୍ୟବିତ୍ତ ଶ୍ରେଣୀ ବର୍ଗରେ ପହଞ୍ଚିବା ପାଇଁ ମୁଣ୍ଡପିଛା ହାରାହାରି ଆୟ ୪, ୫୧୬ ଆମେରିକୀୟ ଡଲାର ହେବା ଆବଶ୍ୟକ ଥିବା ବେଳେ ଗତ ୧୮ ବର୍ଷ ମଧ୍ୟରେ ଆମ ଦେଶର ମୁଣ୍ଡପିଛା ଆୟ ହାରାହାରି ୧, ୦୨୨ ଆମେରିକୀୟ ଡଲାରରୁ ମାତ୍ର ୨, ୭୦୦ଆମେରିକୀୟ ଡଲାରକୁ ବୃଦ୍ଧି ପାଇଛି। 'ଇଣ୍ଡିଆ ରେଟିଂ ଆଣ୍ଡ ରିସର୍ଚ୍ଚ'ର ଆକଳନ ଅନୁଯାୟୀ, ଭାରତୀୟ ଅର୍ଥନୀତିର ସାମ୍ପ୍ରତିକ ଧାରା ଜାରି ରହିଲେ ଉଚ୍ଚ ମଧ୍ୟବିତ୍ତ ଦେଶର ମାନ୍ୟତା ପାଇଁ ୨୦୩୬ ମସିହା ପର୍ଯ୍ୟନ୍ତ ଏବଂ ଉଚ୍ଚବର୍ଗର ବା ୧୫ ଟ୍ରିଲିୟନ ଅର୍ଥନୀତିରେ ପହଞ୍ଚିବା ପାଇଁ ୨୦୪୭ ଯାଏଁ ଅପେକ୍ଷା କରିବାକୁ ପଡ଼ିବ। ସେହି ସମୟ ବେଳକୁ ଆମ ମୁଣ୍ଡପିଛା ଆୟ ୧୩, ୮୪୬ ଡଲାର ହେବାକୁ ପଡ଼ିବ। ଆମେରିକାର ମୁଣ୍ଡପିଛା ଆୟର ଏକ-ଚତୁର୍ଥାଂଶ ହାସଲ ପାଇଁ ଆମକୁ ଆହୁରି ୭୫ ବର୍ଷ ଯାଏଁ ଅପେକ୍ଷା କରିବାକୁ ପଡ଼ିବ। କିନ୍ତୁ ଏହି ସମୟ ଭିତରେ ବିଶ୍ୱ ଓ ଭାରତର ଅର୍ଥନୀତିର ସ୍ଥିରତା ଉପରେ ସବୁକିଛି ନିର୍ଭର କରୁଛି। ସେତେବେଳକୁ ଆମେରିକାର ଅର୍ଥନୀତି ଆହୁରି ୭ଗୁଣା ବଢ଼ି ଯାଇଥିବ।

ନୈରାଶ୍ୟର ବିଷୟ ହେଉଛି ବିଗତ ୩୦ ବର୍ଷ ଧରି ଭାରତର ହାରାହାରି ଅଭିବୃଦ୍ଧି ହାର ୬% ରହିଛି। ୧୯୭୩-୧୯୮୨ ଏବଂ ୨୦୦୩-୨୦୧୨କୁ ଛାଡ଼ିଦେଲେ ଅର୍ଥନୈତିକ ହାରାହାରି ଅଭିବୃଦ୍ଧି ହାର ୯% ଉପରକୁ ଉଠି ପାରିନାହିଁ। ପ୍ରଖ୍ୟାତ୍ ଅର୍ଥନୀତିଜ୍ଞ ରଘୁରାମ ରାଜନ୍‌ଙ୍କ ଆକଳନ ଅନୁଯାୟୀ ପ୍ରଚଳିତ ଧାରା ଅପରିବର୍ତ୍ତିତ ରହିଲେ ୨୦୬୦ ସୁଦ୍ଧା ଭାରତର ମୁଣ୍ଡପିଛା ଜିଡିପି ୧୦ ହଜାର ଡଲାର ହେବ, ଯାହା ବର୍ତ୍ତମାନର ଚୀନ୍ ତୁଳନାରେ ମଧ୍ୟ କମ୍। ବରିଷ୍ଠ ବିଜେପି ନେତା ରାମ ମାଧବ 'ଦ ନିଉ ୱାର୍ଲ୍ଡ: ୨୧ ସେଞ୍ଚୁରୀ ଗ୍ଲୋବାଲ୍ ଅର୍ଡର ଆଣ୍ଡ ଇଣ୍ଡିଆ' ପୁସ୍ତକରେ ଉଲ୍ଲେଖ କରିଛନ୍ତି ଯେ ଆଗାମୀ ୨୦ ବର୍ଷ ପର୍ଯ୍ୟନ୍ତ ୧୦% ଅଭିବୃଦ୍ଧି ହାରରେ ବଢ଼ିଲେ ଯାଇ ଭାରତ ବିକଶିତ ଅର୍ଥନୀତି ହୋଇପାରିବ।

ସେହିପରି ଚଳିତ ଦଶନ୍ଧି ସୁଦ୍ଧା ଆମକୁ ମଧ୍ୟବିତ୍ତ ଦେଶର ମାନ୍ୟତା ପାଇବାକୁ ହେଲେ ସବୁରାଜ୍ୟର ମୁଣ୍ଡପିଛା ଆୟ ହାରାହାରି ୪, ୧୯୫ ଡଲାର ପାଖାପାଖି ପହଞ୍ଚିବା ଆବଶ୍ୟକ। ପଶ୍ଚିମ ଓ ଦକ୍ଷିଣ ଭାରତୀୟ ରାଜ୍ୟମାନଙ୍କ ତୁଳନାରେ ଅବଶିଷ୍ଟ ଭାରତର ହାରାହାରି ମୁଣ୍ଡପିଛା ଆୟ ଏବେ ନିମ୍ନ-ମଧ୍ୟବିତ୍ତ ଠାରୁ ମଧ୍ୟ କମ୍। କେବଳ ଦିଲ୍ଲୀର ମୁଣ୍ଡପିଛା ଆୟ ୫୫୭୯ ଡଲାର ଥିବା ବେଳେ ତେଲଙ୍ଗାନାର ୪୩୦୬, କର୍ଣ୍ଣାଟକର ୪୦୨୧, ହରିଆଣାର ୩୯୩୪, ତାମିଲନାଡୁର ୩୮୦୭ ଡଲାର ରହିଛି। ଅପରପକ୍ଷରେ ବିହାରର ମୁଣ୍ଡପିଛା ଆୟ ୭୨୯ ଡଲାର ଥିବା ବେଳେ ଛତିଶଗଡ଼ ୧୭୮୦, ପଶ୍ଚିମବଙ୍ଗ ୧୮୬୧, ଓଡ଼ିଶା ୧୯୭୦ ଡଲାର ରହିଛି। ଏପରିକି ବାଂଲାଦେଶ ଓ ନେପାଳର ହାରାହାରି ଆୟଠାରୁ ଉତ୍ତରପ୍ରଦେଶ ଓ ବିହାରର ହାରାହାରି ଆୟ କମ୍। ଏହି ଆଞ୍ଚଳିକ ବୈଷମ୍ୟଭରା ସ୍ଥିତିରେ ଆମେ ବୃହତ୍ ଅର୍ଥନୈତିକ ଶକ୍ତି ହେବା କେମିତି?

ବିଗତ ୧୫ ବର୍ଷ ମଧ୍ୟରେ ଜନସଂଖ୍ୟାର ସର୍ବୋଚ୍ଚ ସମ୍ପଦଧାରୀ ୧୫% ରୁ ୫୦% ମଧ୍ୟରେ ଥିବା ଗୋଷ୍ଠୀଙ୍କ ଆୟ ସ୍ଥାଣୁ ହୋଇଯାଇଛି। ମାଗଣା ଯୋଜନା ଓ ରିହାତି ଯୋଗୁଁ ଅର୍ଥନୀତିର ସବୁଠାରୁ ନିମ୍ନ ବର୍ଗରେ ଥିବା ଜନସଂଖ୍ୟାଙ୍କ ଆୟ ବଢ଼ିଛି। କିନ୍ତୁ ୧୮ ରୁ ୩୬ ବର୍ଷ ବର୍ଗର ୧୨୦ ନିୟୁତ ଲୋକଙ୍କ ପାଖରେ ନା ପର୍ଯ୍ୟାପ୍ତ ଶିକ୍ଷା ଅଛି ନା ରୋଜଗାର। କୃଷିରେ ଶ୍ରମିକ ନିୟୋଜନ ସର୍ବୋଚ୍ଚ ସ୍ତରରେ ପହଞ୍ଚିଥିବା ବେଳେ ମୋଟ ଘରୋଇ ଉତ୍ପାଦ(ଜିଡିପି)ରେ ବିନିର୍ମାଣର ଅବଦାନ ଗତ ୩୦ ବର୍ଷର ସର୍ବନିମ୍ନ ସ୍ତରକୁ ଖସି ଆସିଛି। କେବଳ ଅଣସଂଗଠିତ ଓ ଅନୌପଚାରିକ କ୍ଷେତ୍ରରେ ଉତ୍ପାଦନ ଓ ନିଯୁକ୍ତି ହାର ବଢ଼ିଛି। ଆମ ଦେଶରେ ସ୍ମାର୍ଟଫୋନ୍, ଦୁଇ-ଚାରିଚକିଆ ଗାଡ଼ିର ଉତ୍ପାଦନ ଓ ବିକ୍ରିକୁ ଛାଡ଼ିଦେଲେ ବଜାର ଅର୍ଥନୀତିରେ ଚାହିଦା ହ୍ରାସ ପାଇବାରେ ଲାଗିଛି। ଏଥିଯୋଗୁଁ ଯୋଗାଣକାରୀଙ୍କ ଲାଭ ସହିତ ବାସ୍ତବ ଓ ମୁଦ୍ରାସ୍ଫୀତି ଆଧାରିତ ମଜୁରୀ ହାର ଉଦ୍‌ବେଗଜନକ ଭାବେ କମିବାରେ ଲାଗିଛି। ନିବେଶ ସଂକୁଚିତ ହୋଇଛି। ଋଣ ପରିଶୋଧ କରିବା ଲାଗି କମ୍ପାନୀମାନେ ସରକାରୀ ସହାୟତା ଉପରେ ନିର୍ଭର କରୁଛନ୍ତି। ସରକାର ଅନେକ ରାଷ୍ଟ୍ରାୟତ୍ତ ଉଦ୍ୟୋଗରୁ ପୁଞ୍ଜି ପ୍ରତ୍ୟାହାର କରି ନେଉଥିବାରୁ ପ୍ରତିଭୂତି ବଜାରର ସରକାରୀ ରାଜକୋଷକୁ ଯୋଗଦାନ କମିବାରେ ଲାଗିଛି। ଆମ ଅର୍ଥନୀତିର ଆଉ ଏକ ବିଡ଼ମ୍ବନା ହେଉଛି ଆଭ୍ୟନ୍ତରୀଣ ଉତ୍ପାଦନ କେବଳ ଦେଶର ୧୫% ଧନିକଙ୍କ ଚାହିଦା ମେଣ୍ଟାଇବାରେ ସକ୍ଷମ ଥିବା ବେଳେ ଗରିବ ଜନକଲ୍ୟାଣ, ଜୀବନଧାରଣ ଓ ଖାଦ୍ୟ ନିରାପତ୍ତା ସୁନିଶ୍ଚିତ କରିବା ପାଇଁ ସରକାରଙ୍କୁ ଆମଦାନୀ ଉପରେ ନିର୍ଭର କରିବାକୁ ପଡୁଛି।

ବିଶ୍ୱର ଅର୍ଥନୈତିକ ଶକ୍ତି ହେବା ପାଇଁ ପ୍ରଥମେ ନିମ୍ନ-ମଧ୍ୟବିତ୍ତର ଲକ୍ଷ୍ମଣରେଖା ଡେଇଁ ଆମେ ମଧ୍ୟବିତ୍ତ ମାନ୍ୟତା ହାସଲ କରିବା ନିହାତି ଆବଶ୍ୟକ। ଏଥିପାଇଁ ସର୍ବପ୍ରଥମେ ଚାହିଦାକୁ କ୍ରମଶଃ ଅଣସଂଗଠିତ ନିମ୍ନଗୁଣବତ୍ତା ସମ୍ପନ୍ନ ସୁଲଭ ସାମଗ୍ରୀରୁ ମହଙ୍ଗା ଓ ଉଚ୍ଚ ଗୁଣବତ୍ତା ସମ୍ପନ୍ନ ଔପଚାରିକ କ୍ଷେତ୍ରକୁ ଉନ୍ନୀତ କରିବା ଜରୁରୀ। କିନ୍ତୁ ବର୍ତ୍ତମାନ ଦେଶର ୮୦ କୋଟି ପରିବାର ବିନା ରିହାତିରେ ଜୀବନଧାରଣର ସର୍ବନିମ୍ନ ଆବଶ୍ୟକତା ମେଣ୍ଟାଇବାରେ ଅକ୍ଷମ। ଏଭଳି ସ୍ଥିତିରେ ବଜାର ଅର୍ଥନୀତି ବିକଶିତ ହେବ କେମିତି? ଦ୍ୱିତୀୟତଃ, କୌଣସି ରାଷ୍ଟ୍ରର ଅର୍ଥନୈତିକ ଶକ୍ତି ଓ ସ୍ଥାନ 'ପର୍ଚେଜିଂ ପାୱାର ପାରିଟି' ଅନୁଯାୟୀ ନିର୍ଦ୍ଧାରିତ ହୋଇଆସୁଛି। ଆୟ ସମାନ ଥିଲେ ମଧ୍ୟ ଭୌଗୋଳିକ ସ୍ଥିତି ଓ ସମୟ ଅନୁଯାୟୀ ବଜାରମୂଲ୍ୟ ଓ ଜୀବନଧାରଣର ମାନରେ ତାରତମ୍ୟ କିଭଳି ସାମଗ୍ରିକ ଭାବେ ଆଞ୍ଚଳିକ ଅର୍ଥନୀତିକୁ ପ୍ରଭାବିତ କରୁଛି ତାହା 'ପର୍ଚେଜିଂ ପାୱାର ପାରିଟି' ସୂଚକାଙ୍କ ନିର୍ଦ୍ଧାରଣ କରୁଛି। ଉଦାହରଣ ସ୍ୱରୂପ ସମାନ ବେତନଧାରୀ ଦୁଇଜଣ ପେସାଦାରଙ୍କ ମଧ୍ୟରୁ ଜଣେ ମେଟ୍ରୋ ସହରରେ, ଆଉ ଜଣେ 'ଖ' ବର୍ଗର ସହରରେ ରହିଲେ। କୌଣସି ପଦୋନ୍ନତି କିମ୍ବା ବେତନ ବୃଦ୍ଧି ବିନା ପାଞ୍ଚ ବର୍ଷ ପରେ ମେଟ୍ରୋ ସହରବାସୀ ପେସାଦାରଙ୍କ ଅର୍ଥନୈତିକ ସ୍ଥିତି ତୁଳନାରେ 'ଖ' ବର୍ଗ ସହରବାସୀ ପେସାଦାରଙ୍କ ଆର୍ଥିକ ସ୍ଥିତି ଉନ୍ନତ ରହିବ; ଅଥଚ ସେହି ସମୟ ମଧ୍ୟରେ 'ଖ' ବର୍ଗ ସହରର ସାମଗ୍ରିକ ଜିଡିପିଠାରୁ ମେଟ୍ରୋ ସହର ଅର୍ଥନୈତିକ ଅଭିବୃଦ୍ଧି ହାର ବହୁ ଗୁଣା ଅଧିକ ବଢ଼ିଯାଇଥିବ। ଏହି ଆଧାରରେ ଆମର ଅର୍ଥନୀତି ବିଶ୍ୱର ପ୍ରଥମ ପାଞ୍ଚ ସ୍ଥାନରୁ କାହିଁ କେତେ ଦୂରରେ ରହୁଛି। ୨୦୨୧ ରେ ନୋମିନାଲ୍ ଜିଡିପିରେ ଆମେ ଇଂଲଣ୍ଡକୁ ଟପିସାରିଥିଲୁ। କିନ୍ତୁ ସେତେବେଳେ ଇଂଲଣ୍ଡର ମୁଣ୍ଡପିଛା ଜିଡିପି ୪୬, ୧୧୫ ଡଲାର ଥିବା ବେଳେ ଆମର ଥିଲା ୨, ୨୫୦ ଡଲାର। ବର୍ତ୍ତମାନ ସେ ଦେଶର ମୁଣ୍ଡପିଛା ଜିଡିପି ୫୪, ୯୪୯ ଥିବା ବେଳେ ବିଶ୍ୱର ଚତୁର୍ଥ ବୃହତ୍ ଅର୍ଥନୀତି ପାଇ ମଧ୍ୟ ଆମର ମୁଣ୍ଡ ପିଛା ଜିଡିପି ୨, ୮୭୯ ଡଲାର ରହିଛି। ତେଣୁ ଏ ଦିଗରେ ଆମକୁ ମାତ୍ରାଧିକ ଉତ୍ସାହିତ ନ ହୋଇ ଆହୁରି ଅନେକ ବାଟ ଚାଲିବାର ଅଛି। ଏଥିପାଇଁ ଚୀନ୍‌କୁ ଉଦାହରଣ ଓ ପ୍ରେରଣା ରୂପେ ନିଆଯାଇପାରେ। ଉଲ୍ଲେଖନୀୟ ପ୍ରଗତି ଏବଂ ନୋମିନାଲ୍ ଜିଡିପିରେ ବିଶ୍ୱର ଦ୍ୱିତୀୟ ବୃହତ୍ ଅର୍ଥନୀତି ମାନ୍ୟତା ସତ୍ତ୍ୱେ ସେ ଦେଶ ଏ ପର୍ଯ୍ୟନ୍ତ ଉଚ୍ଚବିତ୍ତ ବର୍ଗରେ ପହଞ୍ଚିପାରିନାହିଁ।

ଆମ ଦେଶରେ ବିଗତ ୧୦ ବର୍ଷ ଭିତରେ କୌଣସି ନୀତିଗତ ସଂସ୍କାର ହୋଇନାହିଁ। ଯାହାକିଛି ଆଂଶିକ ସଂସ୍କାର ହୋଇଛି ତାହା ବଡ଼ କମ୍ପାନୀଙ୍କୁ ସୁହାଇଛି ଏବଂ ଛୋଟ କମ୍ପାନୀଙ୍କୁ କ୍ଷତିଗ୍ରସ୍ତ କରିଛି। ତେଣୁ ଏକ ବୃହତ୍ ସଂସ୍କାର ବିନା ଅର୍ଥନୈତିକ ମହାଶକ୍ତିର ମର୍ଯ୍ୟାଦା ଓ ବାସ୍ତବତା ଆମ ପାଇଁ କେବଳ ଏକ ସ୍ୱପ୍ନ ହୋଇ ରହିଯିବ। ଆମକୁ ମନେ ରଖିବାକୁ ହେବ ଯେ ମାନ୍ୟତା ଓ ମର୍ଯ୍ୟାଦା ଭିତରେ ଫରକ ଅନେକ।

ଭୁବନେଶ୍ୱର, ମୋ: ୯୩୩୮୦୮୭୯୦୦

## ସର୍ବଭାରତୀୟ ପ୍ରଶାସନିକ ସେବା: ରାଷ୍ଟ୍ରନିର୍ମାଣର ଇସ୍ପାତ ଢାଞ୍ଚା

**ରଞ୍ଜନ କୁମାର ରାୟ**

ଏକ ରାଷ୍ଟ୍ରର ମାନ ନିର୍ଦ୍ଧାରଣ କେବଳ ଏହାର ଭୌଗୋଳିକ ସ୍ଥିତି ଦ୍ୱାରା ନୁହେଁ, ବରଂ ଏହାର ପ୍ରତିଷ୍ଠାନଗୁଡ଼ିକର ଦକ୍ଷତା, ନିରପେକ୍ଷତା ଏବଂ ସ୍ଥିରତା ଦ୍ୱାରା କରାଯାଏ। ସ୍ୱାଧୀନତା ପରବର୍ତ୍ତୀ ଭାରତରେ ଅଖିଳ ଭାରତୀୟ ପ୍ରଶାସନିକ ସେବା(ଆଇଏଏସ୍, ଆଇପିଏସ୍, ଆଇଏଫ୍‌ଓଏସ୍) ପ୍ରଶାସନ ଏବଂ ସମ୍ବିଧାନର ତୃତୀୟସ୍ତମ୍ଭର ମେରୁଦଣ୍ଡ ଭାବରେ କାର୍ଯ୍ୟ କରିଛି, କେନ୍ଦ୍ର-ରାଜ୍ୟ ମଧ୍ୟରେ ସମନ୍ୱୟକୁ ସୁଦୃଢ଼ ଓ ସୁନିଶ୍ଚିତ କରିଛି, ଶାସନ-ନାଗରିକଙ୍କ ମଧ୍ୟରେ ବ୍ୟବଧାନକୁ ଦୂର କରିଛି। ଭାରତୀୟ ପ୍ରଶାସନିକ ସେବା ଓ ଅଧିକାରୀଙ୍କ ଅବଦାନ ଏହା ପ୍ରମାଣିତ ଓ ପ୍ରତିଫଳିତ କରେ ଯେ କିପରି ଲୌହମାନବ ସର୍ଦ୍ଦାର ବଲ୍ଲଭ ଭାଇ ପଟେଲଙ୍କ ଦୃଷ୍ଟିକୋଣ ଏକ ଦୃଢ଼, ଏକୀକୃତ ଓ ପ୍ରତିକ୍ରିୟାଶୀଳ ରାଷ୍ଟ୍ରର ପ୍ରଶାସନିକ ବ୍ୟବସ୍ଥାକୁ ମାର୍ଗଦର୍ଶନ କରି ଚାଲିଛି।

ଏକ ନୂତନ ସ୍ୱାଧୀନ ରାଷ୍ଟ୍ରର ଭଙ୍ଗୁରତାକୁ ଠିକ୍ ରୂପେ ଅନୁମାନ କରି ଏକ ବୃତ୍ତିଗତ, ନିରପେକ୍ଷ ଏବଂ ପ୍ରଭାବଶାଳୀ ନାଗରିକ ସେବା ଉପରେ ଗୁରୁତ୍ୱ ଦେଇଥିଲେ, ଯାହା ସ୍ୱାଧୀନ ଭାରତର ଶାସନ ଓ ପ୍ରଶାସନିକ ବ୍ୟବସ୍ଥାରେ ଏକ ସୁଦୃଢ଼ ଇସ୍ପାତ ଢାଞ୍ଚା ରୂପେ କାର୍ଯ୍ୟ କରିବ। ଏହି ଢାଞ୍ଚା ସଂଘୀୟ ବ୍ୟବସ୍ଥାରେ କେନ୍ଦ୍ର ସରକାରଙ୍କୁ ବିଭିନ୍ନ ରାଜ୍ୟ ସହିତ ସଂଯୋଗ କରିବ, ନୀତିଗୁଡ଼ିକୁ ସମାନ ଭାବରେ କାର୍ଯ୍ୟକାରୀ କରିବାରେ ସମନ୍ୱୟ ରକ୍ଷା କରିବ ଏବଂ ଆର୍ଥିକ-ସାମାଜିକ ବିକାଶକୁ ପ୍ରୋତ୍ସାହିତ କରିବ ଏବଂ ଆଇନ ଶୃଙ୍ଖଳା ବଜାୟ ରଖିବ। ସର୍ଦ୍ଦାର ପଟେଲ ବୁଝିପାରିଥିଲେ ଯେ ଅଖଣ୍ଡ ଭାରତର ସାର୍ବଭୌମତ୍ୱର ସୁରକ୍ଷା ପାଇଁ କେବଳ ରାଜନୈତିକ ଏକତା ଯଥେଷ୍ଟ ନୁହେଁ। ଏଥିପାଇଁ ଆବଶ୍ୟକ ଏପରି ଏକ ସୁଦୃଢ଼ ବ୍ୟବସ୍ଥା, ଯେଉଁଥିରେ ଗଣତାନ୍ତ୍ରିକ ଅନୁଷ୍ଠାନଗୁଡ଼ିକ ନୀତିଗୁଡ଼ିକୁ ବ୍ୟବାହାରିକ ଶାସନରେ ରୂପାନ୍ତରିତ କରିପାରିବେ, ସ୍ଥାୟୀ ଶାନ୍ତି ବାହାଲ କରିପାରିବେ ଏବଂ ଅଭିବୃଦ୍ଧିକୁ ସୁଦୃଢ଼ କରିପାରିବେ।

ସର୍ବଭାରତୀୟ ସେବା ଅଧିକାରୀମାନଙ୍କୁ ଜିଲ୍ଲା ଓ ରାଜ୍ୟଗୁଡ଼ିକରେ ନିଯୁକ୍ତ କରାଯାଇଛି, ଯାହାଦ୍ୱାରା ସରକାର ନେଉଥିବା ନୀତିଗତ ନିଷ୍ପତ୍ତି ଏବଂ ଜନତାଙ୍କ ପହଞ୍ଚି ଉଭୟଙ୍କ ମଧ୍ୟରେ ସଂଯୋଗ ରକ୍ଷା କରିପାରୁଛି। ନିର୍ବାଚନ ତଦାରଖ ଠାରୁ ଆରମ୍ଭ କରି ସାମାଜିକ କଲ୍ୟାଣ ଯୋଜନା କାର୍ଯ୍ୟକାରୀ କରିବା ପର୍ଯ୍ୟନ୍ତ, ସେମାନେ ଆଇନର ଶାସନ, ସମାନତା ଏବଂ ଜାତୀୟ ଏକତାକୁ ବଜାୟ ରଖିଛନ୍ତି। ପ୍ରତ୍ୟେକ ଜିଲ୍ଲାରେ ସେମାନଙ୍କର ଉପସ୍ଥିତି ନିଶ୍ଚିତ କରେ ଯେ ଶାସନ କେବଳ ସହରାଞ୍ଚଳ କେନ୍ଦ୍ରଗୁଡ଼ିକରେ କେନ୍ଦ୍ରିତ ନୁହେଁ, ପ୍ରତ୍ୟେକ ନାଗରିକଙ୍କୁ ଜାତୀୟ ପ୍ରକଳ୍ପରେ ଭାଗୀଦାର କରିଥାଏ। ଅନେକ ଅଞ୍ଚଳରେ ଅଧିକାରୀମାନେ ବିପର୍ଯ୍ୟୟ ପ୍ରଶମନ, ସ୍ଥାନୀୟ ଯୋଜନା ଏବଂ ସାମାଜିକ ପଦକ୍ଷେପରେ ଅତିରିକ୍ତ ଭୂମିକା ଗ୍ରହଣ କରନ୍ତି, ଯାହା ସର୍ଦ୍ଦାର ପଟେଲ୍‌ଙ୍କ ପରିକଳ୍ପିତ ଇସ୍ପାତ ଢାଞ୍ଚାର ବହୁମୁଖୀ ପ୍ରଭାବକୁ ପ୍ରତିଫଳିତ କରେ।



ଏହା ପ୍ରାକୃତିକ ବିପର୍ଯ୍ୟୟ, ନାଗରିକ ଅଶାନ୍ତି, ମହାମାରୀ ପରି ସ୍ଥିତିରେ ସର୍ବଭାରତୀୟ ସେବା ଅଧିକାରୀମାନେ ନିରନ୍ତରତା, ସମନ୍ୱୟ ଓ ନେତୃତ୍ୱର ପରାକାଷ୍ଠା ପ୍ରଦର୍ଶନ କରିଆସୁଛନ୍ତି। ସ୍ଥାନୀୟ ବାସ୍ତବତା ସହିତ କେନ୍ଦ୍ରୀୟ ନିର୍ଦ୍ଦେଶାବଳୀକୁ ସମନ୍ୱିତ କରିବାର ସେମାନଙ୍କର କ୍ଷମତା ଭାରତକୁ ଆଭ୍ୟନ୍ତରୀଣ ଆହ୍ୱାନର ମୁକାବିଲା କରିବାକୁ ଏବଂ ବିବିଧତାରେ ଏକତା ବଜାୟ ରଖିବାକୁ ପ୍ରେରଣା ଓ ଉତ୍ସାହ ଦିଏ। ଆସାମର ବନ୍ୟାଠାରୁ ଗୁଜରାଟର ଭୂମିକମ୍ପ ପର୍ଯ୍ୟନ୍ତ ସଙ୍କଟ ସମୟରେ ଦେଶର ସ୍ଥିରତା, ଅତ୍ୟାବଶ୍ୟକ ସେବା ପ୍ରଦାନ ସୁନିଶ୍ଚିତ କରିବା ସହିତ ସାମ୍ପ୍ରଦାୟିକ ସଦ୍‌ଭାବନା, ଶାନ୍ତି ଓ ସ୍ଥିରତା ରକ୍ଷା କରିବାରେ ଏହି ଅଧିକାରୀଙ୍କ ଭୂମିକା ଅପରିହାର୍ଯ୍ୟ ଓ ପ୍ରଶଂସନୀୟ।

ପ୍ରଶିକ୍ଷଣ, ପ୍ରଶାସନ ଓ ନାଗରିକମାନଙ୍କ ସହିତ ଦୈନନ୍ଦିନ ପାରସ୍ପରିକ ସମ୍ପର୍କ, ସମନ୍ୱୟ ଓ ଭାବ ବିନିମୟ ମାଧ୍ୟମରେ ଭାରତୀୟ ସେବା ବିଭାଗଗୁଡ଼ିକ ସହଭାଗୀ ଦାୟିତ୍ୱ ଏବଂ ରାଷ୍ଟ୍ରୀୟ ଭାବନା ଜାଗ୍ରତ କରନ୍ତି। ଅଧିକାରୀମାନେ ବିଭିନ୍ନ ଗୋଷ୍ଠୀ ଓ ବିବାଦ ସମାଧାନରେ ମଧ୍ୟସ୍ଥତା କରନ୍ତି ଏବଂ ନୀତିଗୁଡ଼ିକର ସମାବେଶୀ ରୂପାୟନକୁ ନିଶ୍ଚିତ କରନ୍ତି, ଯାହା ଦ୍ୱାରା ଶାସନରେ ସମନ୍ୱୟ ଓ ବିଶ୍ୱାସ ଉଭୟକୁ ସୁଦୃଢ଼ କରିଥାଏ। ଏହି ଦୈନନ୍ଦିନ କାର୍ଯ୍ୟ ସାମାଜିକ ସଂହତିକୁ ସୁଦୃଢ଼ କରେ ଏବଂ ଆଇନ, ନ୍ୟାୟ ଓ ସାର୍ବଜନିତ ମୂଲ୍ୟବୋଧ ପ୍ରତି ସମ୍ମାନକୁ ପ୍ରୋତ୍ସାହିତ କରେ, ଯାହା ଏକ ରାଷ୍ଟ୍ରୀୟ ଏକତାର ଭିତ୍ତିକୁ ସୁଦୃଢ଼ କରେ।

ଏକ ଅଖଣ୍ଡ ଭାରତ ପାଇଁ ଦୃଢ଼ ଅନୁଷ୍ଠାନ ଅତ୍ୟାବଶ୍ୟକ - ସର୍ଦ୍ଦାର ପଟେଲ୍‌ଙ୍କ ଏହି ଦୂରଦୃଷ୍ଟି, ବିଶ୍ୱାସ ଓ ଦୃଷ୍ଟିଭଙ୍ଗୀକୁ ସର୍ବଭାରତୀୟ ସେବାଗୁଡ଼ିକ ପ୍ରମାଣିତ କରେ। ସେମାନେ ଦୃଷ୍ଟିକୋଣକୁ କାର୍ଯ୍ୟରେ, ନୀତିକୁ ପ୍ରୟୋଗରେ ଏବଂ ବିଚାରଧାରାକୁ ମୂର୍ତ୍ତ ଜାତୀୟ ସଂହତିରେ ରୂପାନ୍ତରିତ କରନ୍ତି। ରାଷ୍ଟ୍ରୀୟ ଏକତା ଦିବସରେ, ରାଷ୍ଟ୍ର ନିର୍ମାଣରେ ସେମାନଙ୍କର ଅବଦାନ ଯେକୌଣସି ରାଜନୈତିକ କିମ୍ବା ସାଂସ୍କୃତିକ ପ୍ରୟାସ ପରି ଗୁରୁତ୍ୱପୂର୍ଣ୍ଣ। ସେମାନେ ନିଶ୍ଚିତ କରନ୍ତି ଯେ ସମନ୍ୱୟ, ନ୍ୟାୟ ଓ ଜାତୀୟ ସେବାର ଆଦର୍ଶ ଦେଶର ପ୍ରତ୍ୟେକ କୋଣରେ ଜୀବନ୍ତ ରହିବ।

## ବାସ୍ତବବାଦୀ ସାଧିକା ସୀତାଦେବୀ

**ପ୍ରଫେସର ମଣୀନ୍ଦ୍ର କୁମାର ମେହେର**

ସାହିତ୍ୟ ସରିତ୍

ବାସ୍ତବବାଦ ପ୍ରସଙ୍ଗ ଉତ୍‌ଥାପିତ ହେବା ମାତ୍ରକେ ପାଶ୍ଚାତ୍ୟ ପୃଥିବୀର ସ୍ୱଭାବବାଦୀ ଓ ବାସ୍ତବବାଦୀ ସାହିତ୍ୟିକ ଆନ୍ଦୋଳନର ଚିତ୍ର ସଚେତନ ପାଠକମାନଙ୍କ ମାନସ ପଟରେ ଚିତ୍ରିତ ହୋଇଉଠିବା ସ୍ୱାଭାବିକ। ମାତ୍ର ଭାରତୀୟ ବାସ୍ତବତାବାଦ ସମ୍ପର୍କରେ ଯେଉଁ ଗଭୀର ଓ ବିସ୍ତୃତ ଚିନ୍ତନ ମନ୍ଥନ ଆବଶ୍ୟକ, ଏହା ଆଶାନୁରୂପ ଉପସ୍ଥାପିତ ହୋଇପାରିନାହିଁ। କିନ୍ତୁ ବିଶିଷ୍ଟ ସାହିତ୍ୟ ସାଧିକା ସୀତାଦେବୀ ଖାଡ଼ଙ୍ଗା ଯେ ତତ୍କାଳୀନ ସାହିତ୍ୟ ଜଗତରେ ଥିଲେ ପ୍ରକୃତ ବାସ୍ତବତାବାଦୀ ଉଚ୍ଚମାନର ସାହିତ୍ୟ ସାଧିକା -ଏହା ସ୍ୱକୀୟ ବିଚାରବୋଧ ଦ୍ୱାରା ନିର୍ଣ୍ଣୟ କରିପାରିବା ଏକ ଗୌରବଦୀପ୍ତ ଅନୁଭବ।

ସୀତାଦେବୀ ଯେଉଁ ସାମାଜିକ ପରିବେଶ ମଧ୍ୟରେ ଜନ୍ମ ନେଲେ ସେଥିରେ ଚତୁର୍ଦ୍ଦିଗରେ ଘେରି ରହିଥିଲା ରକ୍ଷଣଶୀଳତାର ବହଳ କଳା ପରଦା। ସେଇ ଅନ୍ଧକାରାବୃତ୍ତ ବାତାବରଣକୁ ସେହି ନାରୀ ପ୍ରତିଭା ହିଁ ବିନମ୍ରତା ସହ ଅତିକ୍ରମ କରିଯାଇପାରନ୍ତି, ଯାହାଙ୍କ ହୃଦୟକୁ ଆଲୋଡ଼ିତ କରିପାରେ ବାହାର ସଂସାରର ଅସଂଗତି ଓ ଅଚେତନତା। ତାହା ହୋଇ ନଥିଲେ ସୀତାଦେବୀ କିପରି ରଚନା କରିପାରିଥା'ନ୍ତେ 'ମନ୍ଦିର ପ୍ରବେଶ' ପରି ନାଟକ! ଅସ୍ପୃଶ୍ୟତା ବିରୁଦ୍ଧରେ ସ୍ୱର ଉତ୍ତୋଳନ କରିପାରିଥା'ନ୍ତେ କେଉଁ ଜୀବନୀ-ଶକ୍ତି ବଳରେ!! ସୃଷ୍ଟି କରିପାରିଲେ କିପରି 'ସଂସ୍କାରକ' ଶୀର୍ଷକ ଗଳ୍ପ ଅଥବା ଭିକ୍ଷୁକ ସମସ୍ୟା ପରି ପ୍ରବନ୍ଧ!!!

ସୀତାଦେବୀ ସାହିତ୍ୟର ବିଭିନ୍ନ ବିଭାଗରେ ଲେଖନୀ ଚାଳନା କରିଛନ୍ତି ଅନ୍ତରର ସ୍ୱତଃସ୍ଫୂର୍ତ୍ତ ପ୍ରେରଣା ବଳରେ। କବିତା, ନାଟକ, କ୍ଷୁଦ୍ରଗଳ୍ପ, ଉପନ୍ୟାସ, ପ୍ରବନ୍ଧ, ଏକାଙ୍କିକା, ଶିଶୁ ସାହିତ୍ୟ, ସାହିତ୍ୟ ସମାଲୋଚନା ଆଦି ସମସ୍ତ ପ୍ରକାର ଲେଖାରେ ନିଜସ୍ୱ ମୌଳିକ ଦୃଷ୍ଟିଭଙ୍ଗୀର ବଳିଷ୍ଠ ପରିଚୟ ଦେଇ ପାରିଛନ୍ତି ସେ। 'ଦାସୀର ଭାଗ୍ୟ,' 'ଦୁଃଖୀ', 'ଭୁଲ', 'ବୃଥା ଗର୍ବ' ଆଦି ଅନେକ ଗଳ୍ପର ସ୍ରଷ୍ଟା ସେ। ନାଟକ ମଧ୍ୟରେ ରହିଛି 'ମନ୍ଦିର ପ୍ରବେଶ,' 'ନିଷ୍ପତ୍ତି', 'ଜନ୍ମତିଥି', 'ଉପନ୍ୟାସ 'ପୌଷ୍ୟପୁତ୍ର', 'ଅଗ୍ରଜ', 'ପ୍ରତ୍ୟାବର୍ତ୍ତନ', କବିତା - 'ଶାନ୍ତିନିକେତନ', 'ପାନ୍ଥଶାଳା', 'ନୈବେଦ୍ୟ' ଆତ୍ମଜୀବନୀ - 'ମୋର ଜୀବନ ସ୍ମୃତି' ଆଦି ବିପୁଳ ସୃଷ୍ଟିର ତାଲିକା ହୋଇଯାଇ ପାରିବ ଦୀର୍ଘାୟିତ। ଗଦ୍ୟ ହେଉ ଅବା ପଦ୍ୟ, ସମାଜର ସମସ୍ୟା ଲେଖନ୍ତୁ ଅଥବା ନିଜ ବ୍ୟକ୍ତିନିଷ୍ଠ ଉପଲବ୍ଧି ବ୍ୟକ୍ତ କରନ୍ତୁ -ସର୍ବତ୍ର ତାଙ୍କ ଅନ୍ତରାତ୍ମାର ପରିଶୁଦ୍ଧତା ପ୍ରତିବିମ୍ବିତ।

ନିଜକୁ ସମସ୍ତ ପ୍ରକାରର ସଂକୀର୍ଣ୍ଣତାରୁ ମୁକ୍ତ ନ କଲେ, ବାଗଦେବୀ ତାଙ୍କ ସୂକ୍ଷ୍ମ ବୀଣାତାରର ମୂର୍ଚ୍ଛନାରେ ପ୍ରାଣ-ପ୍ରକୋଷ୍ଠରେ କାହିଁକି ଓ କିପରି ସୃଷ୍ଟି କରିବେ ସୃଜନିକାର ମର୍ମଧ୍ୱନି? ସୀତାଦେବୀ କି ଆନ୍ତରିକ ଭାବରେ ଗାଇଛନ୍ତି ଅନ୍ତରର ଅନୁଭୂତି! ସେ କହନ୍ତି -

'ଦେଇଛ ଅନେକ ପାଇଲୁ ସେ ସବୁ ହୋଇଛୁ ପରିପୂର୍ଣ୍ଣ, କେଉଁ କୋଣେ ଯଦି ଦ୍ୱେଷ ରୋଷ ଥାଏ, ଅବିଳମ୍ବେ କର ଚୂର୍ଣ୍ଣ / ଦୁଃଖ ଅବସାଦ ଆସି କେଉଁକ୍ଷଣେ ଗ୍ରାସ କରିଦେଲେ ପ୍ରାଣ, କେତେବେଳେ କେଉଁ ବେଶେ ଆସି ପ୍ରଭୁ କର ମୋତେ ପରିତ୍ରାଣ।' - 'ପାନ୍ଥଶାଳା' କବିତାରେ ପ୍ରକାଶିତ ତାଙ୍କର ଏହି ନିବେଦନ କି ମର୍ମସ୍ପର୍ଶୀ!

ଆତ୍ମକଥା ରଚନା ବେଳେ କି ନମ୍ରତାର ସହ ସେ ବିମୋଚନ କରିଦେଉଛନ୍ତି ଜୀବନାନୁଭୂତିର ଗୋଟିଏ ପରେ ଗୋଟିଏ ସ୍ତର! ପ୍ରତିଭା ସାମାଜିକ ସମର୍ଥନ ଲାଭ କରି ପ୍ରସ୍ଫୁଟିତ ହୁଏ ନାହିଁ। ସାମାଜିକ ସଂକୀର୍ଣ୍ଣତାକୁ ଅସ୍ୱୀକାର କରି ହିଁ ସେ ପ୍ରଜ୍ୱଳିତ ହୋଇଉଠେ - ତାହାର ପ୍ରତୀକ ସୀତାଦେବୀ। ରବୀନ୍ଦ୍ରନାଥଙ୍କ 'ଗୀତାଞ୍ଜଳି' ମଧ୍ୟରେ ନିଜ ନିଷ୍କଳୁଷ ନିର୍ମଳ ଆତ୍ମାକୁ ଆବିଷ୍କାର କରିଛନ୍ତି ସେ। ସେହି ଭାବନାରେ ଲେଖିଛନ୍ତି କେତେ ଗୀତିଧର୍ମୀ କବିତା। ପାଠକର ଜାଣିବା ସକାଶେ ତାହାକୁ ଅନୁବାଦ ଆଖ୍ୟା ଦେଇଛନ୍ତି ସିନା; କିନ୍ତୁ ସେଥିରେ ତାଙ୍କରି ଆତ୍ମାନୁଶୀଳନ ହିଁ ରହିଛି ପ୍ରଚ୍ଛନ୍ନ। କେହି କେହି ତାଙ୍କ କବିତାରେ କବିଙ୍କ ବ୍ୟକ୍ତିସତ୍ତାଟିକୁ ଖୋଜି ପାଉଥିବା ବେଳେ ଗଦ୍ୟସୃଷ୍ଟିରେ ସମାଜ ସଚେତନ ଶିଳ୍ପୀ ସତ୍ତାକୁ ଲକ୍ଷ୍ୟ କରିପାରନ୍ତି। ବାସ୍ତବରେ ଏହି ବ୍ୟକ୍ତି ସତ୍ତା ଆଉ ସାମାଜିକ ପରିବର୍ତ୍ତନର ଆହ୍ୱାନ ଦେଉଥିବା ସାହସିନୀ ସୀତାଙ୍କ ମଧ୍ୟରେ କୌଣସି ତାରତମ୍ୟ ହିଁ ନାହିଁ। ପୁଣି ଶିଳ୍ପକଳା ଦୃଷ୍ଟିରୁ ତାଙ୍କ କଥା ସାହିତ୍ୟରେ ପୂର୍ଣ୍ଣତାର ଅନୁଭବ ଆମେ ଯେଉଁମାନେ କରିପାରୁନା, କଳାର ରହସ୍ୟ ଉନ୍ମୋଚନ ନିମିତ୍ତ ଆମ ଚେତନାର ମୁକୁଳନ ଅସମାପ୍ତ। ଭାରତୀୟ ବାସ୍ତବତାବାଦ ବୋଲି ନ କହି ବାସ୍ତବତାବୋଧ ବୋଲି କୁହାଯାଇପାରେ। ବାସ୍ତବବାଦ ମଧ୍ୟରେ ଏକାତ୍ମ ହୋଇ ରହିଥାଏ ଆଦର୍ଶବାଦ, ଯାହା ସୀତାଦେବୀ ଖାଡ଼ଙ୍ଗାଙ୍କ ବ୍ୟକ୍ତିତ୍ୱ ଓ କୃତିତ୍ୱର ପ୍ରକୃତ କୀର୍ତ୍ତି।

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭


ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342





ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୂର୍ଣ୍ଣ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଅନାହାରରେ ଆଖି ବୁଜିଲେ...

ମୃତ୍ୟୁ ହୋଇଯାଇଥିଲା। ସ୍ଥାନୀୟ ସରପଞ୍ଚ କନକଲତା ସର୍ଦ୍ଦାରଙ୍କ ସହ ଯୋଗାଯୋଗ କରାଯାଇଥିଲା। ତାଙ୍କର କିଛି କାଗଜପତ୍ର କିଛି ନଥିଲା। ସେଥିପାଇଁ ରାସନ କାର୍ଡ କଟିଯାଇଥାଇପାରେ ବୋଲି ସେ କହିଛନ୍ତି।

ଏ ସଂପର୍କରେ ଖବର ପାଇ ପିସିସି ସଭାପତି ଭକ୍ତଚରଣ ଦାସଙ୍କ ନିର୍ଦ୍ଦେଶରେ ବିଧାୟକ ଦଳ ଉପନେତା ବାସୁଦେବପୁର ବିଧାୟକ ଅଶୋକ କୁମାର ଦାସଙ୍କ ନେତୃତ୍ୱରେ ପିସିସି ସଂଗଠନ ସୃଜନ ଅଭିଯାନ ଉପସଭାପତି ସୁଧାଂଶୁ ଦେଓ, ମୁଖପାତ୍ର ହିମାଂଶୁ ଲେଙ୍କା, ବିଧାୟକ ପ୍ରାର୍ଥୀ ଇଂ.ବିଭୂଭୂଷଣ ରାଉତ, ଡିସିସି ସଭାପତି ମାଗୁଣି ଜେନା, ପିସିସି ମହିଳା ସମ୍ପାଦକ ସ୍ୱର୍ଣ୍ଣଲତା ବାନରା, ଆଦିବାସୀ ନେତା ହିନ୍ଦୁ ଜାମୁଦା ଓ ସ୍ଥାନୀୟ ସଂଗଠକ ଗୀତାଞ୍ଜଳି ମହାନ୍ତ ପ୍ରମୁଖ ଗାଁକୁ ଗସ୍ତ କରି ସେଠାରେ ରହୁଥିବା ମାଙ୍କେଡିଆ ବସ୍ତିବାସିନ୍ଦାଙ୍କ ଦୟନୀୟ ସ୍ଥିତି ଅନୁଧ୍ୟାନ କରିଛନ୍ତି। ରାଜ୍ୟ ସରକାର ଓ କେନ୍ଦ୍ରସରକାର ଯେଉଁ କାଳିଅପା।ଣି ଖଣି ଅଞ୍ଚଳରୁ ବାର୍ଷିକ କୋଟି କୋଟି ଟଙ୍କା ରାଜସ୍ୱ ପାଉଛନ୍ତି ତାରି କୋଳରେ ରହୁଥିବା ଏହି ଆଦିବାସୀମାନେ ଆଜି ମୌଳିକ ସୁବିଧାରୁ ବଞ୍ଚିତ ହେଉଛନ୍ତି। ଇ-କେୱାଇସି ଅପ୍‌ଡେଟ ନାଁରେ ପ୍ରତିଦିନ ଅନେକ ଲୋକ ଭୋକ ଉପାସରେ ମୃତ୍ୟୁବରଣ କରୁଥିବା କଂଗ୍ରେସ ଅଭିଯୋଗ କରିଛି। ଜୁଆଙ୍ଗ ବିରଳ ସଂପ୍ରଦାୟର ସୁରକ୍ଷା ପାଇଁ ଏକ ସଂସ୍ଥା ବିରୋହର ଜୁଆଙ୍ଗ ଉନ୍ନୟନ ସଂସ୍ଥା (ବିଜେଡିଏ) ରହିଥିଲେ ମଧ୍ୟ ତାହା କେତେ ଦୂର କାର୍ଯ୍ୟକାରୀ ହେଉଛି ତାହା ବଡ ପ୍ରଶ୍ନ ବୋଲି କଂଗ୍ରେସ ପ୍ରତିନିଧି ପ୍ରଶ୍ନ କରିଛି।

### ଗାଜାରେ ପୁଣି...

ମୃତକଙ୍କ ମଧ୍ୟରେ ମହିଳା ଓ ।।ଛୋଟପିଲା ସାମିଲ ରହିଛନ୍ତି ବୋଲି ଗାଜା ହସ୍ପିଟାଲ ତରଫରୁ କୁହାଯାଇଛି। ୨୦ ଦିନ ତଳେ ଇସ୍ରାଏଲ ଓ ହମାସ ମଧ୍ୟରେ ଅସ୍ତ୍ରବିରତି ଚୁକ୍ତି ସ୍ୱାକ୍ଷରିତ ହୋଇଥିଲା। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଉପସ୍ଥିତିରେ ସେପ୍ଟେମ୍ବର ୨୯ରେ ବିଂଶ ସୂତ୍ରୀ ଶାନ୍ତି ଯୋଜାନ ଉପସ୍ଥାପନା କରାଯାଇଥିଲା। ଅକ୍ଟୋବର ୯ ରେ ହମାସ ଏଥିରେ ସମ୍ମତି ପ୍ରକାଶ କରିଥିଲା। ଇସ୍ରାଏଲ ପ୍ରତିରକ୍ଷା ମନ୍ତ୍ରୀ କହିଛନ୍ତି ଯେ ହମାସ ଗାଜାରେ ରହିଥିବା ଇସ୍ରାଏଲ ସୈନିକଙ୍କ ଉପରେ ଆକ୍ରମଣ କରୁଛି ଓ ମୃତ ପଣବନ୍ଦୀଙ୍କୁ ଫେରାଇବା ନେଇ ହୋଇଥିବା ଚୁକ୍ତିର ଉଲ୍ଲଂଘନ କରୁଛି। ହମାସ ରେଡ ଲାଇନ୍ ପାର କରିଛି ଓ ଏବେ ହମାସକୁ ମୂଲ୍ୟ ଦେବାକୁ ହେବ ବୋଲି ସେ କହିଛନ୍ତି। ସେପଟେ ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁ ମଙ୍ଗଳବାର ରାତିରେ ହମାସ ବିରୋଧରେ ସାମରିକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଅନ୍ୟପଟେ ହମାସ ସବୁ ଅଭିଯୋଗକୁ ଖଣ୍ଡନ କରିଛି। ଏବେ ଇସ୍ରାଏଲ ଗାଜାରେ ମାନବିୟ ସହାୟତାକୁ ରୋକିବା ସହ ଗାଜାର ଅଞ୍ଚଳରେ ନିଜର ଅକ୍ତିଆର ବୃଦ୍ଧି କରିବା ଓ ହମାସ ନେତାଙ୍କ ଉପରେ ଆକ୍ରମଣ କରୁଥିବା କୁହାଯାଉଛି।

### ୪ ପୁଲିସ କର୍ମଚାରୀ...

ହେଲିକପଟର। ପୁଲିସ ଏହି ଅଞ୍ଚଳରେ ପ୍ରବେଶ କରିବା ମାତ୍ରେ ରେଡ୍ କମାଣ୍ଡ ଗ୍ୟାଙ୍ଗର ସଦସ୍ୟ ସେମାନଙ୍କ ଉପରକୁ ଗୁଳିମାଡ଼ ଆରମ୍ଭ କରିଥିଲେ। ପୁଲିସକୁ ରୋକିବା ପାଇଁ ସେମାନେ ସଡ଼କ ଉପରେ ଜଳୁଥିବା ବ୍ୟାରିକେଡ୍ ମଧ୍ୟ ଲଗାଇଥିଲେ। ସେମାନେ ଡ୍ରୋନରୁ ବୋମା ମାଡ଼ ମଧ୍ୟ କରିଥିଲେ। ଏହାର ଜବାବରେ ପୁଲିସ ମଧ୍ୟ ସେମାନଙ୍କ ଉପରକୁ ଗୁଳିମାଡ଼ କରିଥି ଲା। ଆକାଶମାର୍ଗରୁ ହେଲିପଟର ଓ ଡ୍ରୋନରୁ ମଧ୍ୟ ମାଫିଆଙ୍କ ଉପରେ ବୋମା ମାଡ଼ କରାଯାଇଥିଲା। ପୁଲିସ ଓ ଅପରାଧୀ ମଧ୍ୟର ସଂଘର୍ଷ ଯୋଗୁଁ ମୋଟ୍ ଉପରେ ୬୪ଜଣ ଲୋକ ମୃତ୍ୟୁବରଣ କରିଥିଲେ। ଏଥିରେ ୪ ଜଣ ପୁଲସ କର୍ମଚାରୀ ସାମିଲ ଅଛନ୍ତି।

### ଦୁଷ୍କର୍ମ ପରେ...

ଉଦ୍ଦେଶ୍ୟରେ ତାଙ୍କ ମୁହଁକୁ ପୋଡି ଦିଆଯାଇଥିବା ଆଲୋଚନା ହେଉଛି। ସମସ୍ତ ଦିଗକୁ ଅନୁଧ୍ୟାନ କରି ପୁଲିସ ତଦନ୍ତ ଚଳାଇଛି। ଶବ ବ୍ୟବଚ୍ଛେଦ ରିପୋର୍ଟ ଆସିବାପରେ ପ୍ରକୃତ କଥା ଜଣାପଡିବ ବୋଲି ତଦନ୍ତକାରୀ ଅଧିକାରୀ ମଳୟ ପଣ୍ଡା ସୂଚନା ଦେଇଛନ୍ତି।

### ଡ୍ରାଇଭର, ହେଲ୍‌ପର...

ସାଲେପୁର ଅଞ୍ଚଳର ମୀର ଅବଦୁଲ ରହିମ୍ (୩୯) ଓ ହେଲ୍‌ପର ମାହାଙ୍ଗା ଅଞ୍ଚଳର ନୃସିଂହ କାଠୁଆ (୪୦)।

ଡଲଫିନ୍ ନାମକ ଉକ୍ତ ବସ୍‌ଟି ଢେଙ୍କାନାଳର ନୃସିଂହପୁରରୁ କୋଲକାତା ଅଭିମୁଖେ ଯାଉଥିଲା। ବସ୍‌ରେ ୪୦ରୁ ଅଧିକ ଯାତ୍ରୀ ରହିଥିଲେ। ବିଳମ୍ବିତ ରାତି ପ୍ରାୟ ୩ଟା ସମୟରେ ବସ୍‌ଟି ଜାତୀୟ ରାଜପଥର ଲକ୍ଷ୍ମଣନାଥଠାରେ ଯାନ୍ତ୍ରିକ ତ୍ରୁଟି ଯୋଗୁ ରାସ୍ତା କଡ଼ରେ ଛିଡ଼ା ହୋଇ ରହିଥିବା ଟ୍ରକକୁ ପଛ ପଟୁ ଧକ୍କା ଦେଇଥିଲା। ଯାହାଫଳରେ ବସ୍‌ର ସମ୍ମୁଖ ଭାଗ କ୍ୟାବିନ୍ ଚାପି ହୋଇଯାଇଥିବା ବେଳେ ଗାଡ଼ିରେ ଥିବା ଡ୍ରାଇଭର ମୀର ଅବଦୁଲ ଓ ହେଲ୍‌ପର ନୃସିଂହଙ୍କ ଘଟଣାସ୍ଥଳରେ ମୃତ୍ୟୁ ହୋଇଯାଇଥିଲା। ଖବର ପାଇ ଜଳେଶ୍ୱର ପୁଲିସ, ଅଗ୍ନିଶମ ବାହିନୀ ପହଞ୍ଚି ଯାତ୍ରୀମାନଙ୍କୁ ଉଦ୍ଧାର କରିଥିଲେ। ଗୁରୁତର ୯ ଯାତ୍ରୀଙ୍କୁ ଜାତୀୟ ରାଜପଥ ଆମ୍ବୁଲାନ୍ସ ଯୋଗେ ଜଳେଶ୍ୱରସ୍ଥିତ ଜିକେ ଭଟ୍ଟର ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ପ୍ରାଥମିକ ଚିକିତ୍ସା ପରେ ଗୁରୁତରଙ୍କୁ ବାଲେଶ୍ୱର ମେଡିକାଲକୁ ସ୍ଥାନାନ୍ତର କରାଯାଇଛି। ତେବେ ବସ୍ ଚାଳକଙ୍କ ଆଖି ଲାଗିଯିବାରୁ ଏପରି ଦୁର୍ଘଟଣା ଘଟିଥିବା କୁହାଯାଉଛି।

### ଅବପାତ ରୂପ...

ବାତ୍ୟା ନିଷ୍ପ୍ରଭ ରହିଛି। ବାତ୍ୟା ଯୋଗୁଁ ରାଜ୍ୟର ମାତ୍ର ୫ଟି ଷ୍ଟେସନ୍‌ରେ ୧୦୦ ମିମି.ରୁ ଅଧିକ ବର୍ଷା ରେକର୍ଡ କରାଯାଇଥିବା ବେଳେ ଗଜପତି ଜିଲ୍ଲାର ଗୋଷାଣୀଠାରେ ସର୍ବାଧିକ ୧୫୦.୫ ମିମି ଏବଂ ଗଞ୍ଜାମ ଜିଲ୍ଲାର ପାତ୍ରପୁର ୧୭୦.୪ ମିମି. ବର୍ଷା ରେକର୍ଡ କରାଯାଇଛି। ଏହି ବର୍ଷା ସହ ୨ଟି ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ଓ ୩୧ଟି ସ୍ଥାନରେ ପ୍ରବଳ ବର୍ଷା ହୋଇଥିବା ନେଇ ପାଣିପାଗ କେନ୍ଦ୍ର କହିଛି। ସୂଚନା ଥାଉ କି, ବାତ୍ୟା 'ମୋନ୍ଥା' ମଙ୍ଗଳବାର ରାତି ପ୍ରାୟ ୭ଟାରେ ମଛଲିପଟନମ୍-କଳିଙ୍ଗପଟନମ୍ ମଧ୍ୟରେ କାକିନାଡ଼ା ଦକ୍ଷିଣ ଦିଗକୁ ନର୍ସାପୁରମ୍‌ଠାରେ ସ୍ଥଳଭାଗ ଛୁଇଁଥିଲା। ଭାରତୀୟ ପାଣିପାଗ ବିଭାଗର ସୂଚନା ମୁତାବକ, ପାଖାପାଖି ୫ଘଣ୍ଟା ଧରି ଏହି ଲ୍ୟାଣ୍ଡଫଲ୍ ପ୍ରକ୍ରିୟା ଜାରି ରହିଥିଲା। ଏହା ଆଇଏମ୍‌ଡିର ନିର୍ଦ୍ଧାରିତ କାକାନାଡ଼ାର ପ୍ରାୟ ୧୦୦ କିମି ଦୂରରେ ସ୍ଥଳଭାଗ ଅତିକ୍ରମ କରିଛି। ଟ୍ରାକ୍‌ରେ ସାମାନ୍ୟ ପରିବର୍ତ୍ତନ କାରଣରୁ ଓଡ଼ିଶାରେ ବର୍ଷାର ପରିମାଣ କମ୍ ରହିଛି। ବାତ୍ୟା ବାହ୍ୟବଳୟରେ ବାଦଲ ଖଣ୍ଡକୁ ଛାଡ଼ିଦେଲେ ବାତ୍ୟାର ପ୍ରମୁଖ ଅଂଶ ଓଡ଼ିଶାଠାରୁ ଯଥେଷ୍ଟ ଦୂରରେ ରହିଛି। ଫଳରେ ରାଜ୍ୟରେ ଆଶା କରାଯାଉଥିବା ବର୍ଷା ଓ ପବନର ପରିମାଣ ଅପେକ୍ଷାକୃତ କମ୍ ରହିଛି। ବର୍ତ୍ତମାନ ଏହା ଘଣ୍ଟା ପ୍ରତି ୧୫ କିମି ବେଗରେ ଆନ୍ଧ୍ରପ୍ରଦେଶ ସଂଲଗ୍ନ ତେଲଙ୍ଗାନା ଏବଂ ଦକ୍ଷିଣ ଛତିଶଗଡ଼ ଦେଇ ଉତ୍ତର ଉତ୍ତର ପଶ୍ଚିମ ଦିଗକୁ ଗତି କରୁଛି। ଅନ୍ୟପଟେ ଆସନ୍ତା ୨ ତାରିଖରୁ ରାଜ୍ୟରେ ଶୀତ ଆରମ୍ଭ ହେବ। ଏଥିପାଇଁ ପାଗ ଅନୁକୂଳ ହେବାରେ ଲାଗିଛି। ବର୍ତ୍ତମାନ ରାଜ୍ୟରେ ପାଗ ମେଘୁଆ ରହୁଛି। ରାଜ୍ୟକୁ ସମୁଦ୍ର ପବନ ଆସଥିବାରୁ ତାପମାତ୍ରା ଅଧିକ ରହିଛି। ଆକାଶରୁ ମେଘ ହଟିଲେ, ତାପମାତ୍ରା ହଠାତ୍ କମିବ। ଏହା ସହିତ ବର୍ତ୍ତମାନର ଅବପାତ ଝାଡ଼ଖଣ୍ଡ ଓ ବିହାରମୁହାଁ ହେବ। ସମାନ ଭାବେ ମହାରାଷ୍ଟ୍ର ଉପରେ ୧ତାରିଖ ବେଳକୁ ଏକ ଗୁରୁଚାପ ବଳୟ ସୃଷ୍ଟି ହେବ। ଏହା ଫଳରେ ଉତ୍ତର-ପଶ୍ଚିମ ଦିଗରୁ ରାଜ୍ୟକୁ ଶୁଷ୍କ ବାୟୁ ବହିବ। ତେଣୁ ୨ ତାରିଖଠାରୁ ରାଜ୍ୟର ଅଧିକାଂଶ ଅଞ୍ଚଳରେ ତାପମାତ୍ରା ୫ରୁ ୬ ଡିଗ୍ରୀ ହ୍ରାସ ପାଇ ପହିଲି ଶୀତ ଅନୁଭୂତ ହେବ। ପରେ ୬ ତାରିଖରୁ ୨-୩ ଦିନ ତାପମାତ୍ରାରେ ସାମାନ୍ୟ ବୃଦ୍ଧି ଘଟିବାର ଥିଲେ ମଧ୍ୟ ଏହାପରେ ତାପମାତ୍ରା ପୁଣି ହ୍ରାସ ପାଇବ ଓ ଶୀତ ଜାରି ରହିବ।

### ୩୩ ବ୍ଲକ୍...

ଆଦି ଅଧିକାରୀମାନେ ଆଣିବେ। ଫଳରେ ଅନଲାଇନରେ ତୁରନ୍ତ କ୍ଷତିପୂରଣ ଦିଆଯିବ ବୋଲି ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି। ମନ୍ତ୍ରୀ ଆହୁରି କହିଛନ୍ତି ଯେ ବାତ୍ୟାରେ ୩୩ଟି ବ୍ଲକ୍, ୧୧ଟି ସହରାଞ୍ଚଳ ଓ ୩୫୮ଟି ଗ୍ରାମ ପ୍ରଭାବିତ ହୋଇଛି। ୩୬୨ଟି ରନ୍ଧାଖାଦ୍ୟ କେନ୍ଦ୍ର ଖୋଲାଯାଇ ୧୮୭୩୨ ଜଣ ପ୍ରଭାବିତ ଲୋକଙ୍କୁ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇଛି। ଯେଉଁ ସ୍ଥାନରେ ବିଦ୍ୟୁତ ସରବରାହରେ ବ୍ୟାଘାତ ସୃଷ୍ଟି ହୋଇଥିଲା ସେସବୁକୁ ପୁନଃସଂସ୍ଥାପିତ ଓ ସ୍ୱାଭାବିକ କରାଯାଇପାରିଛି। ଯେଉଁଠାରେ ଗଛପଡ଼ି ରାସ୍ତା ଅବରୋଧ ହୋଇଥିଲା, ସେଠାରେ ତୁରନ୍ତ ଗଛ କାଟି ରାସ୍ତା ସଫା କରାଯାଇଛି। ୩୧ ତାରିଖ ବେଳକୁ ପରିସ୍ଥିତି ସ୍ୱାଭାବିକ ହୋଇଯିବ। ୩୦ ପରଠାରୁ କ୍ଷୟକ୍ଷତିର ଆକଳନ କରାଯାଇ ଆବଶ୍ୟକୀୟ ସରକାରୀ ସହାୟତା ପ୍ରଦାନ କରାଯିବ।

ବାତ୍ୟା ମୁକାବିଲା ପାଇଁ ୩୩ଟି ଓଡ୍ରାଫ୍ ଦଳ, ୫ଟି ଏନ୍‌ଡିଆର୍‌ଏଫ୍, ୧୩୩ଟି ଅଗ୍ନିଶମ ବାହିନୀଙ୍କୁ ମିଶାଇ ମୋଟ ୧୭୧ଟି ଦଳ ନିୟୋଜିତ ହୋଇଥିଲେ। ୨୧୬୪ଟି ବାତ୍ୟା/ବନ୍ୟା ଆଶ୍ରୟ ସ୍ଥଳୀକୁ ଚିହ୍ନଟ କରାଯାଇ ୧୮୭୩୨ ଜଣ ଲୋକଙ୍କୁ ନିରାପଦ ଭାବରେ ସ୍ଥାନାନ୍ତର କରାଯାଇଥିଲା। ଏତଦ୍‌ବ୍ୟତୀତ ୨୧୯୮ ଜଣ ଆସନ୍ନ ପ୍ରସବା ମହିଳାମାନଙ୍କୁ ନିକଟସ୍ଥ ସ୍ୱାସ୍ଥ୍ୟ କେନ୍ଦ୍ର ଓ ମା'ଗୃହକୁ ସୁରକ୍ଷିତ ଭାବେ ସ୍ଥାନାନ୍ତର କରାଯାଇଥିଲା। ଏବେ ସେମାନେ ସେଠାରେ ସୁରକ୍ଷିତ ଅଛନ୍ତି ଏବଂ କେତେକ ମାତୃତ୍ୱ ଲାଭ କରିଛନ୍ତି। ବାତ୍ୟା ପ୍ରଭାବିତ ଆଶଙ୍କା ଥିବା ଅଞ୍ଚଳରେ ୬୦ଟି ଡାକ୍ତରୀ ଦଳ ନିୟୋଜିତ କରାଯାଇଥିବାବେଳେ ପ୍ରାଣୀସମ୍ପଦର ସୁରକ୍ଷା ପାଇଁ ୩୫ଟି ପଶୁଚିକିତ୍ସା ଦଳ ନିୟୋଜିତ ହୋଇଥିଲେ ବୋଲି ରାଜସ୍ୱ ବିଭାଗ ପକ୍ଷରୁ କୁହାଯାଇଛି।

### ପ୍ରଚାର ମଇଦାନକୁ...

ନବୀନ ଦ୍ୱିତୀୟ ଥର ପାଇଁ ପ୍ରଚାର ମଇଦାନକୁ ଓହ୍ଲାଇବା ସହ ଖରିଆର ରୋଡଠାରୁ ନୂଆପଡା ଯାଏଁ ବିଶାଳ ରୋଡ ଶୋ କରିବେ। ନବୀନଙ୍କ ନୂଆପଡ଼ା ଗସ୍ତ କାର୍ଯ୍ୟକ୍ରମ ଚୂଡ଼ାନ୍ତ ହେବା ପରେ ଦଳର ନେତା, କର୍ମୀଙ୍କଠାରୁ ଆରମ୍ଭ କରି ସାଧାରଣ ଲୋକେ ବେଶ୍ ଉତ୍ସାହିତ ଅଛନ୍ତି। ଏପଟେ ନବୀନଙ୍କ ଗସ୍ତ ଏବଂ ନିର୍ବାଚନ ପ୍ରଚାରକୁ ନେଇ ମତ ରଖିଛନ୍ତି ରାଜନୈତିକ ସମୀକ୍ଷକ। ସାଧାରଣ ଲୋକଙ୍କ ମଧ୍ୟରେ ନବୀନ ବାବୁଙ୍କର ଯାଦୁ, ପ୍ରଭାବ ଏବେବି ଅପରିବର୍ତ୍ତିତ ରହିଛି। ନବୀନ ପଟ୍ଟନାୟକଙ୍କ ପ୍ରଚାର ନିଶ୍ଚିତ ଭାବେ ସ୍ନେହାଙ୍ଗିନୀଙ୍କ ପାଇଁ ବେଶ୍ ସହାୟକ ହେବ ବୋଲି ସେମାନେ ଯୁକ୍ତି ବାଢ଼ିଛନ୍ତି।

### ବିକ୍ରି ହେବ...

ପାଇଁ ଆଲୋଚନାକୁ ଏବେ ତୀବ୍ର କରିଛି। ଏହି କାରବାର କିପରି ଆଗକୁ ବଢ଼ିବ ତାହା ମଧ୍ୟ ସ୍ଥିର କରାଯାଉଛି। ଏହା ଏକ ଯୋଗ୍ୟ ସଂସ୍ଥାଗତ ପ୍ଲେସମେଣ୍ଟ (କ୍ୟୁଆଇପି) କିମ୍ବା ଓପନ୍ ଫର ସେଲ୍ (ଓଏଫ୍‌ଏସ୍) ମାଧ୍ୟମରେ ହୋଇପାରେ। ଏକ ସୂତ୍ର କହିଛି ଯେ ଆଗାମୀ ସପ୍ତାହଗୁଡ଼ିକରେ ନିର୍ଦ୍ଧାରିତ ରୋଡ ଶୋ'ରେ ନିବେଶକଙ୍କ ଚାହିଦା ଉପରେ ଆଧାର କରି ନିଷ୍ପତ୍ତି ନିଆଯିବ। ତେବେ ଏ ସମ୍ପର୍କରେ ଜଣେ ବରିଷ୍ଠ ସରକାରୀ ଅଧିକାରୀ କହିଛନ୍ତି ଯେ ଏହି ପ୍ରସଙ୍ଗ ବର୍ତ୍ତମାନ ବିଚାରାଧୀନ ରହିଛି, କିନ୍ତୁ ତାହା ଉପରେ ଏ ପର୍ଯ୍ୟନ୍ତ କୌଣସି ନିଷ୍ପତ୍ତି ନିଆଯାଇନାହିଁ।

### ଗାଣ୍ଟିଆରେ ଧନ...

ଚିନ୍ତା ପ୍ରକଟ କରିଛନ୍ତି। ଅପରପକ୍ଷେ ନିଜ ନିଜ ବିଭାଗର ବଜେଟ ଖର୍ଚ୍ଚକୁ ଧ୍ୟାନ ଦେବା ପରିବର୍ତ୍ତେ, ମନ୍ତ୍ରୀମାନେ କିଛିଦିନ ହେଲା ନୂଆପଡ଼ାରେ ଉପ ନିର୍ବାଚନ ପ୍ରଚାର କାର୍ଯ୍ୟରେ ବ୍ୟସ୍ତ ଅଛନ୍ତି। ପ୍ରାୟ ୮ ଜଣ ମନ୍ତ୍ରୀଙ୍କୁ ଜୋନୱାରୀ ଦାୟିତ୍ୱ ମିଳିଥିବା ବେଳେ ଅନ୍ୟ କେତେକ ମନ୍ତ୍ରୀ ମଧ୍ୟ ସହଯୋଗୀ ଭୂମିକାରେ ରହିଛନ୍ତି। ଆସନ୍ତା ୯ ତାରିଖ ଯାଏଁ ସେମାନେ ନୂଆପଡ଼ାରେ ରହିବାକୁ ଥିବାବେଳେ ଏପଟେ ବିଭାଗର ଅନେକ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ଏକପ୍ରକାର ଠପ୍ ହୋଇ ପଡ଼ିଲାଣି। ଦଳ ସହ ମନ୍ତ୍ରୀମାନେ ନିଜ ବିଭାଗ ମଧ୍ୟ ଗୁରୁତ୍ୱ ଦେବା ଜରୁରୀ ବୋଲି ବିଶେଷଜ୍ଞ ମହଲରେ ମତପ୍ରକାଶ ପାଇଛି।

# ୩୬ଟି କଲେଜର ନାହିଁ ସ୍ୱୟଂଶାସିତ ମାନ୍ୟତା

ଭୁବନେଶ୍ୱର, ୨୯ ।୧୦(ସମିସ): କଲେଜ ଫାଟକରେ ସ୍ୱୟଂଶାସିତ ମହାବିଦ୍ୟାଳୟ ଲେଖା ହୋଇଛି। ସମସ୍ତ କାଗଜପତ୍ର କାମ ମଧ୍ୟ ସ୍ୱୟଂଶାସିତ ମହାବିଦ୍ୟାଳୟ ଭାବେ କରାଯାଉଛି। ଛାତ୍ରଛାତ୍ରୀ କିଛି ଜାଣିବା ପୂର୍ବରୁ ମଧ୍ୟ ନାମଲେଖାଇ ପାଠ ପଢୁଛନ୍ତି। ମହାବିଦ୍ୟାଳୟଗୁଡ଼ିକ ବିଶ୍ୱବିଦ୍ୟାଳୟ ଓ ସରକାରଙ୍କ ଠାରୁ ତତ୍ ସମ୍ବନ୍ଧୀୟ ସମସ୍ତ ସୁବିଧା ସୁଯୋଗ ପାଉଛନ୍ତି। ନିଜ ଶିକ୍ଷାନୁଷ୍ଠାନର ପରୀକ୍ଷା ନିଜେ ପରିଚାଳନା କରୁଛନ୍ତି। ହେଲେ ଦୀର୍ଘ ବର୍ଷରୁ ସ୍ୱୟଂଶାସିତ ମାନ୍ୟତା ଅବଧି ସରିଯାଇଥିଲେ ମଧ୍ୟ ନବୀକରଣ କରୁ ନାହାନ୍ତି। ରାଜ୍ୟରେ ମୋଟ୍ ୫୩ଟି ସ୍ୱୟଂଶାସିତ ମହାବିଦ୍ୟାଳୟ ଥିବାବେଳେ ମାନ୍ୟତା ହରାଇ ସାରିଥିବା ରାଜ୍ୟର ୩୬ଟି ମହାବିଦ୍ୟାଳୟର ତାଲିକା ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ (ୟୁଜିସି) ପକ୍ଷରୁ ତାର ୱେବସାଇଟ୍‌ରେ ଜାରି କରିବା ପରେ ଛାତ୍ରଛାତ୍ରୀଙ୍କ ସୁରକ୍ଷିତ ଭବିଷ୍ୟତ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ରାଜ୍ୟର ଅନ୍ୟତମ ପ୍ରତିଷ୍ଠିତ ବକ୍ସି ଜଗବନ୍ଧୁ ବିଦ୍ୟାଧର (ବିଜେବି) ସ୍ୱୟଂଶାସିତ ମହାବିଦ୍ୟାଳୟର ମଧ୍ୟ ସ୍ୱୟଂଶାସିତ ମାନ୍ୟତା ନାହିଁ। ଗତ ୨୦୨୨ ମସିହାରୁ ମାନ୍ୟାତା ଶେଷ ହୋଇଥିଲେ ମଧ୍ୟ ନବୀକରଣ ହୋଇପାରି ନାହିଁ। ସେହିପରି ଉତ୍କଳ ବିଶ୍ୱବିଦ୍ୟାଳୟ ଅଧୀନରେ ଆସୁଥିବା ଯାଜପୁର ଜିଲ୍ଲା ଚଣ୍ଡିଖୋଲସ୍ଥିତ ବାବା ଭୈରବାନନ୍ଦ ମହାବିଦ୍ୟାଳୟ, ବ୍ୟାସ ନଗର କଲେଜ, ନରସିଂହ ଚୌଧୁରୀ କଲେଜ, କଟକ ଜିଲ୍ଲାର ବାଙ୍କି, ସାଲେପୁର ଓ ଉଦୟନାଥ କଲେଜ, କେନ୍ଦ୍ରାପଡ଼ା କଲେଜ, ଢେଙ୍କାନାଳ କଲେଜ, ଅନୁଗୋଳ ଜିଲ୍ଲାର ସରକାରୀ ସ୍ୱୟଂଶାସିତ ମହାବିଦ୍ୟାଳୟ ଅନୁଗୋଳ ଓ ତାଳଚେର କଲେଜ, ଭୁବନେଶ୍ୱରସ୍ଥିତ କେଭିଡିଏଭି କଲେଜ, ନୟାଗଡ଼ କଲେଜ, ନିମାପଡ଼ା କଲେଜ, ଖୋର୍ଦ୍ଧାର ପ୍ରାଣନାଥ ସ୍ୱୟଂଶାସିତ ମହାବିଦ୍ୟାଳୟ, ଜଗତସିଂହପୁରର ଏସ୍‌ଭିଏମ୍ କଲେଜ, ପୁରୀର ଏସ୍‌ସିଏସ୍ କଲେଜର ସ୍ୱୟଂଶାସିତ ମାନ୍ୟତା ନାହିଁ। ସେହିପରି ସମ୍ବଲପୁର ବିଶ୍ୱବିଦ୍ୟାଳୟ, ରମାଦେବୀ ମହିଳା ବିଶ୍ୱବିଦ୍ୟାଳୟ, ଦକ୍ଷିଣ ଓଡ଼ିଶା ବିଶ୍ୱବଦ୍ୟାଳୟ, ଫକୀରମୋହନ ବିଶ୍ୱବିଦ୍ୟାଳୟ, ବିପିୟୁଟି ଓ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟର ମୋଟ୍ ୧୯ଟି କଲେଜର ମାନ୍ୟତା ସରି ସାରିଛି। ଏଥିରେ ଉଭୟ ସରକାରୀ ଏବଂ ବେସରକାରୀ ଶିକ୍ଷାନୁଷ୍ଠାନ ରହିଛି।

ସ୍ୱୟଂଶାସିତ ମାନ୍ୟତା ନଥାଇ ମଧ୍ୟ ନିଜର ପରୀକ୍ଷା ପରିଚାଳନା ନିଜେ କରି ଆଇନ୍ ଉଲଂଘନ କରୁଛନ୍ତି। ଫଳରେ ୟୁଜିସିର କନଫର୍ମେଣ୍ଟ ଅଫ୍ ଅଟୋନୋମସ ଷ୍ଟାଟସ୍ ଓପନ୍ କଲେଜ ଏବଂ ମେଜର୍ସ ଫର୍ ମେଣ୍ଟେନାନ୍ସ ଅଫ୍ ଷ୍ଟାଣ୍ଡାର୍ଡସ ଇନ୍ ଅଟୋନୋମସ କଲେଜ ନିୟମାବଳୀ, ୨୦୨୩ର ଉଲ୍ଲଙ୍ଘନ କରି ଉକ୍ତ କଲେଜଗୁଡ଼ିକୁ ପରୀକ୍ଷା ଆୟୋଜନ ପାଇଁ ବିଶ୍ୱବିଦ୍ୟାଳୟଗୁଡ଼ିକ ଅନୁମତି ଦେଉଛନ୍ତି। ୟୁଜିସି ପକ୍ଷରୁ ଏନେଇ ବାରମ୍ବାର ଦାଗିଦ ସତ୍ତ୍ୱେ କୌଣସି ପଦକ୍ଷେପ ନିଆଯାଉ ନଥିବାରୁ ପିଲାଙ୍କ ଶୈକ୍ଷିକ ଭବିଷ୍ୟତ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ପୁନଃ ମାନ୍ୟତା ପାଇଁ ଅଧିକାଂଶ ମହାବିଦ୍ୟାଳୟର କର୍ତ୍ତୃପକ୍ଷ ଆଗ୍ରହ ପ୍ରକାଶ କରୁ ନାହାନ୍ତି। ଆଉକିଛି ୟୁଜିସିର ତ୍ରୁଟିପୂର୍ଣ୍ଣ ନୀତିକୁ ଦାୟୀ କରିବା ସହ ଆବେଦନ ସରିଥିଲେ ମଧ୍ୟ ମାନ୍ୟତା ନବୀକରଣ କରାଯାଉ ନଥିବା ଅଭିଯୋଗ କରିଛନ୍ତି। ବିଜେବି କଲେଜ ଅଧ୍ୟକ୍ଷା ପ୍ରଫେସର ଝୁମୁକି ରଥ କହିଛନ୍ତି ଯେ ମାନ୍ୟତା ପାଇଁ ଉଭୟ ଅଫଲାଇନ ଓ ଅନଲାଇନରେ ଆବେଦନ ହୋଇଛି। ଆବଶ୍ୟକ ସଂଶୋଧନ ମଧ୍ୟ କରାଯାଇଛି। ହେଲେ ୟୁଜିସି ପକ୍ଷରୁ ବିଳମ୍ବ କାରଣରୁ ମାନ୍ୟତା ମିଳିବାରେ ବିଳମ୍ବ ହେଉଛି।

# ଘସିପୁରା ଚାନ୍ଦା ଆଦାୟରେ ଅସନ୍ତୁଷ୍ଟ ପ୍ରଶାସନ

ଆନନ୍ଦପୁର,୨୯ ।୧୦(ସମିସ): ଓଡ଼ିଶାରେ ସରକାର ପରିବର୍ତ୍ତନ ପରେ ଅଶାନ୍ତ ଘସିପୁରା ଆପାତତଃ ଶାନ୍ତି ଆଡ଼କୁ ଗତି କରୁଥିବାର ଦେଖିବାକୁ ମିଳୁଛି। ନିଜ ଜିଲ୍ଲାର ବିଧାୟକ ଆଜି ରାଜ୍ୟର ମୂଖ୍ୟମନ୍ତ୍ରୀ ହୋଇଥିବାରୁ ସାଧାରଣ ଜନତା ସରକାର ଯୋଜନାର ସୁଫଳ ପାଇବା ପାଇଁ ନିଜ ନିଜର ଆପତ୍ତି ଓ ଅଭିଯୋଗ ମାନ ବିନା ଭୟରେ ବ୍ଲକ ଠୁ ଆରମ୍ଭ କରି ବିଭିନ୍ନ ସରକାରୀ ଦପ୍ତର ଓ ଥାନା ମାନଙ୍କରେ ଦାଖଲ କରୁଥିବାର ଦେଖିବାକୁ ମିଳୁଛି। କିନ୍ତୁ ବିଡ଼ମ୍ବନାର ବିଷୟ ସରକାର ପରିବର୍ତ୍ତନ ପରେ ଘସିପୁରା ଅଞ୍ଚଳରେ ସରକାରୀ ଦପ୍ତର ମାନଙ୍କରେ ଅଫିସରଙ୍କ ଠୁ ଆରମ୍ଭ କରି କିରାଣୀ ପର୍ଯ୍ୟନ୍ତ ଚାନ୍ଦା ଆଦାୟ ଆଜି ଏକ ସାମାଜିକ ବ୍ୟାଧି ବୋଲି ଜଣାପଡ଼ିଲାଣି ଫଳରେ ଅଫିସ୍ ପରିସର ଆଜି ଅତିଷ୍ଠ ହେବାର ପରିଲକ୍ଷିତ ହୋଇଛି। ଏହି ଅଞ୍ଚଳର ଜଣେ ବିଧାୟକ ପ୍ରାର୍ଥୀ ଉପଖଣ୍ଡର ଥିବା ସମସ୍ତ ଅଫିସ୍ ଯେପରିକି ବ୍ଲକ, ତହସିଲ୍, ଗ୍ରାମ୍ୟ ଉନ୍ନୟନ, ଜଳସେଚନ , ରାସ୍ତା ଓ ଗୃହନିର୍ମାଣ ଏପରିକି ପଞ୍ଚାୟତ ଅଧିନରେ କାମକରୁଥିବା କର୍ମଚାରୀଙ୍କ ପାଖରୁ ବିଭିନ୍ନ ଆଳ ଦେଖାଇ ଚାନ୍ଦା ମାଗୁଥିବାର ଦେଖିବାକୁ ମିଳୁଛି। ପ୍ରାର୍ଥୀ ଜଣଙ୍କ ଦୈନାଦିନ ଜୀବନରେ ପ୍ରଥମେ ସକାଳୁ ବାହାରି ପଡନ୍ତି ଶାଳପଡା । ସେଠି ନିଜ ଦୋକାନରେ ଦୁପଦୀପ ଦେଇ କିଭଳି ଚାନ୍ଦା ଆଦାୟ ଆଜିର ଦିନରେ ଅଧିକ ହେବ ସେଥିପାଇଁ ଭଗବାନ ନିକଟରେ ପ୍ରାର୍ଥନା କରନ୍ତି। ପ୍ରଥମେ ପ୍ରଥମେ କିଛି ଅଫିସର ବାବୁ ଜଣଙ୍କୁ ଅଳ୍ପ ଅଳ୍ପ ଚାନ୍ଦା ଦେଇଥିବାର ଦେଖିବାକୁ ମିଳିଥିଲା କିନ୍ତୁ ବାବୁ ଜଣଙ୍କର ଏହିଭଳି ଆଚରଣ ଅଭ୍ୟାସରେ ପରିଣତ ହେବାରୁ ଉପଖଣ୍ଡରେ ଥିବା ଅଫିସର ମାନେ ବିରକ୍ତ ପ୍ରକାଶ କଲେଣି। କିଛି ସରକାରୀ ଅଧିକାରୀ ମାନେ ଆଉ ଚାନ୍ଦା ମାଗିଲେ ତମ ନାମରେ ଉପରିସ୍ଥ ଅଧିକାରୀ ମାନଙ୍କୁ ଦରକାର ପଡ଼ିଲେ ମୂଖ୍ୟମନ୍ତ୍ରୀ ଙ୍କୁ ଅବଗତ କରିବାକୁ ବାଧ ହେବୁ ବୋଲି କହିଲେଣି। ନିକଟରେ ଜଳସମ୍ପଦ ବିଭାଗର ଜଣେ ଯନ୍ତ୍ରୀ ଙ୍କୁ ମୋ ଟେଲିଫୋନ କଲ୍ କାହିଁକି ଉଠାଉନ ବୋଲି କହି ଝଗଡା କରିଥିବାର ଜଣାପଡ଼ିଥିଲା। ପ୍ରାର୍ଥୀ ଜଣଙ୍କର ଏହିଭଳି କାରନାମା ପଦାକୁ ଆସିଲା ପରେ ସମଗ୍ର ଆନନ୍ଦପୁର ଅଞ୍ଚଳରେ ଚର୍ଚ୍ଚାର ବିଷୟ ହୋଇଛି ବୋଲି ଜଣା ପଡିଛି

**AFFIDAVIT**
I P S Priyadarsini, w/o- Manoranjan Swain, (D/o- Prasanta Kumar Mohapatra, as mentioned in Adhar Card) Resident of Ayatpur, Dist/PO- Cuttack, Pin- 754131, Odisha declare by this Affidavit No. CF. No.66 dated-25/09/25 that My daughters name in her Birth Certificate ( Regd. No. 571/2011, Regd. Date 11/ 01/2011) issued by Registrar Birth and Death, C.M.C Cuttack has been entered incorrect as "Priyanshi Priyadarsni" instead of "Priyanshi Priyadarshni" and henceforth she shall be known as "Priyanshi Priyadarshni" for all future purposes.

**AFFIDAVIT**
I P S Priyadarsini ,w/o- Manoranjan Swain (D/o- Prasanta Kumar Mohapatra as mentioned in Adhar Card)Resident of Ayatpur, Dist/PO- Cuttack, Pin- 754131, Odisha hereby declare vide Affidavit No. C.F No. 67 dated 25/09/25 that My name has been entered incorrect in my daughter's Birth Certificate as "P.S Priyadarshini" instead of "P S Priyadarsini".I declare that "P.S Priyadarshini" and "P S Priyadarsini" is the same person and my correct name "P S Priyadarsini" shall be used for future purposes.

**AFFIDAVIT**
By virtue of an affidavit sworn before Executive Magistrate, Bhubaneswar dated 27/10/2025 I Ratnakara Behera, Address Subash Nagar Basthi, Dumduma Housing Board Colony, Po: Dumduma, P.S. Khandagiri, Bhubaneswar, Dist – Khordha, Odisha, 751019 declare that I have changed the name of my daughter from Adyasa Behera to Adyasha Priyadarshini. Henceforth, she shall be known as **Adyasha Priyadarshini.**
**Ratnakara Behera**

**AFFIDAVIT**
By virtue of an affidavit sworn before Executive Magistrate, Bhubaneswar dated 27/10/2025 I Ratnakara Behera, Address Subash Nagar Basthi, Dumduma Housing Board Colony, Po: Dumduma, P.S. Khandagiri, Bhubaneswar, Dist – Khordha, Odisha, 751019 declare that I have changed the name of my son from Sai Satyam Behera to Kumar Saisatyam Behera. Henceforth, he shall be known as **Kumar Saisatyam Behera.**
**Ratnakara Behera**

**AFFIDAVIT**
By virtue of an affidavit sworn before Executive Magistrate, Kutra, Dtd. 28/10/2025, I, LALITA NAIK, Address Vill./P.O.-Katang, P.S.- Kutra, Dist.- Sundargarh (Odisha), Pin-770023 declare that I have changed my name from LALITA AMAT to LALITA NAIK. Henceforth I shall be known as LALITA NAIK for all purposes.
**Sd/- Lalita Naik**

**AFFIDAVIT**
By virtue of an affidavit sworn before the Executive Magistrate/ Notary Public, Kantabanji, I, Manju Hianl, W/o- Shibraju Hianl, At/P.O: Chaulsukha, P.S. Kantabanji, Dist. Balangir do hereby declare that my correct name is Manju Hianl W/o- Shibraju Hianl. That in some of my documents, my name has been wrongly mentioned as Khiramani Nag. That both the names Manju Hianl, W/o- Shibraju Hianl and Khiramani Nag is one and the same person, i.e., myself.

**AFFIDAVIT**
I Renu Mishra, D/o- Sitaram Nayak, Resident of Flat No. E-403, 4th Floor, Baishnab Vihar, Phase-2, Near Durga Mandap, Bomikhal, Plot No- 220/3175, Po- Budheswari Colony Ps- Mancheswar, Bhubaneswar-751006, Dist Khordha, Odisha, declares by this affidavit No.357, on dated 15.10.2025 that now onwards I shall be known as **RENUBALA MISHRA** for all future purposes.

**PUJA OFFER SALE**
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
**9437015112**

**AFFIDAVIT**
By virtue of an Executive Magistrate Bhubaneswar affidavit No. 33 on dated 28.10.2025. I Jayanti Mishra D/o- Harihara Panda, resident of Plot No- A/60, BJB Nagar, Bhubaneswar, Dist- Khordha, Odisha PIN- 751014, declare that after marriage my name has been changed from Jayanti Panda to Jayanti Mishra. Henceforth I shall be known as **JAYANTI MISHRA** W/o Ranjan Kumar Mishra for all future purposes.

**AFFIDAVIT**
I, Krishna Kumar Mundra, aged about 42 years, S/o- Late Kailash Nath Mundra, resident of Main Road, Jharsuguda, PO/PS/Dist-Jharsuguda, PIN-768201, Odisha declared by this affidavit No. 11, dtd- 28/10/2025 that now onwards I shall be known as **KRISHNA MUNDRA** for all future purposes.

**AFFIDAVIT**
I, Reena Mahapatra, aged about 43 years, W/o- Sachindra Saraf, resident of At/Po- Laikera, Ps- Laikera, Dist- Jharsuguda , Odisha, PIN- 768215, declare by this affidavit No. 2202, dtd-28.10.2025, that now onwards I shall be known as **RINA SARAF** for all future purposes

**AFFIDAVIT**
I, Somya Prakash Parida S/o Kishor Chandra Parida, Resident of Plot No-771/3559, Oscar Vihar, Raghunathpur, Dist-Khordha, Odisha PIN-751024, declare by this affidavit No 79AA 143399, dated-15.10.2025 that now onwards I shall be known as **SOUMYA PRAKASH PARIDA** for all future purposes.

**AFFIDAVIT**
By virtue of an affidavit sworn before Executive Magistrate, Nabarangpur vide no. 909 Dtd.30.07.2025, I, Rama Harijan, S/o- Hari Harijan resident of Vill.- Dhepaguda, Po.- Agnipur, Ps./Dist.- Nabarangpur, Odisha, state that, I have changed my minor son's name from **ASISHA HARIJAN** to **ASISH JOSHUA**. Henceforth son will be known as **ASISH JOSHUA** for all future purposes.
Sd/- Rama Harijan

OFFICE OF THE PRINCIPAL-CUM-SECRETARY
**BABA H.K. DAS, (DEGREE) MOHAVIDYALAYA**
At/Po - Markandpur, Dist - Jajpur, Pin-755062
E-Mail- babahkdasdegree.mohv@gmail.com.
**WANTED**
Guest Lecturers in subject Pol. Science & Junior Clerk (Computer Ability) are wanted for immediate engagement. The retired faculties and Non-teaching staff members below the age of 69 Years may apply through HIMS Portal on or before 31.10.2025. The Salary for the above Cited Posts will be as per the notification of DHE. Odisha vide letter No- 57198 and 57203 on dated 23.10.2025.
**Sd/-** Principal-cum-Secretary, Baba H.K. Das (Degree) Mahavidyalaya, Markandpur, Jajpur

**AFFIDAVIT**
I, Mahua Roy, W/o- Amitava Roy, resident of Flat no-14NB, Nilakantha Block, Mani Tribhuvan, Nandankanan road, Patia, Raghunathpur, Bhubaneswar, Dist-Khurda PIN-751024, Odisha declared by this affidavit No-784, dtd-28/10/2025 that now onwards I shall be known as **MOHUYA ROY** for all future purposes

**AFFIDAVIT**
By virtue of an affidavit sworn before the Executive Magistrate, Padampur, I, Mayadhar Patel, At-Kurlubahal, Po-Melchhamunda, Dist- Bargarh, Pin–768035 do have changed my minor son's name from Kshireswari Patel to Kshireswar Patel. Henceforth he shall be known as **Kshireswar Patel** for all purposes.
**Sd/- Mayadhar Patel**

**AFFIDAVIT**
By virtue of an affidavit sworn before Executive Magistrate, Kutra, dated. 28.10.2025, I, Minati Majhi, W/o - Sreedhar Majhi, permanent resident of Vill.- Kunmendra, P.O.- Salangabahal, P.S.- Raiboga, Dist.- Sundargarh (Odisha), Pin-770033 declare that I have changed my minor son's name from SWATIK MAJHI to SWASTIK MAJHI. Henceforth, he shall be known as SWASTIK MAJHI for all purposes.
**Sd/- Minati Majhi**

OFFICE OF THE PRINCIPAL
**PRIYADARSHINI INDIRA DEGREE COLLEGE**
**JUNAGARH, DIST: KALAHANDI**
E-mail: pidmahavidyalaya@gmail.com
**WANTED**
Engagement of Guest Faculty Lecturers in the subject of Odia and Education including 01 no. of Junior Clerk, 01 no. of Demonstrator in Geography are wanted on contractual and temporary basis.The retired faculties and Non-Teaching members below the age of 69 years may apply through HRMS portal on or before 31.10.2025 as per letter No. 5719 and No.-57203 dated 23.10.2025, the remuneration for the above positions shall be paid as per the approved norms.
**Sd/- Principal-cum-Secretary**
P.I. Degree College, Junagarh

**AFFIDAVIT**
By virtue of an affidavit sworn before Executive Magistrate, Bissam Cuttack vide no. 2553/25 Dtd.29.10.2025, I, Trinath Pidikaka, S/o- Late Jagabanhu Pidikaka resident of Naringipanga, Po.- Dukum, Ps.- Bissam Cuttack, Dist.- Rayagada, Odisha, PIN- 765019 state that, I have changed my minor daughter's name from **BANA PIDIKAKA** to **BANDHANA PIDIKAKA**. Henceforth she will be known as **BANDHANA PIDIKAKA** for all future purposes.
Sd/-Trinath Pidikaka

**AFFIDAVIT**
By virtue of an affidavit sworn before the Executive Magistrate, Khariar, I, Debasish Chinmaya Nag, S/o- Jyoti Charan Nag resident of at ward no.- 01, Missionpada, Po.- Khariar, Dist.- Nuapada, Pin- 766107, Odisha state that, I have lost my Bachelor of Pharmacy Certificate, Pharmacy licence,10th Board Certificate, +2 Board Certificate with +2 Marksheet with other relevant Certificates theft during travelling in train.

**AFFIDAVIT**
I Deepak Ranjan Samanta, S/o- Late Harekrishna Samanta, resident of Amalapada, PO/PS- Angul, Dist-Angul, Pin-759122, Odisha declare by this affidavit No-3437, dated- 29/10/2025 that now on wards I shall be known as **DEEPAK RANJAN SAMANT** for all future purposes.

**AFFIDAVIT**
By virtue of an affidavit sworn before Executive Magistrate, Nabarangpur vide no. 908 Dtd.30.07.2025, I, Rama Harijan, S/o- Hari Harijan resident of Vill.- Dhepaguda, Po.- Agnipur, Ps./Dist.- Nabarangpur, Odisha, state that, I have changed my name from **RAMA HARIJAN** to **RAMA JOSHUA**. Henceforth she will be known as **RAMA JOSHUA**, S/o- Hari Harijan for all future purposes.

**AFFIDAVIT**
I, Sanghamitra Panigrahi, W/o- Ranjit Kumar Panda, resident of At-Prem Nagar, 5th Lane, Berhampur, Dist.-Ganjam, Pin: 760002, Odisha declare by this affidavit No. 73AA 332781, Dtd: 19.07.2025 that now onwards I shall be known as **SANGHAMITRA PANDA** for all future purposes.

Leadership and beyond
दि न्यू इन्डिया एश्योरन्स कंपनी लिमिटेड
The New India Assurance Co. Ltd
India's Premier Multinational General Insurance Company
ଭୁବନେଶ୍ୱର କ୍ଷେତ୍ରୀୟ କାର୍ଯ୍ୟାଳୟ (୫୫୦୦୦୦)
ପ୍ରଥମ ମହଲା, ଆଲୋକ ଭାରତୀ ଟାୱାର, ଶହୀଦ ନଗର, ଭୁବନେଶ୍ୱର-୭୫୧୦୦୭, ଫୋନ୍:୦୬୭୪-୨୫୪୫୪୬୭
**ଲିଜ୍ ସୂତ୍ରରେ ବ୍ୟବସାୟିକ ଗୃହ ଆବଶ୍ୟକ**
ଟେଣ୍ଡର ରେଫ. ସଂ: ବିବିଏସ୍‌ଆରଓ/ଝାରସୁଗୁଡା ଓଓ ସ୍ଥାନାନ୍ତର/ସନ୍ଧାନ/ଚୟନ/୫୫୦୯୦୪/୦୦୨
ଦି ନ୍ୟୁ ଇଣ୍ଡିଆ ଆସ୍ୟୁରାନ୍ସ କମ୍ପାନୀ ଲିମିଟେଡ୍, କ୍ଷେତ୍ରୀୟ କାର୍ଯ୍ୟାଳୟ, ଏହାର ଝାରସୁଗୁଡା ଅପରେଟିଂ କାର୍ଯ୍ୟାଳୟ ନିମନ୍ତେ ନିମ୍ନଲିଖିତ ସ୍ଥାନରେ ୧୦୦୦-୧୨୦୦ ବର୍ଗଫୁଟ କାର୍ପେଟ ଏରିଆ ବିଶିଷ୍ଟ ତଳ କିମ୍ବା ପ୍ରଥମ ମହଲାରେ ଥିବା ବ୍ୟବସାୟିକ ଗୃହ ଲିଜ୍ ଭିତ୍ତିରେ ଜଉମୁଦ ଦିଆ ଲଫାପାରେ (ବୈଷୟିକ ବିଡ୍ ଏବଂ ଆର୍ଥିକ ବିଡ୍ ନିମନ୍ତେ ପୃଥକ) ପ୍ରସ୍ତାବମାନ ଆମନ୍ତ୍ରିତ କରୁଛି।
ଅବସ୍ଥିତି: ଆବଶ୍ୟକୀୟ ପାର୍କିଂ ଏରିଆ ସହିତ ଏହି ଗୃହ ମୁଖ୍ୟତଃ ସରବାହାଲ ଠାରୁ ବେହେରାମାଳ ଛକ, ଝାରସୁଗୁଡାରେ ହୋଇଥିବା ଆବଶ୍ୟକ।
ଟେଣ୍ଡର କାଗଜପତ୍ର (ଝାରସୁଗୁଡା ଅପରେଟିଂ କାର୍ଯ୍ୟାଳୟ, ୧ମ ମହଲା, ମିଶ୍ର ମାର୍କେଟ କମ୍ପ୍ଲେକ୍ସ, ମଙ୍ଗଳା ବଜାର ରୋଡ) କାର୍ଯ୍ୟାଳୟରୁ ପୂର୍ବାହ୍ନ ୧୦.୦୦ ରୁ ଅପରାହ୍ନ ୫.୩୦ ମଧ୍ୟରେ ସୋମବାରରୁ ଶୁକ୍ରବାର ସମସ୍ତ କାର୍ଯ୍ୟ ଦିବସରେ ସଂଗ୍ରହ କରିପାରିବେ। ଏହି ଟେଣ୍ଡର ସୂଚନା କଂପାନୀର ୱେବସାଇଟ୍: **www.newindia.co.in (public notice section)**ରୁ ମଧ୍ୟ ଡାଉନ୍‌ଲୋଡ୍ କରାଯାଇପାରିବ।
ଟେଣ୍ଡର ଦାଖଲ କରିବାର ଅନ୍ତିମ ତାରିଖ: ୧୭.୧୧.୨୦୨୫ ଅପରାହ୍ନ ୫.୦୦ ଘଟିକା ପର୍ଯ୍ୟନ୍ତ।
ସ୍ୱା/- ଉପ ମହା-ପ୍ରବନ୍ଧକ

ସକାଳ THE SAKALA



## 'ମୋନ୍ଥା' ଦେଇଗଲା ଚାଷୀଙ୍କୁ ଦୁଃଖ

# ପାଚିଲା ଧାନରେ ଲହଡ଼ି ମାରୁଛି ବର୍ଷାପାଣି

ଭଦ୍ରକ/ବାସୁଦେବପୁର,୨୯ ।୧୦(ସମିସ):



ଭଦ୍ରକ ଜିଲ୍ଲାବାତ୍ୟା "ମୋନ୍ଥା'ର ପ୍ରଭାବରେ ଗତ ୩ଦିନ ହେବ ଲଗାଣ ବର୍ଷା ଯୋଗୁଁ ପାଚିଲା ବିଲ ଏବେ ଜଳାର୍ଣ୍ଣବ। ଧାନରେ ଏବେ ଥୋଡ ଉଠିଥିଲା, ଧାନ ବି ପାଚିଥିଲା। ଏପରିସ୍ଥଳେ ବିଲରେ ପାଣି ଜମି ରହିବା କାରଣରୁ ପାଖାପାଖି ୯୦ ପ୍ରତିଶତ ଧାନ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ରହିଛି। ଏଭଳି ସ୍ଥିତିରେ ଚାଷୀଙ୍କ ମୁଣ୍ଡରେ ଫସଲହାନୀ ନେଇ ଚଡକ ପଡିଛି । ଏଭଳି ଅଭାବନୀୟ ସ୍ଥିତି ଭଦ୍ରକ ଜିଲ୍ଲା ବାସୁଦେବପୁର ବ୍ଲକ ଅଧିନ ଅରଣ୍ଣୁଆ ପଞ୍ଚାୟତ ଓ ଆଖପାଖ ପଞ୍ଚାୟତରେ। ୩ ଦିନ ଧରି ବର୍ଷା ଲାଗି ରହିବାରୁ ଚାଷ ଜମି ଜଳମଗ୍ନ ହୋଇ ପଡିଛି । ବାସୁଦେବପୁର ବ୍ଲକର ଅରଣ୍ଣୁଆ ପଞ୍ଚାୟତ ସମେତ ଅନ୍ୟ ପଞ୍ଚାୟତରେ ମଧ୍ୟ ସୁନାର ଫସଲ ଧରାଶାୟୀ ହୋଇଛି। କେଉଁଠି ପାଚିଲା ଧାନ ଉପରେ ପାଣି ଜମି ରହିଛି ତ ଅନ୍ୟ କେଉଁଠି ଥୋଡଧାନ ଉପରେ ଜମିଛି ପାଣି। ଧାନ ଜମି ଦେଖିଲେ ଆଖିର ଲୁହ ଆସୁଛି। ଭଦ୍ରକ ଜିଲ୍ଲାର ବାସୁଦେବପୁର ବ୍ଲକର ଅରଣ୍ଣୁଆ ପଞ୍ଚାୟତ ଚାଷୀଙ୍କ ମୁଣ୍ଡରେ ଚଡକ ପଡିଛି । ଋଣ କରି ଧାନ ଚାଷ କରିଥିବା ଚାଷୀ। କେମିତି ଋଣ ପରିଶୋଧ କରିବେ ଏବେ ଚାଷୀ ଚିନ୍ତାରେ। ମୁଣ୍ଡ ଝାଳ ତୁଣ୍ଡ ମାରି ଖରା ବର୍ଷା ଝଡକୁ ଖାତିରି ନ କରି ଜମିରେ ଚାଷୀ ଫଳାଇ ଥିଲା ସୁନାର ଫସଲ; ହେଲେ କେତେବେଳେ ନକଲ ସାରର ଭୟ ତ କେତେବେଳେ ନକଲି ବିଷକୁ ଭୟ କରୁଛି ଚାଷୀ । ଋଣ କରି ଧାନ ଚାଷ କରୁଥିବା ଚାଷୀର ଆର୍ôଥକ ମେରୁଦଣ୍ଡ ଦୋହଲାଇ ଦେଇଛି ବାତ୍ୟା ମୋନ୍ଥା। ହଜାର ହଜାର ଏକର ଜମିରେ ଧାନ ପଡିଯିବା ଯୋଗୁଁ ବର୍ଷକର ଭାତ ହାଣ୍ଡି ଉଜୁଡି ଯିବାକୁ ବସିଛି। ଅରଣ୍ଣୁଆ ପଞ୍ଚାୟତର ରମାକାନ୍ତ ଦାଶ, ମାଧବ ପରିଡା, ଅକ୍ଷୟ ପରିଡା, ଖଗେନ୍ଦ୍ର ନାୟକ, ରାଜେନ୍ଦ୍ର ନାୟକ, କରୁଣାକର ବିଶ୍ୱାଳ, ଗୋବିନ୍ଦ ଚନ୍ଦ୍ର ପଣ୍ଡା, ଉମାକାନ୍ତ ମୁଦୁଲି, ଉମାକାନ୍ତ ଲେଙ୍କା, ମହେଶ୍ୱର ନାୟକ, ସୁରେନ୍ଦ୍ର ନାୟକ ଓ ଦାମୋଦର ପଣ୍ଡା ପ୍ରମୁଖ ସୋସାଇଟିରୁ ଋଣ ନେଇ ଧାନ ଚାଷ କରିଥିଲେ। ପ୍ରାୟ ୯୦ ପ୍ରତିଶତ ଧାନ ଏବେ କ୍ଷତିଗ୍ରସ୍ତ ହେବ ବୋଲି କହିଛନ୍ତି। ତେଣୁ ଆଗକୁ କଣ କରିବି ମୁଣ୍ଡ କାମ କରୁନି ବୋଲି ସେ କହିଛନ୍ତି। ସରକାରୀ ସ୍ତରରେ ଚାଷୀଙ୍କୁ ସହାୟତା ନ ମିଳିଲେ ଆମେ ଆଉ ଚାଷ କରିପାରିବୁନି ବୋଲି କହିଛନ୍ତି ବହୁ ଚାଷୀ ପ୍ରକାଶ କରିଛନ୍ତି। ବର୍ଷକର ଆହାର ଯୋଗାଡରେ ଚାଷୀ ଲାଗିପଡିଥାନ୍ତି । ତେବେ ପ୍ରାକୃତିକ ବିପର୍ଯ୍ୟୟ ସବୁ କିଛି ନଷ୍ଟ କରିଦେଲା। ସରକାରୀ ସହାୟତା ନ ମିଳିଲେ ଚାଷୀ ବ୍ୟାପକ କ୍ଷତିଗ୍ରସ୍ତ ହେବେ।

## ନୂଆ ମେଡିକାଲକୁ ନାହିଁ ସଂଯୋଗୀ ରାସ୍ତା

# ଦୁର୍ଦ୍ଦଶା ଭୋଗୁଛନ୍ତି ଲୋକେ ଓ ରୋଗୀ



ଭଦ୍ରକ, ୨୯ ।୧୦(ସମିସ): ଭଦ୍ରକ ଗେଲପୁରକୁ ନୂତନ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସ୍ଥାନାନ୍ତର ହେବାକୁ ଏହାର ଭିତରେ ୩ ମାସ ହେଲାଣି। ଜିଲ୍ଲାର ସମସ୍ତ ରୋଗୀ ଏବେ ନୂଆ ଡାକ୍ତରଖାନାକୁ ଯାଉଛନ୍ତି। ଜିଲ୍ଲା ବାହାରର ଅନେକ ରୋଗୀ ମଧ୍ୟ ପ୍ରତିଦିନ ଏହି ଚିକିତ୍ସାଳୟକୁ ଆସୁଛନ୍ତି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସୁନ୍ଦର ଭାବେ ନିର୍ମାଣ ହୋଇଥିବା ବେଳେ ଏଠାକୁ ରାସ୍ତା ନାହିଁ ୧୬ ନମ୍ବର ଜାତୀୟ ରାଜପଥରୁ ଯେଉଁ ଆପ୍ରୋଚ ରୋଡ ଦେଇ ଲୋକେ ଡାକ୍ତରଖାନାକୁ ଆସିବା ପାଇଁ ଡାକ୍ତରଖାନା ଛକରୁ ୱାନ ୱେ ଟ୍ରାଫିକ୍ ବ୍ୟବସ୍ଥା କରାଯିବା ସହ ରାସ୍ତା ନିର୍ମାଣ କରାଯାଇଥିଲା। ମାତ୍ର ମେଡିକାଲକୁ ଯିବାପାଇଁ ଏହି ରାସ୍ତାର ସମ୍ମୁଖ ଭାଗରେ ଜନୈକ ବ୍ୟକ୍ତି ରାସ୍ତା ଅବରୋଧ କରିଛନ୍ତି। ରାସ୍ତା ଉପରେ ଏକ ଘର ନିର୍ମାଣ କରି ରହୁଛନ୍ତି। ତେଣୁ ରାସ୍ତା ଉପରେ ଘରୋଇ ବ୍ୟକ୍ତିଙ୍କର ବ୍ୟକ୍ତିଗତ ଜମି ରହିଥିବାରୁ ରାସ୍ତା ପୂର୍ଣ୍ଣାଙ୍ଗ ହୋଇପାରୁ ନାହିଁ। ସେହିପରି ୧୬ନମ୍ବର ଜାତୀୟ ରାଜପଥ କଡ ଦେଇ ମେଡିକାଲ ପାର୍ଶ୍ୱବର୍ତ୍ତୀ ଅଞ୍ଚଳ ଦେଇ ଯାଇଥିବା ଆପ୍ରୋଚରୋଡ କାମ ଶେଷ ହୋଇନାହିଁ। ଏ ନେଇ ବହୁବାର ଦାବି ଓ ଚେତାବନୀ ପରେ ଆପ୍ରୋଚ ରୋଡ୍ ନିର୍ମାଣ ପାଇଁ ମାଟି ପକାଯାଇଛି; କିନ୍ତୁ କାର୍ଯ୍ୟ ସମ୍ପୂର୍ଣ୍ଣ ହୋଇନି । ଭଦ୍ରକ ଆରଡି ଛକରୁ ଗେଲପୁର ସ୍କୁଲ ଆଡକୁ ଯାଉଥିବା ଆପ୍ରୋଚ ରୋଡ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରେ ଗେଲପୁର ସ୍କୁଲ ରୋଡକୁ ସଂଯୋଗ କରିନାହିଁ। ଏହି ସର୍ଭିସ୍ ରୋଡ କାମକୁ ମନ୍ଥର ଗତିରେ କରାଯାଉଥିବାରୁ କେବେ ଶେଷ ହେବ କହିହେବ ନାହିଁ। ଅନ୍ୟପକ୍ଷରେ ଆରଡି ଛକ ସର୍ଭିସରୋଡ ଯାତ୍ରୀବାହୀ ବସ୍, ଟ୍ରକ, ଚାରିଚକିଆ ଯାନ ସହ ଏକାଧିକ ଆମ୍ବୁଲାନ୍ସ ଚଳପ୍ରଚଳ ସହ ଅଟୋ, ବାଇକ୍ ଯାତାୟତ କରୁଥିବାରୁ ଟ୍ରାଫିକ ଜାମ୍ ରହି ଯାତାୟାତରେ ଘୋର ବାଧା ସୃଷ୍ଟି ହେଉଛି। ଏ ଦିଗରେ ପ୍ରଶାସନ ତୁରନ୍ତ ପଦକ୍ଷେପ ନେବାକୁ ଦାବି ହୋଇଛି।

# ସହକାରୀ ଯନ୍ତ୍ରୀଙ୍କ ବଦଳି

ବାରିକପୁର,୨୯ ।୧୦(ସମିସ): ଭଣ୍ଡାରିପୋଖରୀ ବ୍ଲକରେ କାର୍ଯ୍ୟରତ ସହକାରୀ ଯନ୍ତ୍ରୀ ହୃଦାନନ୍ଦ ଜେନାଙ୍କ ବଦଳି ହୋଇଛି। ଶ୍ରୀ ଜେନା ଏଠାରେ ଦୀର୍ଘ ୬ ବର୍ଷ ଧରି ସଫଳତାର ସହ କାର୍ଯ୍ୟ କରିଛନ୍ତି। ଏବେ ତାଙ୍କୁ ସହକାରୀ ନିର୍ବାହୀ ଯନ୍ତ୍ରୀ ଭାବେ ପଦୋନ୍ନତି ମିଳିଛି। ତେଣୁ ନିୟମ ଅନୁଯାୟୀ ଶ୍ରୀ ଜେନାଙ୍କର ଜଗତସିଂହପୁର ଜିଲ୍ଲା ବାଲିକୁଦା ବ୍ଲକକୁ ବଦଳି ହୋଇଥିବା ଜଣାପଡିଛି।

# ରାମଚରିତ ମାନସ ପାରାୟଣ

ବାରିକପୁର,୨୯ ।୧୦(ସମିସ): ଭଣ୍ଡାରିପୋଖରୀ ବ୍ଲକ କୁଲଣା ବିଶୋଳ ମୈତ୍ରୀ ରାମଦୟା ପରିଷଦ ପକ୍ଷରୁ ୨୬ତମ ଶ୍ରୀରାମ ଚରିତ ମାନସ ନବାହ୍ନ ପାରାୟଣ ଓ ପ୍ରବଚନ ଅନୁଷ୍ଠିତ ହୋଇଥିଲା। ଗତ ୨୨ ତାରିଖରୁ ଆରମ୍ଭ ହୋଇଥିବା ବୈଦିକ ଉତ୍ସବ ଆଜି ଉଦଯାପିତ ହେବ। ମୁଖ୍ୟ ପୂଜକ ଉମାଧବ ପଣ୍ଡାଙ୍କ ତତ୍ତ୍ୱାବଧାନରେ ପୂଜାର୍ଚ୍ଚନା ସହିତ ଘଟ ଉତ୍ତୋଳନ ହେବା ପରେ ବ୍ୟାସ ସୂର୍ଯ୍ୟ ନାରାୟଣ ଦାସଜୀ ମହାରାଜାଙ୍କ ଦ୍ୱାରା ପାରାୟଣ ଉଦଘାଟିତ ହୋଇଥିଲା। ବିଭିନ୍ନ



ସନ୍ଧ୍ୟାରେ କଥାକାର ବିଶ୍ୱଜିତ ନାୟକ, ଗୋପାଳ ରାଜଗୁରୁ, ସୂର୍ଯ୍ୟ ରଥ ପ୍ରମୁଖ ପ୍ରବଚନ ଦେଇଥିଲେ। ପ୍ରକାଶ କୁମାର ନାୟକ ସଙ୍କଳ୍ପ କର୍ତ୍ତା ଭାବେ ଦାୟିତ୍ୱ ନିର୍ବାହ କରିଥିଲେ।

## ଚାରିଗାଁ ଆୟୁର୍ବେଦିକ ଚିକିତ୍ସାଳୟରେ ସ୍ୱାମୀ-ସ୍ତ୍ରୀ ନିଯୁକ୍ତିକୁ ବିରୋଧ

# ବିଭାଗୀୟ ଅଧିକାରୀଙ୍କୁ ଅଭିଯୋଗ କଲେ ଗ୍ରାମବାସୀ



ବନ୍ତ/ଆଗରପଡ଼ା, ୨୯।୧୦ (ସମିସ): ବନ୍ତ ବ୍ଲକ ଚାରିଗାଁ ପଞ୍ଚାୟତ ଅନ୍ତର୍ଗତ ଚାରିଗାଁରେ ଏକ ସରକାରୀ ଆୟୁର୍ବେଦିକ ଚିକିତ୍ସାଳୟ ରହିଛି। ଉକ୍ତ ଚିକିତ୍ସାଳୟରେ ଲୋକେ ତତ୍କ୍ଷଣାତ ସେବା ପାଉଥିବାରୁ ଚାରିଗାଁ ପଞ୍ଚାୟତବାସୀଙ୍କ ସମେତ ଆଖପାଖର ଶତାଧିକ ରୋଗୀ ପ୍ରତିଦିନ ଏଠାକୁ ଆସୁଛନ୍ତି। କିନ୍ତୁ ବିଭାଗୀୟ ଅଧିକାରୀଙ୍କ ଦ୍ୱାରା କୌଣସି କିଛି ବିଜ୍ଞାପନ ଦିଆ ନ ଯାଇ ଏଠାରେ ରାତ୍ରି ଜଗୁଆଳୀ ଓ ପିଅନ ଭାବେ ୨ ଜଣଙ୍କୁ ନିଯୁକ୍ତି ଦିଆଯାଇଛି। ହେଲେ ନିଯୁକ୍ତି ପାଇଥିବା ଉଭୟ ସ୍ୱାମୀ ଓ ସ୍ତ୍ରୀ ବୋଲି ଜଣାପଡିଛି। ତେଣୁ ଗ୍ରାମବାସୀଙ୍କ ଅଗୋଚରରେ ଏହି ପଦବୀ ୨ଟି ପୂରଣ କରାଯାଇଥିବାରୁ ଶତାଧିକ ମହିଳା ଏହାକୁ ବିରୋଧ କରିଛନ୍ତି। ରାତ୍ରି ଜଗୁଆଳୀ ଭାବେ ନିଯୁକ୍ତି ପାଇଥିବା ବ୍ୟକ୍ତିଙ୍କ ନାଁରେ ଥାନାରେ ବିଭିନ୍ନ ପ୍ରକାରର ମାମଲା ରହିଛି। ଏଥିସହିତ ତାଙ୍କ ସ୍ତ୍ରୀଙ୍କୁ ମଧ୍ୟ ଏଠାରେ ପିଅନ ଭାବେ ନିଯୁକ୍ତି ମିଳିଛି। ଏହି ମର୍ମରେ ଶତାଧିକ ମହିଳାଙ୍କ ସମେତ ପ୍ରାକ୍ତନ ସରପଞ୍ଚ ବନମାଳୀ ବେହେରା ଚିକିତ୍ସାଳୟ ଅଧିକାରିଣୀଙ୍କୁ ଏକ ଦାବିପତ୍ର ଦେଇଛନ୍ତି। ପୂର୍ବରୁ ଗତ ୧୩ ତାରିଖରେ ବନ୍ତ ବ୍ଲକରେ ଅନୁଷ୍ଠିତ ଜିଲ୍ଲାପାଳଙ୍କ ଅଭିଯୋଗ ପ୍ରକୋଷ୍ଠରେ ମଧ୍ୟ ଗ୍ରାମବାସୀ ଅଭିଯୋଗ କରିଥିଲେ। ଜିଲ୍ଲାପାଳ ଉକ୍ତ ଅଭିଯୋଗକୁ ଗ୍ରହଣ କରିବା ସହିତ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜିଲ୍ଲା ଆୟୁର୍ବେଦିକ ଅଧିକାରୀଙ୍କୁ ପଠାଇଛନ୍ତି। କିନ୍ତୁ ବିଭାଗ ପକ୍ଷରୁ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନାହିଁ। ତେଣୁ ଏହାର ତୁରନ୍ତ କିଛି ପଦକ୍ଷେପ ନିଆ ନ ଗଲେ ଆଗାମୀ ଦିନରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଓ ଡାକ୍ତରଖାନା ସାମ୍ନାରେ ଧାରଣା ଦିଆଯିବ ବୋଲି ଅଭିଯୋଗକାରୀ ଚେତାବନୀ ଦେଇଛନ୍ତି। ଏ ନେଇ ବିଭାଗୀୟ ଉଚ୍ଚ ପଦସ୍ଥ ଅଧିକାରୀଙ୍କୁ ଯୋଗାଯୋଗ କରିବାରୁ ସରକାରଙ୍କ ନିୟମାନୁସାରେ ଆବଶ୍ୟକ ଥିବା କର୍ମଚାରୀ ତାଲିକା ସରକାରଙ୍କୁ ପଠାଯାଇଥିଲା। ଉକ୍ତ ପଦବୀ ସର୍ଭିସ ପ୍ରୋଭାଇଡରଙ୍କ ଦ୍ୱାରା ଚୟନ କରାଯାଇଥିବାରୁ ଆମ ଭୂମିକା ଚୟନ ପ୍ରକ୍ରିୟାରେ କିଛି ନ ଥିବା ପ୍ରକାଶ କରିଥିଲେ। ଅପରପକ୍ଷରେ ସର୍ଭିସ ପ୍ରୋଭାଇଡର ମୁଖ୍ୟଙ୍କୁ ଯୋଗାଯୋଗ କରିବାରୁ ପଦବୀ ଥିବା ସୂଚନା ମିଳିବା ପରେ ଆମେ ପ୍ରାର୍ଥୀ ଚୟନ କରି ନିଯୁକ୍ତି ପ୍ରଦାନ କରିଛୁ; କିନ୍ତୁ ପରବର୍ତ୍ତୀ ସମୟରେ ପ୍ରାର୍ଥୀଙ୍କ ନାମରେ ଥାନାରେ ବିଭିନ୍ନ ପ୍ରକାର ଅଭିଯୋଗ ଥିବା ଜାଣିବାକୁ ପାଇଛୁ। ତେଣୁ ନିୟମାନୁସାରେ ଯାହା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ତାହା କରିବୁ ବୋଲି କହିଥିଲେ। ତାଙ୍କ ସ୍ତ୍ରୀଙ୍କୁ କିପରି ଅନ୍ୟ ଏକ ପଦବୀରେ ନିଯୁକ୍ତି ଦେଲେ ବୋଲି ପ୍ରଶ୍ନ କରିବାରୁ କୌଣସି ସନ୍ତୋଷଜନକ ଉତ୍ତର ଦେଇପାରିନଥିଲେ। ତେଣୁ ନିଯୁକ୍ତିରେ ଅନିୟମିତତା ହୋଇଥିବା ସ୍ପଷ୍ଟ ବାରିହୋଇପଡୁଛି।

**କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାନଗଲେ ଧାରଣା**

# ପ୍ରତିଷ୍ଠାକୁ ୧୪ ବର୍ଷ ପୂରିବ; ଲକ୍ଷ୍ୟଠୁ ଦୂରରେ ପୂର୍ତ୍ତ ବିଭାଗ ଡାକବଙ୍ଗଳା



ବନ୍ତ/ଆଗରପଡ଼ା,୨୯।୧୦(ସମିସ): ଭଦ୍ରକ ଜିଲ୍ଲା ବନ୍ତ ବ୍ଲକ ଆଗରପଡ଼ା ସ୍ଥିତ ପୂର୍ତ୍ତବିଭାଗ ଡାକବଙ୍ଗଳା ଏବେ କୋ÷ଣସି କାମରେ ଲାଗୁନଥିବା ଅଭିଯୋଗ ହେଉଛି। ଗତ ୨୦୧୧ ମସିହା ଡ଼ିସେମ୍ବର ୧୯ ତାରିଖରେ ଡାକବଙ୍ଗଳା ପ୍ରତିଷ୍ଠା ହୋଇଥିଲା। ଆଉ ମାସକ ପରେ ପ୍ରତିଷ୍ଠାକୁ ୧୪ବର୍ଷ ପୂରିବ। ଏହାର ପାରିପାର୍ଶ୍ୱିକ ପରିସ୍ଥିତିର ଉନ୍ନତି ନହେବା ବିଭାଗର କାର୍ଯ୍ୟପନ୍ଥା ଉପରେ ଅଙ୍ଗୁଳ ନିର୍ଦ୍ଦେଶ କରୁଛି। ସରକାର ବିଭିନ୍ନ ଯୋଜନା ମାଧ୍ୟମରେ ବିଭିନ୍ନ ବିଭାଗର ଉନ୍ନତି ପାଇଁ କୋଟିକୋଟି ଟଙ୍କା ଖର୍ଚ୍ଚ କରୁଥିବା ବେଳେ ପୂର୍ତ୍ତବିଭାଗ ଡାକବଙ୍ଗଳା ପ୍ରତିଷ୍ଠାକୁ ୧୩ ବର୍ଷ ପୂରି ସାରିଲାଣି। ବିଭାଗୀୟ ଅଧିକାରୀ ଉକ୍ତ ଡାକବଙ୍ଗଳାର ଉନ୍ନତି ପ୍ରତି ଦୃଷ୍ଟି ଦେଉ ନ ଥିବାରୁ ଏବେ ଅଲୋଡା ହୋଇରହିଛି। କେନ୍ଦୁଝର,ବାଲେଶ୍ୱର ଓ ଭଦ୍ରକର ବ୍ୟବସାୟିକ କେନ୍ଦ୍ର ଆଗରପଡ଼ା ହୋଇଥିବା ସ୍ଥଳେ ଉକ୍ତ ଡାକବଙ୍ଗଳା ଏକ ପ୍ରମୁଖ ଭୂମିକା ନିର୍ବାହ କରୁଥିଲା। ଏବେ ପାରିପାର୍ଶ୍ୱିକ ପରିସ୍ଥିତିର ଉନ୍ନତି ନହେବା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରୁଛି। ଯେକୋ÷ଣସି ସରକାରୀ କିମ୍ବା ବେସରକାରୀ ସଭା, ସମିତି ଆଦି ମଧ୍ୟ ଏଠାରେ ଅନୁଷ୍ଠିତ ହୋଇଥାଏ। ସୂଚନା ଅନୁଯାୟୀ ବେସରକାରୀ ଭାବେ କେହିବି ଉକ୍ତ ଡାକବଙ୍ଗଳାକୁ ଭଡ଼ା ସୂତ୍ରରେ ନେଲେ ତା' ବାବଦରେ ଅର୍ଥ ମଧ୍ୟ ପଇଠ କରିଥାନ୍ତି। ତେଣୁ ବିଭିନ୍ନ ସୂତ୍ରରୁ ଅର୍ଥ ମଧ୍ୟ ଆସିବାର ସମ୍ଭାବନା ଥିବା ବେଳେ ଏହାର ମରାମତି କରାନଯିବା ଆଉ ଏକ ପ୍ରଶ୍ନବାଚୀ। ସୂଚନାଯୋଗ୍ୟ ଦୈନିକ 'ସକାଳ'ରେ ବାରମ୍ବାର ଉକ୍ତ ଡ଼ାକବଙ୍ଗଳାର ସମସ୍ୟା ପ୍ରକାଶ ପାଇବା ପରେ ୨୦୨୩ ମସିହା ମେ' ମାସରେ ନବକଳେବର କରାଯାଇଥିଲା। ନବକଳେବର ବେଳେ ଗୃହକୁ ଖାଲି ରଙ୍ଗ ମାରି ବିଭାଗ କାମ ସାରିଦେଇଥିଲା। ଏବେ ଡାକବଙ୍ଗଳା ପରିସର ବିଷଧର ସାପଙ୍କ ଚାରଣ ଭୂମି ପାଲଟିଛି। ତେଣୁ ଏହି ଡାକବଙ୍ଗଳା ଏବେ ଲକ୍ଷ୍ୟ ଠାରୁ ବହୁ ଦୂରରେ ରହିଥିବା ନେଇ ମତପ୍ରକାଶ ପାଇଛି।

# ଶିଶୁ ଶ୍ରମିକ ପ୍ରଥାବନ୍ଦ ପାଇଁ ଜିଲ୍ଲାସ୍ତରୀୟ କର୍ମଶାଳା



ଭଦ୍ରକ,୨୯ ।୧୦(ସମିସ): ସୋସାଇଟି ଫର୍ ୱିକର କମ୍ୟୁନିଟିର ପ୍ରତିଷ୍ଠତା ସଦସ୍ୟ ତଥା କ୍ୟାମ୍ପେନ୍ ଏଗେନ୍ଷ୍ଟ ଚାଇଲଡ୍ ଲେବର (ସିଏସିଏଲ୍)ର ପୂର୍ବତନ ଜିଲ୍ଲା ଆବାହକ ସଲାମ୍ ଭାଇଙ୍କ ସଭାପତିତ୍ୱରେ ଜିଲ୍ଲାସ୍ତରୀୟ ଶିଶୁ ଶ୍ରମିକ ନିରୋଧ ମଞ୍ଚର ପୁର୍ନଗଠନ ବୈଠକ ଅନୁଷ୍ଠିତ ହୋଇଯାଇଛି। ସିଏସିଏଲ୍ର କ୍ଷେତ୍ରୀୟ ଆବାହକ ହୃଷିକେଶ ପଣ୍ଡା ପ୍ରାରମ୍ଭିକ ସୂଚନା ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଭଦ୍ରକ ଜିଲ୍ଲାର ୧୫ଟି ସାମାଜିକ ଅନୁଷ୍ଠାନ ଆଲୋଚନାରେ ଭାଗ ନେଇ ଶିଶୁ ଶ୍ରମିକ ପ୍ରଥାକୁ ଲୋପ କରିବା ପାଇଁ ପ୍ରସ୍ତାବ ଦେଇଥିଲେ। ଯେପରିକି ବିଦ୍ୟାଳୟରେ ୬୦୩୨ ଶିଶୁ ଅଧାରୁ ପାଠ ଛାଡ଼ିଥିବା, ବିଦ୍ୟାଳୟରେ ଅଭିଯୋଗ ବକ୍ସର ସ୍ଥାପନା, କିଶୋରୀଙ୍କୁ ଦକ୍ଷତା କୌଶଳ ତାଲିମ୍ ପ୍ରଦାନ, ପ୍ରତିଷ୍ଠାନରେ ଶିଶୁ ଶ୍ରମିକ ନ ରଖିବା ପାଇଁ ସଚେତନା କରିବା, ଘରୋଇ କାର୍ଯ୍ୟରେ ଶିଶୁମାନଙ୍କୁ ଶ୍ରମଜନିତ କାର୍ଯ୍ୟରେ ନ ଲଗାଇବା, ଋତୁସ୍ରାବ ନିମନ୍ତେ ବାଳିକାଙ୍କ ପାଇଁ ବିଦ୍ୟାଳୟରେ ଶୌଚାଳୟ ସ୍ଥାପନ, ମାତୃଭାଷାର ଶିକ୍ଷକ ଅଭାବ ସକାଶେ ବିଦ୍ୟାଳୟରେ ଶିଶୁ ଅନୁପସ୍ଥିତ ରହିବା, ନୂତନ କୌଶଳରେ ବିଦ୍ୟାଳୟର ଶିକ୍ଷାଦାନ ଆଦି ଉପରେ ଆଲୋଚନା ହୋଇଥିଲା। ଶୁଭମ୍ ସଂଗଠନ ସମ୍ପାଦକ ନରେନ୍ଦ୍ର ସାମଲଙ୍କୁ ଧାମନଗର ବ୍ଲକ ପ୍ରଗତି ଯୁବକ ସଂଘର ସଂପାଦକ ଦେବବ୍ରତ ଦାସଙ୍କୁ ଚାନ୍ଦବାଲି ବ୍ଲକ ଏବଂ ଦିଶାର ସମ୍ପାଦକ ସେକ୍ ମହମ୍ମଦ୍ ନିଆଜ୍ଙ୍କୁ ଭଦ୍ରକ ବ୍ଲକର ସହଆବାହକ ଭାବେ ଦାୟିତ୍ୱ ଅର୍ପଣ କରାଗଲା। ଅନ୍ୟମାନଙ୍କ ମଧ୍ୟରେ ଗାନ୍ଧୀବାଳାଶ୍ରମର ସଂପାଦକ ଅଶୋକ ଦାସ, ହ୍ୟୁମାନ୍ ରାଇଟ୍ସ୍ ଫାଉଣ୍ଡେସନ୍ର ସଭାପତି ସଂଗ୍ରାମକେଶରୀ ମହାନ୍ତି, ସାଥୀର ସଂପାଦକ ଇମ୍ତିହାଜ୍ କମାଲ୍ ଖାନ୍, ମୁସ୍ଲିମ୍ ସମାଜର ସଂଗଠନର ସଭାପତି ଜହିର ଖାନ୍, ବି.ଏସ୍.ଏସ୍ ସଭାପତି ପ୍ରକାଶ ସ୍ୱାଇଁ, ସଲିଡ଼େଟେରୀ ଅନୁଷ୍ଠାନର ସଂପାଦକ ପ୍ରକାଶ ଚନ୍ଦ୍ର ସ୍ୱାଇଁ, ତ୍ରିବେଣୀ ଟ୍ରଷ୍ଟ ସଂପାଦିକ ରଞ୍ଜୁଲାତା ଗୁହାନ, ସିଏଫ୍ଡ଼ବ୍ଲୁର ସଂଯୋଜକ ପ୍ରଦୀପ କୁମାର ଜେନା, ଆମ୍ୱର ସଂପାଦକ ବିନୋଦ ମହାରଣା, ଏନ୍.ଏଲ୍.ଏସ୍.ର ସମ୍ପାଦକ ହେମନ୍ତ ମହାନ୍ତି, ଏମ୍.ଏସ୍.ଏଫ୍.ର ସମ୍ପାଦକ ସେକ୍ ଇମ୍ଦାଦ୍, ବି.ଏସ୍. ସଂଗଠନର ସାଇପଦ୍ମା ନାୟକ, ଦରିଦ୍ର ବନ୍ଧୁ ସଂଗଠନର ଗୀତରଂଜନ ବେହେରା ପ୍ରମୁଖ ଯୋଗଦାନ କରିଥିଲେ। ଶେଷରେ ଜିଲ୍ଲା ଆବାହକ ସୋଫିଆ ସେକ୍ ଧନ୍ୟବାଦ ଅର୍ପଣ କରିଥିଲେ।

## ଡ୍ରଗ୍ସ ଫ୍ରି ଇଣ୍ଡିଆ ପାଇଁ ଆସାମ ଯୁବକଙ୍କ ଭାରତ ପଦଯାତ୍ରା

# ୧୮୦ ଦିନରେ ପରିକ୍ରମା କଲେଣି ୬ ରାଜ୍ୟ



ଭଦ୍ରକ,୨୯ ।୧୦(ସମିସ): ଡ୍ରଗ୍ସ ମୁକ୍ତ ଇଣ୍ଡିଆ ପାଇଁ ଜଣେ ଆସାମ ଯୁବକଙ୍କ ଅଭିନବ ପ୍ରୟାସ। ଚାଲି ଚାଲି ପଦଯାତ୍ରା କରି ସାରା ଭାରତ ଭ୍ରମଣ କରିବାକୁ ଅଣ୍ଟା ଭିଡିଛନ୍ତି। ଏହି ଅଭିନବ ନିଶା ରଖିଥିବା ଯୁବକ ଜଣଙ୍କ ହେଲେ ଆସାମ ରାଜ୍ୟର ଶ୍ରୀଭୂମି ଜିଲ୍ଲାର ପଲ୍ଲବ ଦେବ। ଡ୍ରଗ୍ସ ଫ୍ରି ଇଣ୍ଡିଆ ଆହ୍ୱାନ ଦେଇ ସାରା ଭାରତ ବର୍ଷ ପଦଯାତ୍ରାରେ ଚାଲିଛନ୍ତି ଆସାମର ଯୁବକ ପଲ୍ଲବ। ଆସାମ ଶ୍ରୀଭୂମି ଜିଲ୍ଲା ରାଣିବାଡି ଅଂଚଳର ପଲ୍ଲବ ଦେବ ଗତ ମଇ ମାସ ୫ରୁ ଏହି ପଦଯାତ୍ରା ଆରମ୍ଭ କରି ଆଜି ୧୮୦ ଦିନରେ ଭଦ୍ରକରେ ପହଞ୍ଚିଛନ୍ତି। କାନ୍ଧରେ ବ୍ୟାଗ, ବ୍ୟାଗ ପଛରେ ଡ୍ରଗ୍ସ ମୁକ୍ତ ଭାରତର ନାରା, ମୁଣ୍ଡ ଉପରେ ଜାତୀୟ ପତାକା ସାଙ୍ଗକୁ ହାତରେ ଖଣ୍ଡେ ବାଡ଼ି ଧରି ଆସାମରୁ ବାହାରିବା ପରେ ମେଘାଳୟ, ପଶ୍ଚିମବଙ୍ଗ, ବିହାର, ଝାଡ଼ଖଣ୍ଡ ଓ ଛତିଶଗଡ଼ ଅତିକ୍ରମ କରି ଏବେ ଓଡ଼ିଶାରେ ପହଞ୍ଚିଛନ୍ତି। ସେ ଏବେ ୫ଟି ରାଜ୍ୟ ଅତିକ୍ରମ କରିସାରିଲେଣି। ରାସ୍ତାରେ ପଦଯାତ୍ରା ବେଳେ ଲୋକଙ୍କୁ ସଚେତନତା କରିବା ସହ ବିଭିନ୍ନ ସ୍କୁଲ କଲେଜ ଦେଖିଲେ ସେଠାକୁ ଯାଇ ଡ୍ରଗ୍ସ ଫ୍ରି ଇଣ୍ଡିଆର ବାର୍ତ୍ତା ଦେଉଛନ୍ତି। ୨୦୨୧ ମସିହାରେ ଗ୍ରାଜୁଏସନ ଡିଗ୍ରୀ ହାସଲ କରିବା ପରେ ଭାରତୀୟ ସେନାରେ ଯୋଗ ଦେବାରେ ବାରମ୍ବାର ଚେଷ୍ଟା କରି ଅସଫଳ ହେବାରୁ ସେ ଏପରି କିଛି ଅନନ୍ୟ ଚିନ୍ତାଧାରା ନେଇ ସାରା ଭାରତ ପଦଯାତ୍ରା କରିବାର ଲକ୍ଷ୍ୟ ରଖିଥିବା କହିଛନ୍ତି।

## ଜିଲ୍ଲାରେ ମାଲ ମାଲ ବାଂଲାଦେଶୀ ଅନୁପ୍ରବେଶକାରୀ ; ଧାମରା ପାଲଟିଛି ପ୍ରବେଶପଥ

# କାଗଜପତ୍ରରେ ସୀମିତ ଟାକ୍ସଫୋର୍ସ କମିଟି

ଭଦ୍ରକ,୨୯ ।୧୦(ସମିସ):

ଭଦ୍ରକ ଜିଲ୍ଲାର ବିଭିନ୍ନ ଅଞ୍ଚଳରେ ମାଲ ମାଲ ବାଂଲାଦେଶୀ ଭର୍ତ୍ତି ହୋଇଗଲେଣି। ବିଶେଷ କରି ସମୁଦ୍ର ଉପକୂଳରେ ଦିନକୁ ଦିନ ବାଂଲା ଅନୁପ୍ରବେଶକାରୀଙ୍କ ସଂଖ୍ୟା ବୃଦ୍ଧି ପାଉଛି। ମୁଖ୍ୟତଃ ଧାମରା ଏବେ ଅନୁପ୍ରବେଶକାରୀଙ୍କ ପ୍ରବେଶପଥ ପାଲଟିଛି। ବାଂଲାଦେଶୀମାନେ ଜଳପଥ ଦେଇଭଦ୍ରକଜିଲ୍ଲାମଧ୍ୟକୁସହଜରେପ୍ରବେଶ କରୁଛନ୍ତି। ଏପରିକି ଧାମରା ଅଞ୍ଚଳରେ କେତେକ ସ୍ଥାୟୀ ବାସିନ୍ଦା ହୋଇଗଲେଣି। ଏମାନଙ୍କ ଅବାଧ ପ୍ରବେଶ ଓ ଗତିବିଧି ଉପରେ ଗୁଇନ୍ଦା ବିଭାଗ ଓ ଜିଲ୍ଲା ପୁଲିସ ନଜର ରଖୁଥିଲେ ବି ଏମାନଙ୍କୁ ରୋକିବା ସମ୍ଭବ ହେଉନି। ଜିଲ୍ଲାରେ ବାଂଲାଦେଶୀ ଅନୁପ୍ରବେଶକାରୀଙ୍କୁ ଚିହ୍ନଟ କରିବା ପାଇଁ ଏକ ଟାସ୍କଫୋର୍ସ ୨୦୧୪ ମସିହାରେ ଗଠିତ ହୋଇଥିଲା। ଏଥିରେ ଜିଲ୍ଲାପାଳ, ଏସ୍ପିଙ୍କ ସମେତ ବାସୁଦେବପୁର ଓ ଚାନ୍ଦବାଲିର ତହସିଲଦାର ଓ ଥାନା ଅଧିକାରୀଙ୍କ ସମେତ ଧାମରା, ମେରାଇନ ଥାନା, ବାଂଶଡ଼ା ଓ ନାୟକାଣିଡିହି ଥାନା ଅଧିକାରୀ ସଦସ୍ୟ ଥିଲେ; ହେଲେ ଏହି କମିଟି ଏବେ କାଗଜକଲମରେ ସୀମିତ ହୋଇ ରହିଛି। ବର୍ଷ ବର୍ଷ ଧରି ଉକ୍ତ ଟାସ୍କଫୋର୍ସ ବୈଠକ ବସୁନାହିଁ। ଜିଲ୍ଲା ପ୍ରଶାସନ ଅନୁପ୍ରବେଶକାରୀ ସଂଖ୍ୟା ଠିକ୍ ଭାବେ ରାଜ୍ୟ ସରକାରଙ୍କୁ ଦେଇ ପାରୁନଥିବା ଜଣାଯାଇଛି। ୨୦୦୨ ମସିହା ରିପୋର୍ଟ ଅନୁଯାୟୀ ଚାନ୍ଦବାଲି ଓ ବାସୁଦେବପୁର ତହସିଲ ଅଞ୍ଚଳରେ ୫୩୩ ଜଣ ବାଂଲାଦେଶୀ ବାସ କରୁଥିଲେ। ସେମାନଙ୍କ ମଧ୍ୟରୁ ବାସୁଦେବପୁର ତହସିଲରୁ ୧୪୭ ଜଣ ଓ ଚାନ୍ଦବାଲି ତହସିଲ ଅଞ୍ଚଳରୁ ୭୩ ଜଣ ବାଂଲାଦେଶୀଙ୍କୁ ଚିହ୍ନଟ କରାଯାଇଥିଲା। ତେବେ ୧୯୭୧ ମସିହା ପୂର୍ବରୁ ଆସିଥିବାରୁ ଏମାନଙ୍କୁ ଦେଶାନ୍ତର କରାଯିବ ନାହିଁ ବୋଲି ସରକାରଙ୍କ ନିର୍ଦ୍ଦେଶ ଥିଲା ୧୯୭୧ ମସିହା ପରେ ଚାନ୍ଦବାଲିର ଚିହ୍ନଟ ୪୧ ଜଣ ବାଂଲାଦେଶୀଙ୍କ ଦେଶାନ୍ତର ମାମଲା ବିଚରାଧୀନ ରହିଥିଲା। ସେହିପରି ଜିଲ୍ଲାର ବାସୁଦେବପୁର ଅଞ୍ଚଳର ୧୮୭ ଜଣ ଓ ଚାନ୍ଦବାଲିରେ ୮୫ ଜଣଙ୍କୁ ଚିହ୍ନଟ କରାଯାଇଥିଲା । ଏହି ୨୭୨ ଜଣଙ୍କ ମଧ୍ୟରୁ ୧୬୯ ଜଣଙ୍କୁ ସରକାରଙ୍କ ପକ୍ଷରୁ ଦେଶାନ୍ତର ପାଇଁ ନୋଟିସ୍ ଦିଆଯାଇଥିଲା। ୨୦୧୭ ମସିହା ପରେ ଏହି ପ୍ରସଙ୍ଗ ନେଇ ପ୍ରଶାସନ ପକ୍ଷରୁ ଆଉ ଅଧିକ ଖୋଳତାଡ଼ କରାଯାଉ ନାହିଁ। ଅନୁପ୍ରବେଶକାରୀଙ୍କ ପାଇଁ ଧାମରା ଉପକୂଳ ଅଞ୍ଚଳ ଅସୁରକ୍ଷିତ ରହିଛି। ଗୁଇନ୍ଦା ବିଭାଗ ନଜର ରଖିଥିବାବେଳେ ପୁଲିସ ଓ ଜିଲ୍ଲା ପ୍ରଶାସନ ପକ୍ଷରୁ ବାଂଲାଦେଶୀ ଅନୁପ୍ରବେଶକାରୀଙ୍କ ଉପରେ ସେଭଳି ନଜର ରଖୁନାହିଁ। ଏବେ ରାଜ୍ୟ ସରକାରଙ୍କ ନିର୍ଦ୍ଦେଶ ପରେ ଜିଲ୍ଲା ଓ ପୁଲିସ ପ୍ରଶାସନ ତତ୍ପରତା ଆରମ୍ଭ କରିଛି । ତେବେ ବାଂଲାଦେଶୀଙ୍କୁ ରୋକିବା ଲାଗି ଓ ସେମାନଙ୍କ ଗତିବିଧି ଠାବ ଲାଗି ବାସୁଦେବପୁର, ଧାମରା, ଚାନ୍ଦବାଲି ଥାନାରେ ଆବଶ୍ୟକ ପୁଲିସ କର୍ମଚାରୀ ନାହାନ୍ତି। ଜିଲ୍ଲାରେ ବାସୁଦେବପୁର, ଚାନ୍ଦବାଲି, ନାୟକାଣିଡିହି ଓ ବାଂଶଡା ଥାନାରେ ଅଟକ କେନ୍ଦ୍ର ସ୍ଥାପନ କରାଯିବା ନେଇ ଯୋଜନା କରାଯାଇଥିଲା। ମାତ୍ର ଏହିସବୁ ଥାନାଗୁଡିକରେ ଅଟକ କେନ୍ଦ୍ର ଠିକ୍ ଭାବେ ପରିଚାଳିତ ହେଉନଥିବା ଜଣାଯାଇଛି। ଏଦିଗରେ ସରକାର ସ୍ୱତନ୍ତ୍ର ଦୃଷ୍ଟି ନଦେଲେ ଆଗକୁ କିଛି ବିସ୍ଫୋରକ ପରିସ୍ଥିତି ଯେ ସୃଷ୍ଟିନହେବ ତାହା କହିବା ମୁସ୍କିଲ ବୋଲି ବୁଦ୍ଧିଜୀବୀ ମହଲ ମତପ୍ରକାଶ କରିଛି ।

# ସରିଲା ଯାଜପୁରର ଗଣପର୍ବ କାଳୀପୂଜା








## ବିଦାୟ ନେଲେ ୨୦ରୁ ଊର୍ଦ୍ଧ୍ୱ କାଳୀ ଓ ଲକ୍ଷ୍ମୀନାରାୟଣଙ୍କ ମେଢ଼

ଯାଜପୁର,୨୯।୧୦(ସମିସ): ସରିଲା ଯାଜପୁରର ଗଣପର୍ବ କାଳୀପୂଜା। ଆଜି ଭସାଣ ଉତ୍ସବର ଶେଷ ଦିନରେ ବିଦାୟ ନେଇଛନ୍ତି ୨୦ରୁ ଊର୍ଦ୍ଧ୍ୱ ମା' କାଳୀ ଓ ଲକ୍ଷ୍ମୀନାରୟଣ ମେଢ଼। ଆଜି ପ୍ରତିକୂଳ ପାଗ ସତ୍ତ୍ୱେ ଭସାଣ ଉତ୍ସବ ଉତ୍ସାହର ସହିତ ଶେଷ ହୋଇଛି। ବିଭିନ୍ନ ପାରମ୍ପରିକ ବାଜା, ନୃତ୍ୟ ସହିତ ପ୍ରଜ୍ଞାପନ ମେଢ଼ ପ୍ରଦର୍ଶିତ କରି ମା'ଙ୍କୁ ମେଲାଣି ଦେଇଥିଲେ ଶ୍ରଦ୍ଧାଳୁ। ପ୍ରବଳ ଜନସମାଗମକୁ ଦୃଷ୍ଟିରେ ରଖି ସ୍ଥାନୀୟ ପୁଲିସ ପକ୍ଷରୁ ବ୍ୟାପକ ବନ୍ଦୋବସ୍ତ କରାଯାଇଥିଲା। ସ୍ଥାନୀୟ ଶାନ୍ତି କମିଟି ପକ୍ଷରୁ ଭସାଣ ଉତ୍ସବକୁ ପରିଚାଳନା କରାଯାଇଥିଲା। ପ୍ରତ୍ୟେକ ମେଢ଼ ନିର୍ଦ୍ଧାରିତ ସମୟ ମଧ୍ୟରେ ଦେବୀଗଡ଼ା ଘାଟରେ ପହଞ୍ଚିଥିବା ବେଳେ ସେଠାରେ ତିଆରି ହୋଇଥିବା କୃତ୍ରିମ ପୋଖରୀରେ ବିସର୍ଜନ କରାଯାଇଛି।

## ପାଣି ଓ ସ୍ୱଚ୍ଛତା ବିହୀନ ଦାନଗଦି ଔଷଧ ଗଚ୍ଛିତ ଗୃହ

ଯଖପୁରା,୨୯।୧୦(ସମିସ): ସରକାରୀ ଗାଇଡ୍‌ଲାଇନ ଅନୁସାରେ ବ୍ଲକ ମେଡିସିନ ଷ୍ଟୋର ହେଉଛି ସ୍ୱାସ୍ଥ୍ୟ ବିଭାଗର ମୁଖ୍ୟ ଯୋଗାଣ କେନ୍ଦ୍ର। ଯେଉଁଠାରୁ ବ୍ଲକ ଅନ୍ତର୍ଗତ ସମସ୍ତ ସ୍ୱାସ୍ଥ୍ୟକେନ୍ଦ୍ର, ଉପକେନ୍ଦ୍ର, ଅଙ୍ଗନବାଡ଼ି ଓ ସ୍କୁଲଗୁଡ଼ିକୁ ଆବଶ୍ୟକ ଔଷଧ ଓ ସାମଗ୍ରୀ ଯୋଗାଣ ହୋଇଥାଏ। କିନ୍ତୁ ଦାନଗଦି ଗୋଷ୍ଠି ସ୍ୱାସ୍ଥ୍ୟକେନ୍ଦ୍ର ଅଧୀନ ଥିବା ଏହି ଔଷଧ ଗଚ୍ଛତ ଗୃହର ଅବସ୍ଥା ଦେଖି କର୍ମଚାରୀ ଓ ରୋଗୀମାନେ ହଇରାଣ ହେଉଛନ୍ତି। ସ୍ଥାନୀୟ ସୂତ୍ର ଅନୁସାରେ, ଗୃହ ନିର୍ମାଣ କାମ ନିମ୍ନମାନରେ କରାଯାଇଥିଲା। ଅଧପନ୍ତରିଆ ଅବସ୍ଥାରେ ଥିଲେ ମଧ୍ୟ ଠିକାଦାର ଅଧିକାରୀଙ୍କ ସହ ଅସାଧୁ ମେଣ୍ଟ କରି ପୂରା ବିଲ ନେଇଛି ବୋଲି ଗମ୍ଭୀର ଅଭିଯୋଗ ଉଠିଛି। ବାଥରୁମ, ଲାଟିନ ଓ ୱାଶିଂ ରୁମ ନିର୍ମାଣ ଅସମ୍ପୂର୍ଣ୍ଣ ରହିଥିବାରୁ ସେଠି ସ୍ୱଚ୍ଛତା ଅଭାବ ଭୟଙ୍କର ଆକାର ନେଇଛି। ଛାତ ଉପରେ ପାଣି ଝୁଲି ରହୁଛି, ଟାଙ୍କି ସଂଯୋଗ ହୋଇନାହିଁ, ବୋରୱେଲ ଥିଲେ ମଧ୍ୟ ସମରସେବଲ ମୋଟର ନାହିଁ। ଫଳରେ ଟାଙ୍କିରେ ପାଣି ନଥିବାରୁ କର୍ମଚାରୀମାନେ ବାହାରୁ ପାଣି ଆଣିବାକୁ ବାଧ୍ୟ ହେଉଛନ୍ତି। ୱାଶିଂ ରୁମ ନଥିବାରୁ ବ୍ଲିଚିଂ ପାଉଡର, କେମିକାଲ ଓ ଔଷଧ ବ୍ୟବହାର ପରେ ବାହାରେ ଧୋଇବାକୁ ପଡୁଛି। ଯାହା ଫଳରେ ସମୟ ନଷ୍ଟ ଓ ସ୍ୱାସ୍ଥ୍ୟ ଜୋଖି ବଢ଼ିଯାଉଛି। ରାତି ୧୦ଟା ପର୍ଯ୍ୟନ୍ତ ଜରୁରୀ ଡ୍ୟୁଟି କରୁଥିବା ୩ଜଣ କର୍ମଚାରୀ ପାଣି ଓ ସ୍ୱଚ୍ଛତା ସୁବିଧା ନଥିବାରୁ ଗୁରୁତର ସମସ୍ୟା ଭୋଗୁଛନ୍ତି। ଏହି ଗୃହରୁ ଯଖପୁରା, ରାବଣା, ଗୋବର୍ଦ୍ଧନ, ବରାଖାଇ, ଟମକା ସହିତ ୧୭ଟି ସ୍ୱାସ୍ଥ୍ୟ ଉପକେନ୍ଦ୍ର ଓ ଅଙ୍ଗନବାଡ଼ି କେନ୍ଦ୍ରକୁ ଔଷଧ, କ୍ୟାଲସିୟମ, ଆଇରନ ଟାବେଲେଟ, କୃମି ନାଶକ ଔଷଧ, ସିରପ ଓ ଓଆର୍‌ଏସ୍ ସପ୍ଲାଇ ହୋଇଥାଏ। ଏହି ଅବ୍ୟବସ୍ଥା ଫଳରେ ସମଗ୍ର ବ୍ଲକସ୍ତରର ଔଷଧ ସପ୍ଲାଇ ବ୍ୟବସ୍ଥା ଅସ୍ଥିର ହେଉଛି। ସ୍ଥାନୀୟ ଲୋକ ଓ ସ୍ୱାସ୍ଥ୍ୟ ବିଭାଗ ସଂପୃକ୍ତ ଅଧିକାରୀମାନେ ଦାନଗଦି ଔଷଧ ଷ୍ଟୋର ନିର୍ମାଣ ଦୁର୍ନୀତି ଉପରେ ତଦନ୍ତ ଓ ଦାୟୀ ଠିକାଦାର ଓ ଅଧିକାରୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଦାବି କରିଛନ୍ତି। ସେମାନଙ୍କ କହିବା ଅନୁସାରେ ସରକାର ଯେତେବେଳେ ଗ୍ରାମ୍ୟ ସ୍ୱାସ୍ଥ୍ୟ ସେବାକୁ ଶକ୍ତିଶାଳୀ କରିବାକୁ ପଦକ୍ଷେପ ନେଉଛି, ସେତେବେଳେ ଏହିପରି ଅବ୍ୟବସ୍ଥା ସେହି ଉଦ୍ୟମକୁ ଅସ୍ଥିର କରୁଛି। ସମ୍ବନ୍ଧିତ ଉଚ୍ଚ ପଦସ୍ଥ ଅଧିକାରୀଙ୍କ ତଦନ୍ତ ଦ୍ୱାରା ଦାୟୀ ଅଧିକାରୀ ଓ ଠିକାଦାରଙ୍କ ଉପରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ସ୍ଥାନୀୟ ମହଲ ଦାବି କରୁଛି।




## ବର୍ଷା ଓ ପବନରେ ଉଜୁଡ଼ିଲା ଧାନ ଥୋଡ଼

ଦଶରଥପୁର,୨୯।୧୦(ସମିସ): ସାମୁଦ୍ରିକ ଝଡ଼ ମନ୍‌ଥାର ପ୍ରଭାବରେ ଗତ ସୋମବାର ଠାରୁ ଲାଗିରହିଥିବା ବର୍ଷା ଓ ପବନରେ ଦଶରଥପୁର ବ୍ଲକର ଖରିଫ ଧାନ ଚାଷ ପ୍ରଭାବିତ ହୋଇଥିବା ଦେଖିବାକୁ ମିଳିଛି। ଗତ ସେପ୍ଟେମ୍ବର ମାସରେ ବ୍ଲକର ଅନେକ ପଞ୍ଚାୟତର ଧାନଚାଷ ବନ୍ୟାରେ ବ୍ୟାପକ କ୍ଷୟକ୍ଷତି ହୋଇଥିବା ବେଳେ ଏବେ ଧାନ ଗଛରେ ଥୋଡ଼ ବାହାରିବାରେ ଲାଗିଛି। କେଉଁଠି ଧାନ ଥୋଡ଼ ଖୀର ଢୋକୁଛି ତ, ଆଉ କେଉଁଠି ଧାନ ଥୋଡ଼ ମଥା ନଇଁଥିବା ବେଳେ ସାମୁଦ୍ରିକ ଝଡ଼ ଜନିତ ବର୍ଷା ଓ ହାଲକା ପବନ ଦାଉସାଧିବାରୁ ବ୍ଲକର ଅକରପଡା, ଖଣ୍ଡରା, ଚିଓ୍ୱାଳ, ବିରଜାପୁର, ରାହାସୋଇ, ବିହାରୀ, ତଳିହା, କଟିକଟା, ଚମ୍ପେଇପାଳ, ଦଶରଥପୁର, ବିରୂହଁ, ଇଜାପୁର, ଗ୍ରାମନନ୍ଦିପୁର,ଜୟନ୍ତରା, ଅସନପୁର, କନିକାପଡା, ଗୋପାଳପୁର, ଛଞ୍ଚିଣା, ତରପଦା, ପାଲଟପୁର, ଶୁଶୁଆ, ମଙ୍ଗଳପୁର ଆଦି ପଞ୍ଚାୟତର ପ୍ରାୟ ୩ହଜାର ହେକ୍ଟରରୁ ଅଧିକ ଚାଷ ଜମିରେ ଥୋଡ ଭର୍ତ୍ତି ଧାନଗଛ ସବୁ ପାଣିରେ ପଡିଯାଇଛି। ବର୍ତ୍ତମାନ ପାଣିରେ ଧାନଗଛ ପଡିଯାଇଥିବାରୁ ଏଥର ଧାନ ଫସଲରେ ଚାଷୀଙ୍କ ଥୋଡ ଭର୍ତ୍ତି ଧାନ ସବୁ ଅଗାଡି ହୋଇଯିବାର ନିଶ୍ଚିତ ଆଶଙ୍କା ଥିବା ବେଳେ ଯେଉଁ ଧାନ ଗଛରୁ ଥୋଡ ବାହାରିବାକୁ ଥିବ ସେଥିରେ ଆଉ ଥୋଡ଼ ବାହାରିବ ନାହିଁ। କଷ୍ଟ ଅର୍ଜିତ ଧାନ ଫସଲ ଉଜୁଡିଗଲେ ବିଭିନ୍ନ କ୍ଷତି ହେବା ନିଶ୍ଚିତ ବୋଲି ଅଞ୍ଚଳର ଧାନଚାଷୀ ଆଶଙ୍କା କରି ଚିନ୍ତାରେ ପଡିଛନ୍ତି। କାରଣ ବର୍ଷା ଏବଂ ପବନ ମାଡ଼ରେ ପାଣିରେ ପଡିଯାଇଥିବା ସୂତ୍ରରୁ ଋଣ ଆଣି ଚାଷ କରିଥିବା ବ୍ଲକର ଧାନଚାଷୀ କିପରି ଭାବେ ଋଣ ପରିଶୋଧ କରିବ ବୋଲି ମୁଣ୍ଡରେ ହାତଦେଇ ବସିଛି।



## ଦୁର୍ଘଟଣାରେ ବସ୍ ଚାଳକ ମୃତ

ବ୍ରହ୍ମବରଦା,୨୯।୧୦(ସମିସ): ମଙ୍ଗଳବାର ରାତିରେ ଦୁର୍ଘଟଣାରେ ଜଣେ ବସ୍ ଚାଳକଙ୍କ ମୃତ୍ୟୁଘଟିଛି। ମୃତକ କଟକ ଜିଲ୍ଲା ବାଲିବିଶି ନରେନ୍ଦ୍ରପୁର ଗ୍ରାମର ଅବଦୁଲ ରହିମ (୩୯) ହୋଇଥିବା ବେଳେ ସେ ଦୀର୍ଘ ବର୍ଷ ହେବ ବ୍ରହ୍ମବରଦା ପଠାଣ ମହଲାରେ ଥିବା ତାଙ୍କ ଶ୍ୱଶୁର ଘରେ ରହି ଏକ ଘରୋଇ ବସ୍ ଚଳାଉଥିଲେ। ଅବଦୁଲ କଟକ ସାଲେପୁରରୁ କଲିକତା ଯିବା ଆସିବା କରୁଥିବା ଡଲଫିନ ନାମକ ଏକ ବସ୍‌ର ଡ୍ରାଇଭର ଭାବେ କାର୍ଯ୍ୟରତ ଥିଲେ। ପ୍ରତିଦିନ ପରି ସେ ମଙ୍ଗଳବାର ରାତିରେ ବସ୍ ଚଳାଇ ସାଲେପୁରରୁ କଲିକତା ଅଭିମୁଖେ ଯାଉଥିବା ସମୟରେ ବାଲେଶ୍ୱର ଜିଲ୍ଲା ଜଳେଶ୍ୱର ନିକଟରେ ବସ୍‌ଟି ଦୁର୍ଘଟଣାଗ୍ରସ୍ତ ହୋଇଥିଲେ। ଫଳରେ ଘଟଣାସ୍ଥଳରେ ହିଁ ଅବଦୁଲଙ୍କ ମୃତ୍ୟୁ ଘଟିଥିଲା। ମେଡିକାଲରେ ଶବ ବ୍ୟବଚ୍ଛେଦ ପରେ ଅବଦୁଲଙ୍କ ପାର୍ଥିବ ଶରୀରକୁ ବ୍ରହ୍ମବରଦା ଅଣାଯାଇଥିଲା। ସେଠାରୁ ନିଜ ଜନ୍ମସ୍ଥାନ କଟକ ବାଲିବିଶି ନରେନ୍ଦ୍ରପୁରକୁ ନିଆଯାଇଥିବା ଜଣାପଡିଛି। ସୂଚନାନୁଯାୟୀ ଅବଦୁଲ ବିବାହ ପରେ ନିଜ ଶ୍ୱଶୁର ଘର ବ୍ରହ୍ମବରଦାରେ ରହି ଏହି ଗ୍ରାମର ବାସିନ୍ଦା ଭାବେ ଚଳିଆସୁଥିଲେ। ତାଙ୍କର ୨ଟି ଝିଅ ଓ ଗୋଟିଏ ପୁଅ ଥିବା ଜଣାପଡ଼ିଛି। ଅବଦୁଲ ଜଣେ ଗରିବ ଶ୍ରେଣୀର ଲୋକଥିବା ବେଳେ ତାଙ୍କ ପରିବାରକୁ ସରକାରୀ ସହାୟତା ଯୋଗାଇଦେବାକୁ ଦାବି ହୋଇଛି।

## ଆମ ବସ୍ ଚଳାଚଳ ନେଇ ଦାବି


ଯାଜପୁର,୨୯।୧୦(ସମିସ): ଯାଜପୁର ସଦର ମହକୁମା ଠାରୁ ବଡ଼ସୁଆର ପଞ୍ଚାୟତର ବନ୍ଧମୁଣ୍ଡା ସେତୁ ପର୍ଯ୍ୟନ୍ତ ଆମ ବସ୍ ସେବା ଯୋଗାଇ ଦେବାକୁ ସ୍ଥାନୀୟ ଅଞ୍ଚଳବାସୀ ଦାବି କରିଛନ୍ତି। ପୂର୍ବରୁ ଏହି ରାସ୍ତାରେ ମୋ ବସ୍ ଚଳାଚଳ କରୁଥିଲା। ଯାହାଫଳରେ ଯାତ୍ରୀ ସଦରମହକୁମା ସମେତ ଅନ୍ୟ ସ୍ଥାନକୁ ଯାତାୟାତ କରିପାରୁଥିଲେ। କିଛି ମାସ ହେବ ବସ୍ ସେବା ବନ୍ଦ ଥିବାରୁ ଯାତ୍ରୀ ନାହିଁ ନଥିବା ହଇରାଣର ସମ୍ମୁଖୀନ ହେଉଛନ୍ତି। ଏହି ବସ୍ ଉପରେ ଭଅଁରା, ବୋଦୁଅ ପଞ୍ଚାୟତ ସମେତ ଅନ୍ୟ ପଞ୍ଚାୟତର ଲୋକେ ଯାତାୟାତର ସୁବିଧା ପାଉଥିଲେ। ବନ୍ଧମୁଣ୍ଡା ସେତୁ ନିକଟରୁ ଆମ ବସ୍ ସେବା ଚଳପ୍ରଚଳ କରିବା ଦ୍ୱାରା ଉପରୋକ୍ତ ପଞ୍ଚାୟତର ଅଧିବାସୀ ନିଜର ବିଭିନ୍ନ କାମରେ ଯାତାୟାତ କରୁଥିଲେ। କିନ୍ତୁ ବସ୍ ସେବା ବନ୍ଦ ହେବା ଯୋଗୁ ଲୋକେ ନାହିଁନଥିବାର ହଇରାଣ ହେଉଛନ୍ତି। ପୁନର୍ବାର ବନ୍ଧମୁଣ୍ଡା ସେତୁ ନିକଟରୁ ଆମ ବସ୍ ଚଳାଚଳ ନେଇ ଉପରୋକ୍ତ ଅଞ୍ଚଳର ବହୁ ବୁଦ୍ଧିଜୀବୀ ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି।

## ମୃତ ବ୍ୟକ୍ତିଙ୍କ ପରିଚୟ ମିଳିଲା

ଯାଜପୁର,୨୯।୧୦(ସମିସ): ଗତ ମଙ୍ଗଳବାର ବୈଦ୍ୟରାଜପୁର କେନାଲରେ ଏକ ମୃତଦେହ ଭାସୁଥିବାର ଦେଖି ସ୍ଥାନୀୟ ଲୋକେ ପୁଲିସକୁ ଖବର ଦେଇଥିଲେ। ଘଟଣାସ୍ଥଳରେ ପୁଲିସ ଓ ଅଗ୍ନିଶମବାହିନୀ ପହଞ୍ଚି ମୃତଦେହକୁ ଉଦ୍ଧାର କରି ଯାଜପୁର ମୁଖ୍ୟ ଚିକିତ୍ସାଳୟକୁ ବ୍ୟବଚ୍ଛେଦ ନିମନ୍ତେ ପଠାଇଥିଲେ। ବୁଧବାର ମୃତ ବ୍ୟକ୍ତିକୁ ପରିବାର ଲୋକ ଚିହ୍ନଟ କରିଛନ୍ତି। ମୃତ ବ୍ୟକ୍ତିର ନାମ ରବୀନ୍ଦ୍ର ସାହୁ (୫୬) ଯାଜପୁର ରୋଡ୍ ନିକଟସ୍ଥ ପଦ୍ମାପୁର ଗ୍ରାମର ବୋଲି ଜଣାପଡ଼ିଛି। ସୂଚନା ଯୋଗ୍ୟ ଯେ, ନିଖୋଜ ଥିବା ରବୀନ୍ଦ୍ର ପରିବାର ଗତ ମଙ୍ଗଳବାର ସୂଚନା ପାଇ ଯାଜପୁରକୁ ଆସିଥିଲେ। ମୃତ ବ୍ୟକ୍ତିକୁ ଦେଖି ଚିହ୍ନଟ କରିନଥିଲେ। ବୁଧବାର ମୃତ ବ୍ୟକ୍ତିର ଧର୍ମପତ୍ନୀ, ଝିଅ, ପୁଅ ଓ ଗ୍ରାମବାସୀ ଆସି ପୁର୍ନବାର ମୃତ ଦେହ ଦେଖିବା ସହ ଏହି ମୃତ ଦେହଟି ରବୀନ୍ଦ୍ରର ବୋଲି ଚିହ୍ନଟ କରିଥିଲେ। ରବିନ୍ଦ୍ର ଯାଜପୁର ସଦରଥାନା ମାଳଆନନ୍ଦପୁର ନିକଟରୁ ନିଖୋଜ ହୋଇଯାଇଥିଲେ। ପୁଲିସ ଏହାର ଖୋଳତାଡ଼ କରୁଥିବା ନେଇ ଜଣାପଡ଼ିଛି।

## ବୁଲା କୁକୁର କାମୁଡ଼ାରେ ବାଳକ ଗୁରୁତର

ବ୍ରହ୍ମବରଦା,୨୯।୧୦(ସମିସ): କୁକୁର କାମୁଡ଼ାରେ ଜଣେ ୭ ବର୍ଷୀୟ ବାଳକ ଗୁରୁତର ଆହତ ହୋଇଥିବା ଅଭିଯୋଗ ହୋଇଛି। ଆହତ ବାଳକ ଜଣକ ବ୍ରହ୍ମବରଦା ପଞ୍ଚାୟତ ରେହେମତ ନଗରର ବାସିନ୍ଦା ମହମ୍ମଦ ସାକାୱତଙ୍କ ପୁଅ ମହମ୍ମଦ ଅଦନାନ ହୋଇଥିବା ବେଳେ ତାଙ୍କୁ ଲୋକେ ଉଦ୍ଧାର କରି ମେଡିକାଲରେ ଭର୍ତ୍ତି କରାଯାଇଛି। ଖବର ମତେ ଗଲା ସୋମବାର ବାଳକ ଅଦନାନ ତାଙ୍କ ମାଆଙ୍କ ସହ ବ୍ରହ୍ମବରଦା ଇସ୍ତତମା ପଡିଆରେ ଥିବା ନିଜ ଅଜା ସେକ ଆଜଦଙ୍କ ଘରକୁ ବୁଲିବାକୁ ଆସି ଘର ବାହାରେ ଖେଳୁଥିଲେ। ସେହି ସମୟରେ ୧୧ଟି ହିଂସ୍ର କୁକୁର ଆଦାନାନକୁ ଘେରିଯାଇ ଝୁଣି ପକାଇଥିଲେ। ଫଳରେ ଅଦନାନଙ୍କ ଗୋଡ, ହାତ, ବେକ, ମୁଣ୍ଡ ସମେତ ଶରୀରର ବିଭିନ୍ନ ସ୍ଥାନରେ ଗଭୀର କ୍ଷତ ସୃଷ୍ଟି ହୋଇ ପ୍ରବଳ ରକ୍ତ ସ୍ରାବ ହେବା ସହ ବିଷ ଜ୍ୱାଳାରେ ଗୁରୁତର ହୋଇପଡିଥିଲେ। ପରିବାର ଲୋକେ ତାଙ୍କୁ ହିଂସ୍ର କୁକୁର ମାନଙ୍କ କବଳରୁ ଉଦ୍ଧାର କରି ତୁରନ୍ତ ଯାଜପୁର ମୁଖ୍ୟ ଚିକିତ୍ସାଳୟକୁ ନେଇଯାଇଥିଲେ। ସେଠାରେ ଅଦନାନଙ୍କ ଅବସ୍ଥା ଅଧିକ ସଙ୍କଟାପନ୍ନ ହେବାରୁ ତାଙ୍କୁ କଟକ ବଡ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିବା ଜଣାପଡିଛି।



## ୨ ବର୍ଷ ହେଲା ଆମ ବ୍ୟାଙ୍କ ସେବା ଅଚଳ

ଯାଜପୁର/ କବାଟବନ୍ଧ, ୨୯।୧୦ (ସମିସ): ଗ୍ରାମାଞ୍ଚଳରେ ବସବାସ କରୁଥିବା ସାଧାରଣ ଲୋକଙ୍କୁ ବ୍ୟାଙ୍କ ସୁବିଧା ଯୋଗାଇ ଦେବା ଲକ୍ଷ୍ୟରେ ନବୀନ ସରକାର ପ୍ରତି ପଞ୍ଚାୟତରେ କ୍ଷୁଦ୍ର ବ୍ୟାଙ୍କ ଶାଖା ଖୋଲିଥିଲେ। ଏଥିପାଇଁ ଜଣେ ଜଣେ ବ୍ୟବସାୟିକ ପ୍ରତିନିଧି (ବିସି)ମାନଙ୍କୁ ନିଯୁକ୍ତ କରିଥିଲେ। ଏହା ମାଧ୍ୟମରେ ଗ୍ରାମାଞ୍ଚଳରେ ଲୋକମାନଙ୍କୁ ତ୍ୱରିତ ବ୍ୟାଙ୍କ ସେବା ପାଇବା ସହିତ ନିଯୁକ୍ତିର ସୁଯୋଗ ସୃଷ୍ଟି କରାଯାଇଥିଲା। କିନ୍ତୁ ରାଜ୍ୟରେ ବିଜେପି ସରକାର ଆସିବା ପରେ ଏହି ସେବା ସଂପୂର୍ଣ୍ଣ ବନ୍ଦ ହୋଇଯାଇଥିବା ଲକ୍ଷ୍ୟ କରାଯାଉଛି।

ରାଜ୍ୟରେ ବ୍ୟାଙ୍କ ନଥିବା ବିଭିନ୍ନ ପଞ୍ଚାୟତ ଗୁଡିକରେ ବ୍ୟାଙ୍କ ସେବା ଯୋଗାଇ ଦେବା ପାଇଁ ନିଯୁକ୍ତି ପାଇଥିବା ବ୍ୟବସାୟିକ ପ୍ରତିନିଧି (ବିସି) ମାନଙ୍କୁ ଦୀର୍ଘ ୨ ବର୍ଷରୁ ଊର୍ଦ୍ଧ୍ୱ ହେବ କାର୍ଯ୍ୟ ବନ୍ଦ ଯୋଗୁଁ ଦୁର୍ଦ୍ଦିନ ଅବସ୍ଥାରେ ରହୁଥିବା ବେଳେ ସେମାନଙ୍କ ପରିବାର ମଧ୍ୟ ସମାନ ଭାବରେ ପ୍ରଭାବିତ ହେଉଛନ୍ତି। ଧର୍ମଶାଳା ବ୍ଲକ ଅନ୍ତର୍ଗତ ଓଡ଼ିଶା ଗ୍ରାମ୍ୟ ବ୍ୟାଙ୍କ ଚଣ୍ଡିଖୋଲ ଆଞ୍ଚଳିକ କାର୍ଯ୍ୟାଳୟ ଅଧୀନରେ ଥିବା ବିଭିନ୍ନ ବ୍ୟାଙ୍କ ନ ଥିବା ପଞ୍ଚାୟତରେ ବ୍ୟାଙ୍କ ସେବା ପହଞ୍ଚାଇବା ପାଇଁ ନିଯୁକ୍ତି ପାଇଥିବା ବ୍ୟବସାୟିକ ପ୍ରତିନିଧିମାନେ ଏବେ ଭବିଷ୍ୟତକୁ ନେଇ ଚିନ୍ତାରେ ରହିଛନ୍ତି। ଏହି ବ୍ୟାଙ୍କ୍ ୧ ମେ' ୨୦୨୫ରେ ଆରଆର୍‌ବି ପଲିସ୍ ଅନୁସାରେ ଗୋଟିଏ ରାଜ୍ୟ ଗୋଟିଏ ଗ୍ରାମୀଣ ବ୍ୟାଙ୍କ୍ ନାମରେ ଓଡ଼ିଶା ଗ୍ରାମ୍ୟ ବ୍ୟାଙ୍କ୍ ଓ ଉତ୍କଳ ଗ୍ରାମୀଣ ବ୍ୟାଙ୍କ୍ ମିଶ୍ରଣ କରାଯାଇ ଓଡ଼ିଶା ଗ୍ରାମୀଣ ବ୍ୟାଙ୍କ୍ ନାମକରଣ କରାଗଲା। ବର୍ତ୍ତମାନ ସମୟରେ ଉତ୍କଳ ଗ୍ରାମୀଣ ବ୍ୟାଙ୍କ୍‌ର ବ୍ୟବସାୟିକ ପ୍ରତିନିଧି (ବିସି) ମାନେ ଗ୍ରାହକ ମାନଙ୍କୁ ସେବା ଜାରି ରଖୁଥିଲା ବେଳେ ଓଡିଶା ଗ୍ରାମ୍ୟ ବ୍ୟାଙ୍କ୍ ବ୍ୟବସାୟିକ ପ୍ରତିନିଧି (ବିସି) ଙ୍କର ବିଭିନ୍ନ ସମସ୍ୟା ଦେଖାଇ ବ୍ୟାଙ୍କ୍ ସେମାନଙ୍କୁ କାର୍ଯ୍ୟରୁ ନିବୃତ୍ତ ରଖିଛନ୍ତି। ସେହିପରି ପୂର୍ବ ନାମ ଅନୁସାରେ ଓଡ଼ିଶା ଗ୍ରାମ୍ୟ ବ୍ୟାଙ୍କ୍ ଅଧୀନରେ ଥିବା ଯାଜପୁର ଜିଲ୍ଲା ସମେତ ଓଡିଶାରେ ଥିବା ୧୩ ଜିଲ୍ଲାର ୯ଟି ଆଞ୍ଚଳିକ କାର୍ଯ୍ୟାଳୟରେ ଅଧିନରେ ଥିବା ଓଡିଶା ଗ୍ରାମ୍ୟ ବ୍ୟାଙ୍କ୍ ର ୭୩୨ ବ୍ୟାବସାୟିକ ପ୍ରତିନିଧି (ବିସି) ଉଚ୍ଚ ନ୍ୟାୟାଳୟ ନିର୍ଦ୍ଦେଶ ଏବଂ ବ୍ୟାଙ୍କ୍ ସର୍ଭର ଅସୁବିଧା ଦେଖାଇ ଦୀର୍ଘ ୨ ରୁ ୩ ବର୍ଷ ଧରି କାର୍ଯ୍ୟରୁ ନିବୃତ୍ତ ରଖିଛନ୍ତି। ୧୩ଟି ଜିଲ୍ଲାର ୫୫୦ ଶାଖା ଅଧିନରେ ପ୍ରାୟ ୭୩୨ ବ୍ୟବସାୟିକ ପ୍ରତିନିଧିମାନେ ଖାତାଧାରୀ ଓ ଗ୍ରାହକମାନଙ୍କୁ ସେମାନଙ୍କର ଦୁଆର ମୁହଁରେ ମୌଳିକ ବ୍ୟାଙ୍କ୍ ସେବା ଦୀର୍ଘ ୧୦ ବର୍ଷ ଧରି ଯୋଗାଇ ଦେଇ ଆସୁଥିଲେ। ଏହି କାର୍ଯ୍ୟ ପାଇଁ ବ୍ୟାଙ୍କ୍ ତରଫରୁ କିଛି କମିଶନ ସେମାନଙ୍କୁ ଦିଆଯାଉଥିଲା। ସେଥିରେ ସେମାନେ କୌଣସି ପ୍ରକାରେ ସେମାନଙ୍କର ପରିବାର ପ୍ରତିପୋଷଣ କରୁଥିଲେ। କିନ୍ତୁ ଗତ ଡିସେମ୍ବର ୨୦୨୧ ମସିହାରେ ଏହି ପାରିଶ୍ରମିକର ପ୍ରାୟ ୭୦ ପ୍ରତିଶତ ବ୍ୟାଙ୍କ୍ କର୍ତ୍ତୃପକ୍ଷଙ୍କ ଦ୍ୱାରା କମିସନ୍ କାଟି ଦିଆଯାଇଥିଲା। ଯାହା ଫଳରେ ଅଳ୍ପ ପାରିଶ୍ରମିକ ତଥା ଏକ ଦିନମଜୁରିଆ ଠାରୁ କମ୍ ପାରିଶ୍ରମିକରେ ପରିବାର ପ୍ରତିପୋଷଣ କରିବା ଅସମ୍ଭବର କାରଣ ଦର୍ଶାଇ ଓଡିଶା ଗ୍ରାମ୍ୟ ବ୍ୟାଙ୍କ୍ ବ୍ୟବସାୟିକ ପ୍ରତିନିଧି (ବିସି)ମାନେ ସଂଘ ତରଫରୁ ପ୍ରତିବାଦ କରିବା ସଙ୍ଗେ ସଙ୍ଗେ ଉଚ୍ଚ କର୍ତ୍ତୃପକ୍ଷଙ୍କ ସହ ଆଲୋଚନା କରିବା ପାଇଁ ଅନୁରୋଧ କରାଯାଇଥିଲା। କିନ୍ତୁ ସଂଘ ସହ ଆଲୋଚନା ତ ଦୂରର କଥା ବରଂ ତଞ୍ଚକତା କରି ଏହି (ବିସି) ବ୍ୟବସ୍ଥାକୁ ବ୍ୟାଙ୍କ୍ ଅଧୀନରୁ ନେଇ ବେସରକାରୀ ସଂସ୍ଥା ହାତକୁ ଟେକି ଦେବାର ଅପଚେଷ୍ଟା କରାଯାଇଥିଲା। ଏହି ତଞ୍ଚକତା ପୂର୍ଣ୍ଣ ଯୋଜନାକୁ କାର୍ଯ୍ୟକାରୀ ନ କରିବା ପାଇଁ ସଂଘ ପକ୍ଷରୁ ଉଚ୍ଚ ନ୍ୟାୟାଳୟଙ୍କ ଦ୍ୱାରସ୍ଥ ହୋଇଥିଲା।

### ଦୁର୍ଦ୍ଦିନ ଅବସ୍ଥାରେ ବିସି ପରିବାର

ଉଚ୍ଚ ନ୍ୟାୟାଳୟ ୨ ଡିସେମ୍ବର ୨୦୨୨ ତାରିଖରେ ଏକ ଅନ୍ତରୀଣ ଆଦେଶ ପ୍ରଦାନ କରିଥିଲେ। ସେଥିରେ ସ୍ପଷ୍ଟ ଉଲ୍ଲେଖ କଲେ ଯେ ବ୍ୟାଙ୍କ୍ ତା'ର ବିସି ବ୍ୟବସ୍ଥାର ଘରୋଇକରଣର ପ୍ରକ୍ରିୟା ଜାରିରଖି ପାରିବ। କିନ୍ତୁ କୋର୍ଟର ପରବର୍ତ୍ତୀ ନିର୍ଦ୍ଦେଶ ପର୍ଯ୍ୟନ୍ତ କୌଣସି ଅନ୍ତିମ ନିଷ୍ପତ୍ତି ନେଇପାରିବ ନାହିଁ ଏବଂ ବିସି ମାନଙ୍କର ସ୍ଥିତାବସ୍ଥା ବଜାୟ ରହିବ। କିନ୍ତୁ ୧ ଏପ୍ରିଲ ୨୦୨୩ ତାରିଖରେ ବ୍ୟାଙ୍କ୍ କର୍ତ୍ତୃପକ୍ଷ ବିସିମାନଙ୍କୁ ଦିଆଯାଇଥିବା ମେସିନ୍‌ଟିକୁ ବନ୍ଦ କରିଦିଆଗଲା। ଯାହାଦ୍ୱାରା (ବିସି) ଆଉ କୌଣସି କାମ କରିପାରିଲେନାହିଁ। ଅପର ପକ୍ଷରେ ସବୁ ବିସି ମାନଙ୍କୁ ସେମାନଙ୍କର ମେସିନକୁ ଫେରାଇଦେବା ଏବଂ ସେମାନେ ଆଉ ବ୍ୟାଙ୍କ୍ ପାଇଁ କାମ କରୁନାହାନ୍ତି। ତେଣୁ ଯଦିକେହି ସେମାନଙ୍କ ସହ କୌଣସି ବ୍ୟାବସାୟିକ ସମ୍ପର୍କ ରଖନ୍ତି ସେଥିପାଇଁ ବ୍ୟାଙ୍କ୍ ଦାୟୀ ରହିବ ନାହିଁ ଭଳି ନିର୍ଦ୍ଦେଶନାମା ବ୍ୟାଙ୍କ୍ ତଥା ପଞ୍ଚାୟତର ବିଭିନ୍ନ ସ୍ଥାନରେ ନୋଟିସ୍ ଆକାରରେ ମାରିବା ପାଇଁ ଶାଖା ପରିଚାଳକମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଏଭଳି ନିର୍ଦ୍ଦେଶ ଅଦାଲତର ଅବମାନନା ଦର୍ଶାଇ ସଂଘ ତରଫରୁ ଏକ ଅଦାଲତ ଅବମାନନା କେସ୍ କରାଯାଇଛି। ଯାହାକି ଅଦ୍ୟାବଧି କୋର୍ଟରେ ବିଚାରାଧୀନ ରହିଛି। ଇତି ମଧ୍ୟରେ ସରକାର ପ୍ରତି ପଞ୍ଚାୟତରେ ବ୍ୟାଙ୍କ୍ ସେବା ଯୋଗାଇବା ପାଇଁ ୬ଟି ବାଣିଜ୍ୟିକ ବ୍ୟାଙ୍କ୍ ସହ ଚୁକ୍ତିନାମା ସ୍ୱାକ୍ଷର କରିଛନ୍ତି। ସେଥିରେ ଓଡିଶା ଗ୍ରାମ୍ୟ ବ୍ୟାଙ୍କ୍‌ର ନାମ ନାହିଁ। କାରଣ ବ୍ୟାଙ୍କ୍ ତରଫରୁ ସରକାରଙ୍କ ନିକଟରେ ଆମର କୌଣସି ବିସି ନାହାନ୍ତି ବୋଲି ଏକ ମିଥ୍ୟା ତଥ୍ୟ ଉପସ୍ଥାପନ କରାଯାଇଛି। ଏହାର ପ୍ରତିବାଦ ସ୍ୱରୂପ ୪ ସେପ୍ଟେମ୍ବର ୨୦୨୩ ତାରିଖରେ ଲୋୟର୍ ପିଏମ୍‌ଜି ଭୁବନେଶ୍ୱର ଠାରେ ସଂଘ ତରଫରୁ ଏକ ଦିନିକିଆ ପ୍ରତିବାଦ ସଭା ଏବଂ ଧାରଣାର ଆୟୋଜନ କରାଯାଇଥିଲା। ଘଟଣାର ସମାଧାନ ୭ ଦିନ ମଧ୍ୟରେ କରିବା ପାଇଁ ସରକାରଙ୍କ ତରଫରୁ ପ୍ରତିଶ୍ରୁତି ଦିଆଯାଇଥିଲା। କିନ୍ତୁ ଏପର୍ଯ୍ୟନ୍ତ ସରକାର କିମ୍ବା ବ୍ୟାଙ୍କ୍ କର୍ତ୍ତୃପକ୍ଷ କୌଣସି ସମାଧାନର ବାଟ ବାହାର କରିନାହାନ୍ତି। ତେଣୁ ସରକାର ବ୍ୟାଙ୍କ୍ କର୍ତ୍ତୃପକ୍ଷଙ୍କ ସହିତ ଆଲୋଚନା ମାଧ୍ୟମରେ ଏ ସମସ୍ୟାର ସମାଧାନ ବାଟ ବାହାର କରାଯାଇ ବିସିମାନଙ୍କୁ ପୁନଃ ନିଯୁକ୍ତି ଦେବା ସହିତ କାର୍ଯ୍ୟରେ ଯୋଗଦେବା ପାଇଁ ନିର୍ଦ୍ଦେଶ ଜାରି କରନ୍ତୁ ବୋଲି ସଙ୍ଘ ତରଫରୁ ଦାବି ହେଉଛି।

## ଜାମଶୋଳା ସରକାରୀ ଉଚ୍ଚ ବିଦ୍ୟାଳୟ

# ଶିକ୍ଷକ ନିଯୁକ୍ତି ଦାବିରେ ଆମରଣ ଅନଶନ



ଶୁଳିଆପଦା,୨୯।୧୦(ସମିସ):

ଶୁଳିଆପଦା ବ୍ଲକ୍ ଅଁଳାକୁଡା ପଞ୍ଚାୟତ ଜାମଶୋଳା ସରକାରୀ ଉଚ୍ଚ ବିଦ୍ୟାଳୟରେ ଶିକ୍ଷକ ନିଯୁକ୍ତି ଦାବିରେ ଆଦିବାସୀ ବିକାଶ ମଞ୍ଚ ଆମରଣ ଅନଶନ କରିଥିଲା। ବିଦ୍ୟାଳୟରେ ଏକବର୍ଷ ହେବ ବିଜ୍ଞାନ, ସଂସ୍କୃତ ଓ ପ୍ରାଥମିକ ସ୍କୁଲରେ ଶିକ୍ଷକ ପଦ ଖାଲି ପଡିରହିଛି। ଏ ବାବଦରେ ଉପରିସ୍ଥ ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ ପରେ ବି ଶିକ୍ଷକ ନିଯୁକ୍ତି ନ ହେବାରୁ ବୁଧବାର ଆଦିବାସୀ ବିକାଶ ମଞ୍ଚର ଜିଲ୍ଲା ସଭାପତି ବାବୁଲୁ ସୋରେନ୍‌ଙ୍କ ନେତୃତ୍ୱରେ ଆମରଣ ଅନଶନ ଆରମ୍ଭ ହୋଇଥିଲା। ଅନଶନରେ ସାଧାରଣ ସମ୍ପାଦକ ସୁନାରାମ ଟୁଡୁ, ଅଭିଭାବକ ଦାମୋଦର ମୁର୍ମୁ, ସୁଲୁ ସେନାପତି, କୋମଲ ବେହେରା, ରବୀନ୍ଦ୍ର ରାୟ, ସାଗର ସିଂ, କାନ୍ହା ସୋରେନ୍ ପ୍ରମୁଖ ସାମିଲ ହୋଇଥିଲେ। ଶିକ୍ଷକ ନିଯୁକ୍ତି ନହେବା ପର୍ଯ୍ୟନ୍ତ ଅନଶନ ଚାଲୁ ରହିବ ବୋଲି ଆନ୍ଦୋଳନକାରୀ ଘୋଷଣା କରିଥିଲେ। ଖବର ପାଇ ଚାନ୍ଦୁଆ ଥାନା ଅଧିକାରୀ ଲକ୍ଷଣ କୁମାର ନାୟକ, ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଶଶଧର ସିଂହ, ଗୌତମ ପାତ୍ର ଓ ଶୁଳିଆପଦା ବିଇଓ ମାଳତୀ ଟୁଡୁ ପହଞ୍ଚି ଅନଶନକାରୀଙ୍କୁ ବୁଝାସୁଝା କରିଥିଲେ। ପରେ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଶଶଧର ସିଂହ ଲିଖିତ ପ୍ରତିଶ୍ରୁତି ଦେବାପରେ ଅନଶନ ପ୍ରତ୍ୟାହୃତ ହୋଇଥିଲା। ପ୍ରତିଶ୍ରୁତି ମୁତାବକ ଜାମଶୋଳା ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରାଥମିକ ବିଭାଗରେ ବିଇଓ, ଶୁଳିଆପଦାଙ୍କ ଦ୍ୱାରା ଜଣେ ଶିକ୍ଷକଙ୍କୁ ଡିପ୍ଲୋୟମେଣ୍ଟ ମାଧ୍ୟମରେ ଆଗାମୀ ୩ ଦିନ ମଧ୍ୟରେ ନିଯୁକ୍ତି ଦିଆଯିବ। ମାଧ୍ୟମିକ ବିଭାଗରେ ଟିଜିଟି-ସିବିଜେଡ୍ ପଦବୀରେ ଜଣେ ଶିକ୍ଷକଙ୍କୁ ୩ ଦିନ ପାଇଁ ଡିପ୍ଲୋୟମେଣ୍ଟ ମାଧ୍ୟମରେ ଆଗାମୀ ୩ ଦିନ ମଧ୍ୟରେ ଶିକ୍ଷାଦାନ କରିବା ପାଇଁ ନିର୍ଦ୍ଦେଶ ଦିଆଯାଇ ସାରିଛି ଏବଂ ଆଉ ଜଣେ ଶିକ୍ଷକଙ୍କୁ ଅନ୍ୟ ୩ ଦିନ ମଧ୍ୟରେ ଡିଇଓଙ୍କ ଦ୍ୱାରା ନିର୍ଦ୍ଦେଶ ଦିଆଯିବ। ଆଗାମୀ ଏଲଟିଆର୍ ନିଯୁକ୍ତି ପ୍ରକ୍ରିୟାରେ ନଭେମ୍ବର ୧୫ ପରେ ଜଣେ ନିୟମିତ ଶିକ୍ଷକଙ୍କୁ ନିଯୁକ୍ତି ପ୍ରଦାନ କରାଯିବ। ପ୍ରଧାନ ଶିକ୍ଷକ, ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ, ବିଦ୍ୟାଳୟ ପରିଚାଳନା କମିଟିର ସଦସ୍ୟ ସଦସ୍ୟାଙ୍କ ଉପସ୍ଥିତିରେ ବିଇଓଙ୍କ ଦ୍ୱାରା ଗୁଣାତ୍ମକ ଶିକ୍ଷଣ ପରିବେଶ ପାଇଁ ଏକ ବୈଠକ ଆୟୋଜନ କରି ନିଷ୍ପତ୍ତି ନିଆଯିବ।

# ବିନା ଟିକେଟରେ ରେଳଯାତ୍ରା; ୭୯ ଯାତ୍ରୀଙ୍କୁ ଜରିମାନା



ବାରିପଦା, ୨୯।୧୦(ସମିସ): ବାଙ୍ଗିରିପୋଷି-ରୁପ୍ସା ଡିଏମୟୁ ଟ୍ରେନରେ ବିନା ଟିକେଟରେ ଯାତ୍ରା କରୁଥିବା ୭୯ ଜଣଙ୍କଠାରୁ ଜରିମାନା ଆଦାୟ ହୋଇଛି। ଯାହାକୁ ନେଇ ରେଳ ବିଭାଗ ପକ୍ଷରୁ ଅତର୍କିତ ଭାବେ ମାସ ଟିଟିଆଇ ଟିକଟ ଯାଞ୍ଚ ପ୍ରକ୍ରିୟା ହୋଇଥିଲା। ଯାଞ୍ଚ ସମୟରେ ୭୯ ଜଣ ବିନା ଟିକେଟରେ ରେଳ ଯାତ୍ରା କରୁଥିବା ଜଣାପଡିଥିଲା। ସେମାନଙ୍କ ପାଖରୁ ସମୁଦାୟ ୯,୯୮୦ଟଙ୍କା ଜୋରିମାନା ଆଦାୟ କରାଯାଇଛି। ଉକ୍ତ ଟ୍ରେନରେ ଅଧିକାଂଶ ଯାତ୍ରୀ ବିନା ଟିକେଟରେ ଯାତ୍ରା କରୁଛନ୍ତି। ଯାହା ଫଳରେ ରେଳ ବିଭାଗର କ୍ଷତି ହେଉଛି। ଏ ନେଇ ଟିକଟ ଯାଞ୍ଚ ପ୍ରକ୍ରିୟାକୁ ତୀବ୍ରତର କରାଯାଇଥିଲା। ଜରିମାନା ଆଦାୟ କରିବା ସହ ଯାତ୍ରୀଙ୍କୁ ଡିଜିଟାଲ ଟିକଟ କରିବା ନେଇ ସଚେତନ କରାଯାଇଥିଲା। ୟୁଟିଏସ ମୋବାଇଲ ଆପ୍ଲିକେସନ ଏବଂ ରେଳ ଷ୍ଟେସନରେ ଥିବା ଏଟିଭିଏମ ମେସିନ ଜରିଆରେ ସ୍ମାର୍ଟ ଟିକେଟ ତୁରନ୍ତ କରିପାରିବେ ବୋଲି ସଚେତନ କରାଯାଇଛି। ରେଳ ବିଭାଗ ପକ୍ଷରୁ ଆଗକୁ ମଧ୍ୟ ଯାଞ୍ଚ ପ୍ରକ୍ରିୟା କଡାକଡି କରାଯିବ।

**Format C-1**

(For candidate to publish in Newspapers, TV)

**Declaration about criminal cases**

***(as per the judgment dated 25th September, 2018 of Hon'ble Supreme Court in WP(Civil) No-536 of 2011 (Public Interest Foundation & Ors. Vs. Union of India & Anr.)***

**Name and address of candidate: Smt Snehangini Chhuria,**
**W/o-Durga Prasad Chhuria, At/Po-Dekulba,**
**Ps/Tah-Bheden, Dist-Bargarh**

**Name of Political Party: - BIJU JANATA DAL**

**(Independent candidate should write "Independent" here)**

**Name of Election: - BYE-ELECTION TO THE STATE LEGISLATIVE ASSEMBLY OF ODISHA-2025,**

**Name of Constituency: - 71-Nuapada Legislative Assembly**

I, **Smt Snehangini Chhuria** (name of candidate), a candidate for the above mentioned election, declared for public information the following details about my criminal antecedents:

**(A) Pending criminal cases**

| SL No | Name of Court | Case No. and dated | Status of case(s) | Section(s) of Acts concerned and brief description of offence(s) |
|---|---|---|---|---|
| 1 | **S.D.J.M, Bargarh** | **C.T No-83 of 2025 arising out of Bargarh Town PS Case No-36 dt 21/01/2025** | Awaiting for Final Form | U/s 126(2) 189(2) 190, 285, 61(2) B.N.S; Wrongfully restraining any person; Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards. |
| 2 | **S.D.J.M, Bargarh** | **C.T No-84 of 2025 arising out of Bargarh Town PS Case No-37 dt 21/01/2025** | Awaiting for Final Form | U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person; Being member of an unlawful assembly, Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act. |
| 3 | **S.D.J.M, Bargarh** | **C.T No-86 of 2025 arising out of Rural PS Case No-11 dt 21/01/2025** | Awaiting for Final Form | U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person, Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act. |
| 4 | **S.D.J.M, Bargarh** | **CT No- 89 of 2025 arising out of Bargarh Town PS Case No-38 dt 22/01/2025** | Awaiting for Final Form | U/s 126(2) 189(2) 190, 285, 61(2) B.N.S r/w U/s 4 PDPP Act.; Wrongfully restraining any person; Being member of an unlawful assembly; Every member of unlawful assembly guilty of offence committed in prosecution of common object; causing danger or obstruction in public way or line of navigation; Criminal conspiracy to commit an offence punishable with death imprisonment for life or rigorous imprisonment for a term of 2 years or upwards; r/w u/s 4 mischief causing damage to public property by fire or explosive substance PDPP Act. |

**(B) Details about cases of conviction for criminal offences**

| SL No | Name of Court & date(s) of order(s) | Description of offence(s) & punishment imposed | Maximum punishment imposed |
|---|---|---|---|
| | NIL | NIL | NIL |
| | NIL | NIL | NIL |

***In the case of election to Council of State or election to Legislative Council by MLAs, mention the election concerned in place of name of constituency.**

**Sd/- Smt Snehangini Chhuria**

## ଜିଲ୍ଲାସ୍ତରୀୟ ଶିଶୁଶ୍ରମିକ ମୁକ୍ତ ଅଭିଯାନ କର୍ମଶାଳା



ବାରିପଦା, ୨୯।୧୦(ସମିସ): ଶିଶୁ ଶ୍ରମିକମୁକ୍ତ ଅଭିଯାନର ଜିଲ୍ଲାସ୍ତରୀୟ କର୍ମଶାଳା ମୟୂରଭଞ୍ଜ ଆକ୍ସନ ଆଣ୍ଡ ରିସର୍ଚ୍ଚ ଗ୍ରୁପ (ଏମଏଆରଜି) ଏବଂ କ୍ୟାମ୍ପେନ ଏଗେନିଷ୍ଟ ଚାଇଲଡ୍ ଲେବର (ସିଏସିଏଲ) ଆନୁକୂଲ୍ୟରେ ଏଡୁକୋ ସହଯୋଗରେ ସିଏସିଏଲର ଜିଲ୍ଲା ସଂଯୋଜକ ଉତ୍ତମ କୁମାର ସାହୁଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। ସିଏସିଏଲର ରାଜ୍ୟ ଆବାହକ ସୁକାନ୍ତ ନାୟକ ଜିଲ୍ଲାରେ ଶିଶୁ ଶ୍ରମିକ ହାର ଏବଂ ଶିଶୁ ଶ୍ରମିକ ମୁକ୍ତ ପାଇଁ ବିଭିନ୍ନ ପଦକ୍ଷେପ ନିଆଯାଇଥିବା ସମ୍ପର୍କରେ ଆଲୋଚନା କରିଥିଲେ। ଜିଲାର ୨୬ଟି ଯାକ ବ୍ଲକରେ ଏହାର ସଫଳ ରୂପାୟନ ପାଇଁ ସେ ଗୁରୁତ୍ୱାରୋପ କରିଥିଲେ। କର୍ମଶାଳାରେ ଜିଲ୍ଲାର ବିଭିନ୍ନ ସ୍ୱେଚ୍ଛାସେବୀ ଅନୁଷ୍ଠାନର କର୍ମକର୍ତ୍ତା ଚନ୍ଦନ କୁମାର ଦାସ, ସତ୍ୟବ୍ରତ ଦାସ, ମନମୋହନ ପ୍ରଧାନ, ପ୍ରଭାମଞ୍ଜରୀ ପଣ୍ଡା, ଜ୍ୟୋତିପ୍ରକାଶ ରାଉତ, ଅତନୁ କୁମାର ମହାନ୍ତି ପ୍ରମୁଖ ଘଟୁଥିବା ଶିଶୁ ଶ୍ରମିକନିର୍ଯାତନା ସମ୍ପର୍କରେ ଉଦବେଗ ପ୍ରକାଶ କରିଥିଲେ। ଏହି ସମସ୍ୟାର ସମାଧାନ କରିବା ପାଇଁ ଜିଲ୍ଲାସ୍ତରରେ ଏକ ଟାସ୍କ ଫୋର୍ସ ଗଠନ ସହ ଆଗାମୀ ୧୦ତାରିଖରେ ପରବର୍ତ୍ତୀ ବୈଠକରେ କାର୍ଯ୍ୟକ୍ରମ ସମ୍ପର୍କରେ ନିଷ୍ପତ୍ତି ଗ୍ରହଣ କରାଯିବାକୁ ସ୍ଥିର ହୋଇଛି। ମୟୂରଭଞ୍ଜ ଜିଲ୍ଲାରେ ଶିଶୁ ଶ୍ରମିକ ମୁକ୍ତ କାର୍ଯ୍ୟକ୍ରମକୁ ମୟୂରଭଞ୍ଜ ଆକ୍ସନ ଆଣ୍ଡ ରିସର୍ଚ୍ଚ ଗ୍ରୁପ (ଏମଏଆରଜି) ମାଧ୍ୟମରେ କାର୍ଯ୍ୟକାରୀ କରାଯିବାକୁ ନିଷ୍ପତ୍ତି ନିଆଯାଇଛି।

## ଉଲ୍ଲାସ: ନବଭାରତ ସାକ୍ଷରତା କାର୍ଯ୍ୟକ୍ରମରେ ୪୪ ହଜାର ସାମିଲ

ବାରିପଦା, ୨୯।୧୦(ସମିସ): ମୟୂରଭଞ୍ଜ ଜିଲ୍ଲାର ୨୬ଟି ବ୍ଲକ୍‌ରେ ପ୍ରଥମ ଫାଉଣ୍ଡେସନାଲ ଲିଟରେସୀ ଆଣ୍ଡ ନ୍ୟୁମେରାସୀ ଆସେସମେଣ୍ଟ ଟେଷ୍ଟ-୨୦୨୫ ଅନୁଷ୍ଠିତ ହୋଇଯାଇଛି। ବିଶେଷକରି ୧୫ ବର୍ଷ ଓ ତାହାଠାରୁ ଅଧିକ ବୟସ୍କ ନାଗରିକଙ୍କ ଭାଷା ଓଡିଆ ଓ ପ୍ରାଥମିକସ୍ତରର ଗଣିତ ଦକ୍ଷତା ପରଖିବା ଉଦ୍ଦେଶ୍ୟରେ ପରୀକ୍ଷା ଅନୁଷ୍ଠିତ ହୋଇଥିଲା। ଏହି ପରୀକ୍ଷାକୁ ଜିଲ୍ଲା ଶିକ୍ଷା ଅଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନ ଓ ମାର୍ଗ ଦର୍ଶନରେ ଅନୁଷ୍ଠିତ ହୋଇଥିଲା। ରାଜ୍ୟ ଯୁଗ୍ମ ନିର୍ଦ୍ଦେଶକ ଅକୃର ବାରିକ ବିଭିନ୍ନ ପରୀକ୍ଷା କେନ୍ଦ୍ର ପରିଦର୍ଶନ କରି ଜିଲ୍ଲାର ପଦକ୍ଷେପକୁ ଆଗକୁ ନେବା ପାଇଁ ମାର୍ଗଦର୍ଶନ ଦେଇଥିଲେ। ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ବିନୋଦ ସିଂ ପରିଦର୍ଶନରେ ସହଯୋଗ କରିଥିଲେ। ୨୬ଟି ବ୍ଲକରେ ୧୩୩୩୭ ପୁରୁଷ, ୩୦୪୧୫ ମହିଳା ଉଲ୍ଲାସ: ନବ ଭାରତ ସାକ୍ଷରତା କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ଶିକ୍ଷା ବିଭାଗ ଅଧୀନରେ ଏହି ପରୀକ୍ଷାର ଆକଳନ ଜିଲ୍ଲା, ବ୍ଲକ ଓ ଗ୍ରାମାଞ୍ଚଳସ୍ତରରେ ସମ୍ପନ୍ନ ହୋଇଛି। ପରୀକ୍ଷାରେ ଅନେକ ଯୁବକ ଓ ବୟସ୍କ ନାଗରିକ ସହଭାଗ ହୋଇ, ଭାଷା ଓ ଗଣିତ ଜ୍ଞାନ ପ୍ରତି ଆଗ୍ରହ ପ୍ରଦର୍ଶନ କରିଥିଲେ। ଏହି କାର୍ଯ୍ୟକ୍ରମରେ ସ୍ୱେଚ୍ଛାସେବୀ ଅନୁଷ୍ଠାନ ଭାବେ ମା' ଅମ୍ବିକା ମହିଳା ମହାମଣ୍ଡଳର ସହଯୋଗକୁ ଜିଲ୍ଲା ଶିକ୍ଷା ପରିବାର ତରଫରୁ ପ୍ରଶଂସା କରାଯାଇଛି।

## ଓଡ଼ିଆ ବିଭାଗ ପକ୍ଷରୁ ସ୍ୱାଗତ ସମ୍ବର୍ଦ୍ଧନା



କୁଆମରା,୨୯।୧୦(ସମିସ): ଖୁଣ୍ଟା ଡିଗ୍ରୀ ମହାବିଦ୍ୟାଳୟରେ ଓଡ଼ିଆ ବିଭାଗ ତରଫରୁ ପ୍ରଥମ ବର୍ଷ ଛାତ୍ରଛାତ୍ରୀଙ୍କ ନିମନ୍ତେ ଏକ ସ୍ୱାଗତ ସମ୍ବର୍ଦ୍ଧନା ଉତ୍ସବ ଓ ପ୍ରାକ୍ତନ ଛାତ୍ର ସମାବେଶ ଅନୁଷ୍ଠିତ ହୋଇଥିଲା। ବିଭାଗୀୟ ମୁଖ୍ୟ ଅଧ୍ୟାପିକା ହିରଣ୍ମୟୀ ଶତପଥୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉତ୍ସବରେ ଅଧ୍ୟକ୍ଷ ସରୋଜ ରଞ୍ଜନ ତ୍ରିପାଠୀ ମୁଖ୍ୟ ଅତିଥି, ମୁଖ୍ୟବକ୍ତା ଓଡ଼ିଆ ବିଭାଗ ଅଧ୍ୟାପିକା ଡଃ ମଧୁସ୍ମିତା ପାଇନ୍ ଓ ସମ୍ମାନିତ ଅତିଥି ବିଭାଗୀୟ ଅଧ୍ୟାପକ ହେମନ୍ତ କୁମାର ଲୋହାର ଯୋଗଦେଇ ବକ୍ତବ୍ୟ ପ୍ରଦାନ କରିଥିଲେ। ପୁରାତନ ଛାତ୍ରୀ ଚୁମକୀ ନାଏକଙ୍କୁ ବିଭାଗୀୟ ଟପ୍ପର ହିସାବରେ ଟ୍ରଫି ପ୍ରଦାନ କରାଯାଇଥିଲା। ସେହିପରି ପ୍ରାକ୍ତନ ବିଦ୍ୟାର୍ଥୀ

# ମୟୂରଭଞ୍ଜରେ ଖୋଲିବ ଅଧିକ ୧୨ ନୂତନ ସବ୍‌ରେଜିଷ୍ଟ୍ରାର

ବାରିପଦା, ୨୯।୧୦(ସମିସ): ଜମିବାଡି ସଂକ୍ରାନ୍ତ ସମସ୍ୟାର ସମାଧାନ ପାଇଁ ମୟୂରଭଞ୍ଜ ଜିଲ୍ଲାରେ ଅଧିକ ୧୨ଟି ତହସିଲ କାର୍ଯ୍ୟାଳୟରେ ସବରେଜିଷ୍ଟ୍ରାର କାର୍ଯ୍ୟାଳୟ ଖୋଲିବାକୁ ନେଇ ବିଭାଗୀୟ ପ୍ରସ୍ତୁତି ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ନଭେମ୍ବର ପହିଲାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଭିଡିଓ କନଫରେନ୍ସ ଜରିଆରେ ଏହି ୧୨ଟି ନୂତନ ସବ ରେଜିଷ୍ଟ୍ରାର କାର୍ଯ୍ୟାଳୟକୁ ଉଦଘାଟନ କରିବେ। ଏହାକୁ ନେଇ ଜିଲ୍ଲା ପ୍ରଶାସନ ପକ୍ଷରୁ ତତ୍ପରତା ପ୍ରକାଶ ପାଇଛି। ସୂଚନାଯୋଗ୍ୟ, ଜିଲାର ୨୬ଟି ତହସିଲ ମଧ୍ୟରୁ ୯ଟି ସବରେଜିଷ୍ଟ୍ରାର କାର୍ଯ୍ୟାଳୟ ରହିଥିବା ବେଳେ ନୂତନ ଭାବେ ରରୁଆଁ, ଶୁକ୍ଳି, ଠାକୁରମୁଣ୍ଡା, ମୋରଡା, ବିଜାତଳା, ବିଶୋଇ, କୁସୁମୀ, ଜାମଦା, ତିରିଂ, ଶାମାଖୁଣ୍ଟା, ସାରସକଣା ଓ ଶୁଳିଆପଦାରେ ଆଉ ଅଧିକ ୧୨ଟି ସବରେଜିଷ୍ଟ୍ରାର କାର୍ଯ୍ୟାଳୟ ଖୋଲିବ। ସେଗୁଡିକ ସମ୍ପୃକ୍ତ ତହସିଲରେ ଉଦଘାଟନ ଦିନରୁ କାର୍ଯ୍ୟକ୍ଷମ ହେବ। ଜନସାଧାରଣ ଇ-ରେଜିଷ୍ଟ୍ରେଶନ ମାଧ୍ୟମରେ ନିଜର କାର୍ଯ୍ୟ କରିପାରିବେ। ପରବର୍ତ୍ତୀ ସମୟରେ ଆଉ ନୂତନ ୫ଟି ସବରେଜିଷ୍ଟ୍ରାର ଅଫିସ ଖୋଲିବ ବୋଲି ସୂଚନା ମିଳିଛି। ଏହା ଦ୍ୱାରା ସ୍ଥାନୀୟ ତହସିଲ ଅଞ୍ଚଳର ଜନସାଧାରଣ ବେଶ ଉପକୃତ ହୋଇପାରିବେ। ଏଥିସହିତ ଦଲିଲ ପ୍ରସ୍ତୁତ ସମୟରେ ଷ୍ଟାମ୍ପ ଡ୍ୟୁଟି ଓ ଫି' ଆଦାୟ ହେବା ସହିତ ଜମି ସମ୍ପର୍କିତ ବ୍ୟାଙ୍କରେ ବନ୍ଧକ ଥିବା ତଥ୍ୟ ଜଣାପଡିବ। ଜମିର ପ୍ରତିଲିପି ପ୍ରଦାନ ଓ ରେକର୍ଡ ଯାଞ୍ଚ ହେବା ସହ ଦଲିଲର ପ୍ରକାର ନିର୍ଦ୍ଧାରଣ ଓ ଷ୍ଟାମ୍ପ ଡ୍ୟୁଟିର ମୂଲ୍ୟାଙ୍କନ କରାଯାଇ ପାରିବ। ବିବାହ ରେଜିଷ୍ଟ୍ରେସନଠାରୁ ଆରମ୍ଭ କରି ଇ-ରେଜିଷ୍ଟ୍ରଶନ ମାଧ୍ୟମରେ ସମସ୍ତ କାର୍ଯ୍ୟ ସହଜରେ ହୋଇପାରିବ।

# ଚୋରି ସ୍କୁଟି ଉଦ୍ଧାର; ଅଭିଯୁକ୍ତ କୋର୍ଟ ଚାଲାଣ

ମହୁଲଡିହା,୨୯।୧୦(ସମିସ): ଠାକୁରମୁଣ୍ଡା ଥାନା ନିହାଣଗଣ୍ଡି ଗ୍ରାମରୁ ୨୭ ତାରିଖ ରାତିରେ ଚୋରି ହୋଇଥିବା ଏକ ସ୍କୁଟିକୁ ଉଦ୍ଧାର ହୋଇଛି। ଘଟଣାରୁ ପ୍ରକାଶ ଯେ, ନିହାଣଗଣ୍ଡି ଗ୍ରାମର ସବିତା ଜେନା ସୋମବାର ରାତିରେ ଶୋଇଥିବା ବେଳେ ଏକ ଚୋର ସ୍କୁଟି ଚୋରି କରି ନେଇଥିଲା। ସବିତା ସକାଳୁ ଉଠି ଦେଖନ୍ତି ସ୍କୁଟି ଘରେ ନ ଥିବାରୁ ଖୋଜା ଖୋଜି କରିବା ପରେ କିଛି ସନ୍ଧାନ ମିଳି ନ ଥିଲା। ମଙ୍ଗଳବାର ଠାକୁରମୁଣ୍ଡା ଥାନାରେ ଅଭିଯୋଗ ପରେ ପୁଲିସ ବିଭିନ୍ନ ସ୍ଥାନରେ ଚଢଉ କରିଥିଲା। ପରେ ସନ୍ଦେହରେ ନିହାଣଗଣ୍ଡି ଗ୍ରାମର ଦିବାକର ଦାସ (ପପୁ)ଙ୍କୁ ଥାନାକୁ ଆଣି ପଚରା ଉଚୁରା କରିଥିଲା ପୁଲିସ। ଦିବାକର ସ୍କୁଟି ଚୋରି କରିଥିବା ମାନିଥିଲା। ପରେ ପୁଲିସ ସ୍କୁଟିକୁ ଉଦ୍ଧାର କରି ଥାନାକୁ ଆଣିଛି। ପୁଲିସ ସବିତା ଜେନାଙ୍କୁ ହସ୍ତାନ୍ତର କରିଛି।

## ■ ଶରଧା ଗ୍ରାମରେ ମାଇକ୍ରୋ କମ୍ପୋଷ୍ଟ ପିଟ୍‌କୁ ଗ୍ରାମବାସୀଙ୍କ ବିରୋଧ

# ଉପଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହେଲେ ମହିଳା, ପୁରୁଷ



କରଞ୍ଜିଆ, ୨୯।୧୦(ସମିସ):

କରଞ୍ଜିଆ ସହରରୁ ୩ କିମି ଦୂର ବଡଦେଉଳି ପଞ୍ଚାୟତ ଶରଧା ଗ୍ରାମରେ ପୌର ପରିଷଦ ପକ୍ଷରୁ ଖୋଳା ଯାଉଥିବା ମାଇକ୍ରୋ କମ୍ପୋଷ୍ଟ ପିଟକୁ ଗ୍ରାମବାସୀ ବିରୋଧ କରିଛନ୍ତି। ଏହାର ପ୍ରତିବାଦ ଜଣାଇ ବୁଧବାର ଗ୍ରାମର ଶତାଧିକ ମହିଳା ଓ ପୁରୁଷ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଧାରଣାରେ ବସି ପିଟଖୋଳାକୁ ବିରୋଧ କରିଥିଲେ। ଓକିଲ ସଂଘର ସଭାପତି ମଦନ ମହନ ମହାନ୍ତଙ୍କ ସହିତ ଗ୍ରାମର ମଞ୍ଜୁଲତା ମାଟିଆ, କବିତା ମାଟିଆ, ବିଳାସୀ ମାଟିଆ, ରେବତୀ ନାୟକ, ସୁକାନ୍ତୀ ବେହେରା, ଲଳିତା ମହାନ୍ତ, ଝଗଡୁ ମାଟିଆ, ସୁଶାନ୍ତ ମାଟିଆ, ରମେଶ ମହାନ୍ତ, ଯୋଗେଶ୍ୱର ମହାନ୍ତ ପ୍ରମୁଖ ବହୁ ଗ୍ରାମବାସୀ ଧାରଣା ଦେଇଥିଲେ। ପରେ ଉପଜିଲ୍ଲାପାଳ କସ୍ତୁରୀ ପଣ୍ଡାଙ୍କ ସହିତ ଆଲୋଚନା କରିଥିଲେ। ଏହି ସରକାରୀ ଜମିକୁ ସର୍ବସାଧାରଣ ଉଦ୍ୟମରେ ବ୍ୟବହାର କରିଆସୁଛନ୍ତି। ଏଠାରେ ବର୍ଜ୍ୟବସ୍ତୁ ଗ୍ରାମ ନିକଟରେ ପରିଚାଳନା କରାଗଲେ ଏହା ଲୋକଙ୍କ ସ୍ୱାସ୍ଥ୍ୟ ପ୍ରତି ବିପଦ ସୃଷ୍ଟି କରିବ ବୋଲି ଗ୍ରାମବାସୀ ଅଭିଯୋଗ କରିଛନ୍ତି।

# ଆସିବ 'ମୁନ୍ନା ଭାଇ ୩'

ସଞ୍ଜୟ ଦତ୍ତ ଓ ଅରଶଦ ୱାର୍ସିଙ୍କ ଫିଲ୍ମ 'ମୁନ୍ନାଭାଇ ଏମ୍‌ବିବିଏସ୍' ଫିଲ୍ମ ଆଜି ବି ଦର୍ଶକଙ୍କ ହୃଦୟରେ ରାଜ୍ କରୁଛି । ଏହି ସିରିଜ୍‌ର ତୃତୀୟ ଫିଲ୍ମକୁ ଅନେକ ଦିନରୁ ଦର୍ଶକେ ଅପେକ୍ଷା କରିଛନ୍ତି । ଫିଲ୍ମରେ ସର୍କିଟ୍ ଓ ମୁନ୍ନାଭାଇଙ୍କ ଯୋଡ଼ିକୁ ଦର୍ଶକେ ଖୁବ୍ ପସନ୍ଦ କରିଥିଲେ । ସର୍କିଟ୍ ଭୂମିକାରେ ଅଭିନୟ କରି ଅରଶଦ ବେଶ୍ ଲୋକପ୍ରିୟତା ଅର୍ଜନ କରିଥିଲେ । ନିକଟରେ ଏକ ସାକ୍ଷାତକାରରେ ଅରଶଦ 'ମୁନ୍ନାଭାଇ ୩'କୁ ନେଇ ଖୁଲାସା କରିଛନ୍ତି । ଅରଶଦ କହିଥିଲେ, ' ସଞ୍ଜୁ (ସଞ୍ଜୟ ଦତ୍ତ) ଜଣେ ପ୍ରତିଭାଶାଳୀ ଅଭିନେତା । ତାଙ୍କ ସହ କାମ କରିବା ବେଶ୍ ମଜାଦାର ଥିଲା । ପୂରା ସ୍କ୍ରିପ୍ଟ ମନେ ରଖିବା ମୋ ପାଇଁ ଅସମ୍ଭବ ଥିଲା । ତାଙ୍କ ପାଇଁ ମୋତେ ପୂରା କାହାଣୀ ମନେ ରଖିବାକୁ ପଡୁଥିଲା । କାରଣ ସଞ୍ଜୁ ପ୍ରତ୍ୟେକ ଦିନ ସେଟ୍‌କୁ ଆସି ପଚାରୁଥିଲେ ଆଜି ଆମେ କ'ଣ କରିବା । ମୁଁ ତାଙ୍କୁ କ'ଣ ସୁଟିଂ କରିବାର ଅଛି ସେବିଷୟରେ କହୁଥିଲି । ' ସେ ଆହୁରି ମଧ୍ୟ କହିଥିଲେ, ସମୟ ଥିଲା 'ମୁନ୍ନ ଭାଇ ୩' ଆସିବା କଳ୍ପନା କରି ହେଉ ନ ଥିଲା । ଏବେ ରାଜୁ (ରାଜ କୁମାର ହିରାନୀ) ଏହା ଉପରେ କାମ ଆରମ୍ଭ କରି ଦେଇଛନ୍ତି । ଅରଶଦଙ୍କ ପୂର୍ବରୁ ବିଦୁ ବିନୋଦ ଚୋପ୍ରା 'ମୁନ୍ନାଭାଇ ୩' ଆସୁଛି ବୋଲି କହିଥିଲେ । ସେ କହିଥିଲେ, 'ମୁନ୍ନାଭାଇ ୩' ଏହି ସିରିଜ୍‌ର ଅନ୍ୟ ଦୁଇଟି ଫିଲ୍ମ ଠାରୁ ଆହୁରି ଭଲ ହେବାର ଆବଶ୍ୟକତା ରହିଛି । ମୋ ପାଖରେ ଏକ ଭଲ ଆଇଡିଆ ଅଛି । ମୁଁ ତାରି ଉପରେ କାମ କରୁଛି ।'





# ବିଶ୍ୱ ମିତବ୍ୟୟତା ଦିବସ

ସଞ୍ଚୟ କରିବା ଏକ ଭଲ ଗୁଣ । ସମସ୍ତଙ୍କର ଭବିଷ୍ୟତ ଚିନ୍ତା ରହିବା ଜରୁରି । ବେଳେବେଳେ ମଣିଷକୁ ସଙ୍କଟଜନକ ଆର୍ଥିକ ସ୍ଥିତିର ମୁକାବିଲା କରିବାକୁ ପଡ଼ିଥାଏ । ଏହାକୁ ଦୃଷ୍ଟିରେ ରଖି ବର୍ତ୍ତମାନଠାରୁ ସଞ୍ଚୟ କରିବା ଆବଶ୍ୟକ । ସଞ୍ଚୟ ଅର୍ଥାତ୍ ମିତବ୍ୟୟତା ସମ୍ପର୍କରେ ସଚେତନତା ସୃଷ୍ଟି ପାଇଁ ସାରା ବିଶ୍ୱରେ ପ୍ରତିବର୍ଷ ଅକ୍ଟୋବର ୩୧ ତାରିଖକୁ ବିଶ୍ୱ ମିତବ୍ୟୟତା ଦିବସ ଭାବେ ପାଳନ କରାଯାଉଥିବାବେଳେ ଭାରତରେ ଏହା ପ୍ରତିବର୍ଷ ଅକ୍ଟୋବର ୩୦ରେ ପାଳନ କରାଯାଏ । କାରଣ ୩୧ ଅକ୍ଟୋବର, ୧୯୮୪ରେ ପୂର୍ବତନ ପ୍ରଧାନମନ୍ତ୍ରୀ ଇନ୍ଦିରା ଗାନ୍ଧୀଙ୍କ ମୃତ୍ୟୁ ହୋଇଥିବାରୁ ଏହା ଭାରତରେ ଅକ୍ଟୋବର ୩୦ ତାରିଖରେ ପାଳନ କରାଯାଉଛି । ମିତବ୍ୟୟୀ ହୋଇ ସଞ୍ଚୟ କରିବା ନିମନ୍ତେ ଆଜିର ଦିନ ବାର୍ତ୍ତା ଦିଏ । ଦେଶର ଅର୍ଥନୈତିକ ଅଭିବୃଦ୍ଧି ପାଇଁ ଅର୍ଥ ସଞ୍ଚୟ କରିବା ଗୁରୁତ୍ୱପୂର୍ଣ୍ଣ ଅଟେ । ଜଣେ ଅର୍ଥ ସଞ୍ଚୟ କରି ନିଜ ପାଇଁ ରୋଜଗାରର ବ୍ୟବସ୍ଥା କରିପାରିବେ । କେବଳ ସେତିକି ନୁହେଁ, ସଞ୍ଚିତ ଅର୍ଥରେ ଜଣେ ଭଲ ଶିକ୍ଷା ପ୍ରାପ୍ତ କରିପାରିବେ । ଜଣେ ବ୍ୟକ୍ତି ରୋଗଗ୍ରସ୍ତ ହେଲେ ଚିକିତ୍ସା ପାଇଁ ମଧ୍ୟ ଟଙ୍କାର ଆବଶ୍ୟକତା ପଡ଼ିଥାଏ । ତେଣୁ ସୁସ୍ଥ ଜୀବନ ଜିଇଁବା ପାଇଁ ଓ ଦେଶର ଅର୍ଥ ବ୍ୟବସ୍ଥାକୁ ସୁରକ୍ଷିତ କରିବା ପାଇଁ ଟଙ୍କା ସଞ୍ଚୟର ଆବଶ୍ୟକତା ରହିଛି । ଏକଥାକୁ ହୃଦୟଙ୍ଗମ କରି ୧୯୨୪ ଅକ୍ଟୋବର ୩୦ରେ ଇଟାଲୀର ମିଲାନରେ ପ୍ରଥମ ଥର ପାଇଁ ଆୟୋଜିତ 'ଇଣ୍ଟରନ୍ୟାସନାଲ ଥ୍ରିଫ୍ଟ କଂଗ୍ରେସ'ରେ ୩୧ ଅକ୍ଟୋବରକୁ ବିଶ୍ୱ ମିତବ୍ୟୟତା ଦିବସ ଭାବେ ପାଳନ କରିବା ପାଇଁ ନିଷ୍ପତ୍ତି ନିଆଯାଇଥିଲା । ଏକ ସୁରକ୍ଷିତ ଭବିଷ୍ୟତ ପାଇଁ ସଞ୍ଚୟ କରିବା ନିହାତି ଜରୁରି । ସାରା ବିଶ୍ୱରେ ସଞ୍ଚୟକୁ ପ୍ରୋତ୍ସାହିତ କରିବା ପାଇଁ ଏହି ଦିବସ ପାଳନ କରାଯାଉଛି । ଏହି ଦିନ ବ୍ୟାଙ୍କ ଓ ବିଭିନ୍ନ ଏନ୍‌ଜିଓଗୁଡ଼ିକ ତରଫରୁ ସଞ୍ଚୟ କରିବା ନିମନ୍ତେ ଲୋକଙ୍କୁ ପୋତ୍ସାହିତ କରାଯାଏ ।

## ଆଜିର ଇତିହାସ

- ୧୮୮୩- ସ୍ୱାମୀ ଦୟାନନ୍ଦ ସରସ୍ୱତୀଙ୍କ ଦେହାନ୍ତ ।
- ୧୯୨୫- ପ୍ରଥମ ଥର ପାଇଁ ଲଣ୍ଡନରେ ଟେଲିଭିଜନ୍ ପ୍ରସାରଣ ସେବା ଆରମ୍ଭ ହେଲା ।
- ୧୯୫୬-ଦିଲ୍ଲୀରେ ଦେଶର ପ୍ରଥମ ପଞ୍ଚତାରକା ହୋଟେଲ 'ଅଶୋକ' ଖୋଲିଲା ।
- ୧୯୬୦- ବ୍ରିଟେନରେ ପ୍ରଥମ ଥର ସଫଳତା ପୂର୍ବକ ବୃକକ୍ ପ୍ରତ୍ୟାରୋପଣ କରାଗଲା ।
- ୨୦୦୩- ବ୍ରିଟେନର ଯୁବରାଜ ପ୍ରିନ୍ସ ଚାର୍ଲସ୍ ଭାରତ ଯାତ୍ରାରେ ଆସିଲେ ।
- ୨୦୧୩- ତେଲଙ୍ଗାନାର ମେହେବୁବ ନଗରରେ ବସ୍‌ରେ ନିଆଁ ଲାଗିବାରୁ ପାଖାପାଖି ୪୪ ଜଣଙ୍କ ମୃତ୍ୟୁ ।



# ଖାଦ୍ୟକୁ ୩୦-୪୦ ଥର ଚୋବାଇ ଖାଇବା ଭଲ

ଖାଦ୍ୟକୁ ଭଲଭାବେ ଚୋବାଇ ଖାଇବାକୁ ପରାମର୍ଶ ଦିଆଯାଏ । ତେବେ ଖାଦ୍ୟକୁ ଠିକ୍ ଭାବେ ଚୋବାଇ ଖାଇବା ଦ୍ୱାରା ଭଲ ଭାବେ ହଜମ ହୋଇଥାଏ । କେବଳ ସେତିକି ନୁହେଁ, ଏହି ଛୋଟିଆ ଅଭ୍ୟାସ ଓଜନ ହ୍ରାସ କରିବାକୁ ଚାହୁଁଥିବା ଲୋକଙ୍କ ପାଇଁ ଉପଯୋଗୀ । ସେହିପରି ଖାଦ୍ୟକୁ କେତେ ସମୟ ଚୋବାଇ ଖାଇବା ଦରକାର, ତାହା ହୁଏତ ଅନେକେ ଜାଣି ନ ଥିବେ । ପ୍ରତ୍ୟେକ ଖାଦ୍ୟକୁ ୩୦-୪୦ ଥର ଚୋବାଇବା ଉଚିତ । ଏହାଦ୍ୱାରା ଖାଦ୍ୟ ଛୋଟ ଛୋଟ ଖଣ୍ଡରେ ପରିଣତ ହୁଏ । ଫଳରେ ଖାଦ୍ୟ ସହଜରେ ହଜମ ହୋଇଯାଏ । ଏହାସହ ଶରୀରର ପୋଷକ ତତ୍ତ୍ୱକୁ ଭଲ ଭାବେ ଅବଶୋଷିତ କରିବାରେ ସାହାଯ୍ୟ କରେ । ବେଳେବେଳେ ମଣିଷ ଆବଶ୍ୟକତାଠୁ ଅଧିକ ଖାଇ ଦିଏ । ଏହା ଯୋଗୁଁ ଓଜନ ବୃଦ୍ଧି ପାଏ । 'ଦ ଆମେରିକାନ ଜର୍ଣ୍ଣାଲ ଅଫ୍ କ୍ଲିନିକାଲ ନ୍ୟୁଟ୍ରିସନ୍'ରେ ପ୍ରକାଶିତ ଏକ ଗବେଷଣାରୁ ଜଣାପଡ଼ିଥିଲା ଯେ, ଯେଉଁମାନେ ପ୍ରତ୍ୟେକ ଖାଦ୍ୟକୁ ୪୦ ଥର ଚୋବାଇ ଖାଆନ୍ତି, ସେମାନେ ୧୫ ଥର ଖାଦ୍ୟ ଚୋବାଇ ଖାଉଥିବା ଲୋକଙ୍କ ତୁଳନାରେ ପ୍ରାୟ ୧୨ ପ୍ରତିଶତ କମ୍ ଖାଆନ୍ତି । ଖାଦ୍ୟକୁ ଧୀରେ ଧୀରେ ଏବଂ ଭଲ ଭାବରେ ଚୋବାଇ ଖାଇବା ଦ୍ୱାରା ଅଧିକ ଖାଇବାର ଆଶଙ୍କା ହ୍ରାସ ପାଏ ଏବଂ ଓଜନ ନିୟନ୍ତ୍ରଣରେ ରୁହେ । ଅପରପକ୍ଷରେ ଖାଦ୍ୟକୁ ଭଲଭାବେ ଚୋବାଇ ଖାଇବା ଦ୍ୱାରା ସ୍ୱାଦକୁ ଭଲଭାବେ ଜାଣି ହୋଇଥାଏ । ଖାଦ୍ୟକୁ ଅଧିକ ଚୋବାଇ ଖାଇବା ଦ୍ୱାରା ଶରୀରର ଭୋକ ଏବଂ ପେଟ ଭରିବାର ପ୍ରକ୍ରିୟାକୁ ମଧ୍ୟ ଭଲ ଭାବରେ ବୁଝି ହୁଏ । ଫଳରେ ସୁସ୍ଥ ଖାଦ୍ୟାଭ୍ୟାସର ଧାରା ବିକଶିତ ହୁଏ । ଚୋବାଇ ଖାଇବା ଦ୍ୱାରା ଏହାର ପ୍ରଭାବ କେବଳ ପାଚନ ଉପରେ ପଡ଼ି ନ ଥାଏ, ବରଂ ମେଟାବଲିଜିମ୍ ଉପରେ ବି ଭଲ ପ୍ରଭାବ ପଡ଼େ । ଖାଦ୍ୟକୁ ଭଲ ଭାବରେ ଚୋବାଇ ଖାଇବା ହେଉଛି ହଜମ ପ୍ରକ୍ରିୟାର ପ୍ରଥମ ସୋପାନ । ତା'ସହ ଭଲ ଭାବେ ଖାଦ୍ୟ ଚୋବାଇ ଖାଇଲେ, ଖାଇବା ପରେ ସନ୍ତୋଷ ପ୍ରାପ୍ତ ହୁଏ । ଏହାଦ୍ୱାରା ଖାଦ୍ୟର ମାତ୍ରାକୁ ନିୟନ୍ତ୍ରିତ କରିବା ଏବଂ କ୍ୟାଲୋରି କମ୍ କରିବାରେ ସାହାଯ୍ୟ ମିଳେ । ଖାଦ୍ୟ ଢୋକିବା ବା ଗିଳିବା ପୂର୍ବରୁ ଯେଉଁମାନେ ଏହାକୁ ଚୋବାଇ ବାରମ୍ବାର ଖାଆନ୍ତି, ସେମାନେ କମ୍ ଚୋବାଇ ଖାଉଥିବା ଲୋକଙ୍କ ତୁଳନାରେ କମ୍ କ୍ୟାଲୋରି ଗ୍ରହଣ କରନ୍ତି । ମାଂସ ଓ ପନିପରିବାକୁ ଭଲ ଭାବେ ଚୋବାଇ ଖାଇବା ଦରକାର । ଏପରିକି ୪୦-୪୫ ଥର ଚୋବାଇ ଖାଇଲେ ଭଲ । ଢୋକିବା ପୂର୍ବରୁ ଏହାକୁ ସେପର୍ଯ୍ୟନ୍ତ ଚୋବାଇବା ଦରକାର, ଯେଉଁକି ଏହା ପାଟିରେ ନ ମିଶି ଯାଇଛି ।

# ଦୀପାବଳିର ମାସେ ପରେ 'ବୁଢ଼ି ଦୀପାବଳି'

ହିନ୍ଦୁ ଧର୍ମରେ ଦୀପାବଳି ପର୍ବର ବିଶେଷ ମହତ୍ତ୍ୱ ରହିଛି । ଆଲୋକର ପର୍ବ ଦୀପାବଳିକୁ ସମସ୍ତେ ବେଶ୍ ଉତ୍ସାହର ସହ ପାଳନ କରନ୍ତି । ଦୀପ ଆଲୋକରେ ନିଜ ଘରଦ୍ୱାର ସଜାନ୍ତି । ହେଲେ ଆମ ଦେଶରେ ଏମିତି ଏକ ସ୍ଥାନ ଅଛି, ଯେଉଁଠି ଦୀପାବଳି ପାଳନର ମାସକ ପରେ ପୁଣି ଥରେ ଦୀପାବଳି ପାଳନ କରାଯାଏ । ଏହାକୁ 'ବୁଢ଼ି ଦୀପାବଳି' କୁହାଯାଏ । ହିମାଚଳ ପ୍ରଦେଶର ସିରମୌର, କୁଲ୍ଲୁ, ସିମଲା ଏବଂ ଲାହୌଲ-ସ୍ପିତି ଆଦି ଜିଲ୍ଲାରେ ଏହି ସ୍ୱତନ୍ତ୍ର ଦୀପାବଳି ପାଳନ କରାଯାଏ । ଧାର୍ମିକ ମାନ୍ୟତା ଅନୁସାରେ, ପ୍ରଭୁ ରାମଚନ୍ଦ୍ର ଅଯୋଧ୍ୟା ଫେରିବା ପରେ ଦୀପାବଳି ପାଳନ କରାଯିବାର ଖବର ମାସକ ପରେ ହିମାଳୟର ଉଚ୍ଚ ପାହାଡଗୁଡ଼ିକରେ ପହଞ୍ଚିଥିଲା । ଲୋକମାନେ ବିଳମ୍ବରେ ଖବର ପାଇ ବି ହାତରେ ମଶାଲ ଧରି ନାଚ ଗୀତ କରି ଖୁସିରେ ମିଠା ବାଣ୍ଟିଥିଲେ । ସେବେଠୁ ଏଠାକାର ଲୋକେ 'ବୁଢ଼ି ଦୀପାବଳି' ପାଳନ କରି ଆସୁଛନ୍ତି । ତେବେ ଏହା ମାର୍ଗଶୀର ମାସର ଅମାବାସ୍ୟା ଦିନ ପାଳନ କରାଯାଏ । ଏହାକୁ ଦୀପାବଳିର ବିଳମ୍ବିତ ଆନନ୍ଦର ପ୍ରତୀକ ଭାବେ ବିବେଚନା କରାଯାଏ । ଏହି ଦୀପାବଳିର ପ୍ରମୁଖ ପରମ୍ପରା ହେଉଛି ମଶାଲ ଯାତ୍ରା । ଏହି ଦିନ ଲୋକେ ହାତରେ ମଶାଲ ଜଳାଇ ଗାଁ' ଗାଁ ବୁଲନ୍ତି । ଯଦ୍ୱାରା ପୂରା ଘାଟି ଆଲୋକରେ ଝଲସିଉଠେ । ଏହି ସମୟରେ ଲୋକେ ଲୋକଗୀତ, ନାଟକ, ନୃତ୍ୟ ଆଦି ପ୍ରସ୍ତୁତ କରିଥାନ୍ତି । ଏଠାକାର ଲୋକେ ପରସ୍ପରକୁ ମୁଢ଼ି, ଚୁଡ଼ା, ପାମ୍ପଡ଼, ଅଖରୋଟ ଆଦି ପାରମ୍ପରିକ ଖାଦ୍ୟ ଜିନିଷ ବାଣ୍ଟି ଶୁଭେଚ୍ଛା ଜଣାନ୍ତି । ଏହି ପର୍ବ ପାଖାପାଖି ୪ଦିନ ଧରି ଚାଲେ । ବୁଢ଼ି ଦୀପାବଳିରେ ବାଣ ଫୁଟାଇବା ବଦଳରେ ପୂଜା, ଭକ୍ତି ଏବଂ ସାମୁହିକ ଉତ୍ସବକୁ ଗୁରୁତ୍ୱ ଦିଆଯାଏ ।



# ଦାଢ଼ି ବଢ଼ାଇ ବିଶ୍ୱ ରେକର୍ଡ

ଆମେରିକାର ଆଲବାମାରେ ରହୁଥିବା ରୁଡୋଲଫ୍ ମାର୍ଟିନୋ ଲମ୍ବା ଦାଢ଼ି ରଖି ଗିନିଜ୍ ବିଶ୍ୱ ରେକର୍ଡରେ ସାମିଲ ହୋଇଛନ୍ତି । ଗିନିଜ୍ ରେକର୍ଡ ମୁତାବିକ, ତାଙ୍କ ଦାଢ଼ିର ଲମ୍ବ ୩ ଫୁଟ ୬ ଇଞ୍ଚ । ମାର୍ଟିନୋ କାର୍ଲିଫର୍ଣ୍ଣିଆର ବାସିନ୍ଦା । ୨୦୧୫ ମସିହାରେ ସେ ବର୍ମିଙ୍ଘମ ଚାଲି ଆସିଥିଲେ । ତେବେ ସେ ଦୀର୍ଘ ୧୦ ବର୍ଷ ହେଲାଣି ତାଙ୍କ ଦାଢ଼ି ବଢ଼ାଇ ଚାଲିଛନ୍ତି । ଏନେଇ ମାର୍ଟିନୋ କୁହନ୍ତି, ଏହା ଏକ ଆଧ୍ୟାତ୍ମିକ ଯାତ୍ରା । ଯେମିତି ଫୁଲ, ଫଳ, ପତ୍ର ଗୋଟିଏ ଗଛର ଶକ୍ତି , ଦାଢ଼ି ତାଙ୍କୁ ସେହିପରି ଅନୁଭବ ଦେଇଥାଏ ବୋଲି ମାର୍ଟିନୋ କହିଛନ୍ତି । ଭାରତର ସାଧୁସନ୍ଥଙ୍କଠାରୁ ପ୍ରେରିତ ହୋଇ ସେ ଏଭଳି ଦାଢ଼ି ରଖିଥିବା ମାର୍ଟିନୋ କହିଛନ୍ତି । ଗିନିଜ ବିଶ୍ୱ ରେକର୍ଡରେ ସ୍ଥାନ ପାଇବା ପରେ ସେ ତାଙ୍କ ହେୟାର ଷ୍ଟାଇଲିଷ୍ଟ ସହ ଏହି ଖୁସିକୁ ପାଳନ କରିଥିଲେ । ଅନ୍ୟପଟେ ଏହି ରେକର୍ଡ ବନାଇବା ଆଦୌ ସହଜ ନ ଥିଲା ବୋଲି ମାର୍ଟିନୋ କୁହନ୍ତି । ପ୍ରତି ସପ୍ତାହରେ ତାଙ୍କୁ ଦାଢ଼ି ଧୋଇବାକୁ ପାଖାପାଖି ୩୦ ମିନିଟ୍ ସମୟ ଲାଗିଥାଏ । ସେହିଭଳି ଦାଢ଼ି ଶୁଖିବାକୁ ତାଙ୍କୁ ଦୁଇରୁ ତିନି ଦିନ ସମୟ ଲାଗିଯାଏ । ସେ ପ୍ରତିଦିନ ଦାଢ଼ିରେ ମଏଶ୍ଚରାଇଜର ଲଗାନ୍ତି । ସ୍ୱତନ୍ତ୍ର ପ୍ରକାର ସାମ୍ପୁ ଏବଂ କଣ୍ଡିସନର ଉପଯୋଗ କରନ୍ତି । ଅଧିକାଂଶ ସମୟରେ ସେ ଦାଢ଼ିକୁ ସାର୍ଟ ଭିତରେ ଲୁଚାଇ ଦିଅନ୍ତି । ଭବିଷ୍ୟତରେ ମଧ୍ୟ ସେ ନିଜର ଦାଢ଼ି କାଟିବେନି ବୋଲି କହିଛନ୍ତି ।





# ଜନ୍ମଦିନ ପାଇଁ ୨ ଦିନ ଛୁଟି

ସମସ୍ତେ ନିଜର ଜନ୍ମଦିନକୁ ବେଶ୍ ଧୂମ୍‌ଧାମ୍‌ରେ ପରିବାର ସଦସ୍ୟଙ୍କ ଗହଣରେ ପାଳିବାକୁ ଇଚ୍ଛା କରିଥାନ୍ତି । କର୍ପୋରେଟ୍‌ରେ କାମ କରୁଥିବା ଲୋକଙ୍କ ପାଇଁ ନିଜ ଜନ୍ମଦିନ ପାଳନ କରିବା ପାଇଁ ଛୁଟି ନେବା ସହଜ ହୋଇ ନ ଥାଏ । ତେବେ କର୍ମଚାରୀମାନଙ୍କର ଏଭଳି ଦୁଃଖକୁ ଦେଖି ଏକ କମ୍ପାନି ନିଆରା ପଦକ୍ଷେପ ଗ୍ରହଣ କରିଛି । କମ୍ପାନୀର ପ୍ରତିଷ୍ଠାତା ଅଭିଜିତ୍ ଚକ୍ରବର୍ତ୍ତୀ କମ୍ପାନିର ଏହି ନୀତି ବିଷୟରେ ସାମାଜିକ ଗଣମାଧ୍ୟମରେ ଲେଖିଛନ୍ତି । 'ବାର୍ଥଡେ ପ୍ଲସ୍ ୱାନ୍' ନାମକ କମ୍ପାନିର ଏହି ନିୟମ ଅନୁଯାୟୀ, କର୍ମଚାରୀଙ୍କୁ ପ୍ରତିବର୍ଷ ଅନ୍ୟ ଛୁଟି ସହିତ ଦୁଇଟି ଅତିରିକ୍ତ ଛୁଟି ପ୍ରଦାନ କରାଯାଏ । କର୍ମଚାରୀ ନିଜର ତଥା ନିଜର କୌଣସି ଆତ୍ମୀୟ ସ୍ୱଜନଙ୍କ ଜନ୍ମଦିନରେ ଛୁଟି ନେଇପାରିବେ । ଏନେଇ ଅଭିଜିତ୍ ଲିଙ୍କଡିନ୍‌ରେ ଲେଖିଛନ୍ତି, 'ଆମେ 'ବାର୍ଥଡେ ପ୍ଲସ୍ ୱାନ୍' ଅବକାଶ ନୀତିର ଶୁଭାରମ୍ଭ କରିଛୁ । ନିୟମ ଅନୁଯାୟୀ, କର୍ମଚାରୀଙ୍କୁ ବର୍ଷକୁ ଦୁଇଟି ଅତିରିକ୍ତ ଛୁଟି ମିଳିବ । ଏଥିରେ କର୍ମଚାରୀ ନିଜ ଜନ୍ମଦିନ ସହ ପ୍ରିୟଜନଙ୍କ ଜନ୍ମଦିନ ପାଇଁ ଛୁଟି ନେଇ ପାରିବେ । ତେବେ ଏହା କର୍ମଚାରୀଙ୍କ ଅନ୍ୟ ଛୁଟି ଉପରେ ପ୍ରଭାବ ପକାଇବ ନାହିଁ ।' ସେ ଏହା ମଧ୍ୟ କହିଛନ୍ତି ଯେ, 'କ୍ୟାରିୟର ଆରମ୍ଭରେ ଯେତେବେଳେ ତାଙ୍କ ବସ୍‌ଙ୍କୁ ଜନ୍ମଦିନରେ ଛୁଟି ନେବା ପାଇଁ କହୁଥିଲେ ସେ ତାଙ୍କୁ ଏକ ଅଲଗା ଅନ୍ଦାଜରେ ଦେଖୁଥିଲେ । ଯାହାକି ତାଙ୍କୁ ଆଦୌ ଭଲ ଲାଗୁ ନ ଥିଲା । ସେଥିପାଇଁ 'ବାର୍ଥଡେ ପ୍ଲସ୍ ୱାନ୍' ଛୁଟିର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି । ଏହାଦ୍ୱାରା ଜଣେ ନିଜ ପ୍ରିୟଜନଙ୍କ ଜନ୍ମଦିନ ପାଇଁ ପୂର୍ବରୁ କିଛି ଯୋଜନା କରିପାରିବେ । ଆଗାମୀ ଦିନରେ 'ବାର୍ଥଡେ ପ୍ଲସ୍ ଟୁ ' ଯୋଜନା କରିବାକୁ କମ୍ପାନି ଲକ୍ଷ୍ୟ ରଖିଛି ।' ଅଭିଜିତ୍ ସାମାଜିକ ଗଣମାଧ୍ୟମରେ ଏହି ଛୁଟି ବିଷୟରେ ଜଣାଇବା ପରେ ତାଙ୍କର ଏଭଳି ପଦକ୍ଷେପକୁ ଲୋକେ ପ୍ରଶଂସା କରିଛନ୍ତି । ନିଜର ତଥା ନିଜ ପ୍ରିୟଜନଙ୍କ ପାଇଁ ଛୁଟି ନେବା କିଛି ଭୁଲ୍ କଥା ନୁହେଁ ବୋଲି ଅନେକ ଲେଖିଛନ୍ତି । ଆଉ କେତେଜଣ ନିଜ ସହିତ ପ୍ରିୟଜନଙ୍କ ଜନ୍ମଦିନରେ ଛୁଟି ମିଳିବା ସ୍ୱାଗତଯୋଗ୍ୟ ପଦକ୍ଷେପ ବୋଲି କହିଥିଲେ । ସେହିପରି ଆଗାମୀ ଦିନରେ ଅଧିକାଂଶ କମ୍ପାନି ଏଭଳି ଛୁଟି ରଖିବେ ବୋଲି ଅନେକ ପ୍ରତିକ୍ରିୟା ଦେଇଛନ୍ତି ।



## ଆଜିର ରାଶିଫଳ

**ମେଷ:** ଦିନଟି ଚିନ୍ତାଜନକ ରହିବ । ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ । ଅଫିସ୍ କାର୍ଯ୍ୟ ପ୍ରଭାବିତ ହେଲେ ବି ନୂତନ ଦାୟିତ୍ୱ ମିଳିବ । ଦାମ୍ପତ୍ୟ ଜୀବନ ସୁଖମୟ ହେବ । ନିବେଶ ଲାଗି ଅନୁକୂଳ ସମୟ ।

**ବୃଷ:** ଦିନଟି ଶୁଭଫଳ ପ୍ରଦାନ କରିବ । ଧାର୍ମିକ ସ୍ଥାନକୁ ଯାତ୍ରା ଯୋଗ ଅଛି । ପରିବାର ଓ ସାଙ୍ଗସାଥୀଙ୍କ ସହଯୋଗ ମିଳିବ । ଭାବିଚିନ୍ତି କାମ କରିବେ ।

**ମିଥୁନ:** ଦୂର ସ୍ଥାନକୁ ଯାତ୍ରା କରିବେ । ବ୍ୟବସାୟରେ ନୂଆ ନିବେଶ କରିବେ । ଜମିବାଡ଼ି କାର୍ଯ୍ୟରେ ସମସ୍ୟା ଆସିବ । ପ୍ରେମ ଜୀବନରେ ବାଧା ଆସିପାରେ ।

**କର୍କଟ:** ଘରେ ମାଙ୍ଗଳିକ କାର୍ଯ୍ୟ କରିବେ । ନୂତନ ଚାକିରି ଯୋଗ ଅଛି । ଦାମ୍ପତ୍ୟ ଜୀବନ ସୁଖମୟ ହେବ । ବିଦ୍ୟାର୍ଥୀ ପରୀକ୍ଷାରେ କୃତକାର୍ଯ୍ୟ ହେବେ । ପରିବାର ସହିତ ସମୟ ଅତିବାହିତ କରିବେ ।

**ସିଂହ:** ଦିନଟି ମିଶ୍ରଫଳ ପ୍ରଦାନ କରିବେ । ଅଟକି ରହିଥିବା କାର୍ଯ୍ୟ ପୂରା ହେବ । ବିଦେଶ ଭ୍ରମଣର ସୁଯୋଗ ମିଳିବ । ବନ୍ଧୁଙ୍କ ସହ ସମ୍ପର୍କ ଘନିଷ୍ଠ ହେବ । ଆଇଟି କ୍ଷେତ୍ରରେ ନୂଆ ସୁଯୋଗ ମିଳିବ ।

**କନ୍ୟା:** ଆୟର ନୂଆ ମାର୍ଗ ଉନ୍ମୁକ୍ତ ହେବ । ପାରିବାରିକ ସମସ୍ୟା ଦୂର ହେବ । ଦୀର୍ଘ ଦିନରୁ ଲାଗି ରହିଥିବା ବିବାଦ ଦୂର ହେବ । ଅଫିସ୍‌ରେ ପଦୋନ୍ନତି ମିଳିବ ।

**ତୁଳା:** ପୈତୃକ ସମ୍ପତ୍ତିରେ ବିବାଦ ତୁଟିବ । ପ୍ରେମ ଜୀବନରେ ତିକ୍ତତା ଆସିବ । ବ୍ୟବସାୟ ଲାଗି ନୂଆ ଯୋଜନା କରିବେ । ବନ୍ଧୁଙ୍କ ସାହାଯ୍ୟ ମିଳିବ ।

**ବିଛା:** କୌଣସି ଖୁସି ଖବର ମିଳିବ । ପରିବାର ସହ ସମୟ ଅତିବାହିତ କରିବେ । ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ । ଭାବିଚିନ୍ତି ନିବେଶ କରିବେ ।

**ଧନୁ:** ଘରେ ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ । କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ । କୌଣସି ନୂଆ ବ୍ୟବସାୟ ଆରମ୍ଭ କରିବେ ।

**ମକର:** ଜମି କିଣାବିକାକୁ ନେଇ ସମସ୍ୟା ଦେଖା ଦେବ । ବନ୍ଧୁ ସମସ୍ୟାରେ ପକାଇ ପାରନ୍ତି । ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ମିଳିବ । ଛାତ୍ରଛାତ୍ରୀ ମନୋରଞ୍ଜନରେ ସମୟ ଅତିବାହିତ କରିବେ ।

**କୁମ୍ଭ:** ଦିନଟି ଶୁଭଫଳ ପ୍ରଦାନ କରିବ । ପାରିବାରିକ ଜୀବନ ସୁଖମୟ ହେବ । ଆୟର ନୂତନ ମାର୍ଗ ଉନ୍ମୁକ୍ତ ହେବ । ଚାକିରି ପାଇଁ ଦୂର ସ୍ଥାନକୁ ଯାତ୍ରା କରିବେ ।

**ମୀନ:** ଦାମ୍ପତ୍ୟ ଜୀବନ ସୁଖମୟ ହେବ । ଚାକିରିରୁ ନେଇ ଚିନ୍ତାରେ ରହିବେ । ନୂଆ କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ । ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତ ହେବ ।

**ମହିଳା ବିଶ୍ୱକପ୍ | ଲୌରା ୱଲ୍‌ଭାର୍ଟଙ୍କ ବିରାଟ ଶତକ**

# ଦକ୍ଷିଣ ଆଫ୍ରିକାର ବିଶାଳ ସ୍କୋର

ଗୌହାଟୀ, ୨୯।୧୦(ସମିସ):

ଲୌରା ୱଲଭାର୍ଟଙ୍କ ଅଧିନାୟକୀୟ ଶତକ ବଳରେ ଏଠାରେ ଇଂଲଣ୍ଡ ସହ ଅନୁଷ୍ଠିତ ମହିଳା ବିଶ୍ୱକପ କ୍ରିକେଟ ପ୍ରତିଯୋଗିତାର ପ୍ରଥମ ସେମିଫାଇନାଲରେ ଦକ୍ଷିଣ ଆଫ୍ରିକା ୭ ୱିକେଟରେ ୩୧୯ ରନ୍‌ର ବିଶାଳ ସ୍କୋର ସଂଗ୍ରହ କରିଛି। ଇନିଂସ ଓପନ କରିଥିବା ୱଲଭାର୍ଟ ସର୍ବାଧିକ ୧୬୯ ରନ୍ କରିଥିଲାବେଳେ ତାଜମିନ୍ ବ୍ରିଟସ ୪୫, ମାରିଜାନ କାପ୍ ୪୨ ଓ ଚୋଲେ ଟ୍ରାୟନ ଅପରାଜିତ ୩୩ ରନ କରି ଉପଯୋଗୀ ସହାୟତା ଯୋଗାଇଦେଇଛନ୍ତି। ଇଂଲଣ୍ଡ ପକ୍ଷରୁ ବାମହାତୀ ସ୍ପିନର ସୋଫି ଇକ୍ଲେଷ୍ଟନ ସର୍ବାଧିକ ୪ଟି ଓ ଫାଷ୍ଟ ବୋଲର ଲୌରେନ ବେଲ ୨ଟି ୱିକେଟ ନେଇଛନ୍ତି। ଜବାବରେ ୩୨୦ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ୧ ରନ୍‌ରେ ୩ ୱିକେଟ ହରାଇଥିବା ଇଂଲଣ୍ଡ ୨୪ ଓଭର ସୁଦ୍ଧା ୪ ୱିକେଟ ବିନିମୟରେ ୧୧୫ ରନ୍ ସଂଗ୍ରହ କରିନେଇଛି। ଏହି ସମୟରେ ଅଧିନାୟିକା ନାତାଲି ସିଭର-ବ୍ରଣ୍ଟ ୫୬ ଓ ୱାଏଟ୍-ହଜ୍ ୪ ରନ୍ କରି ଇଂଲଣ୍ଡର ସାହାରା ବନିଛନ୍ତି। ଦକ୍ଷିଣ ଆଫ୍ରିକା ଏହି ମ୍ୟାଚ୍‌ରେ ବିଜୟୀ ହେଲେ ପ୍ରଥମଥର ମହିଳା ବିଶ୍ୱକପ୍ କ୍ରିକେଟ ଫାଇନାଲରେ ପ୍ରବେଶ କରିବ। ଆସନ୍ତାକାଲି ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ଖେଳାଯିବ। ଉଭୟ ମ୍ୟାଚ୍‌ର ବିଜେତା ଦଳ ମଧ୍ୟରେ ଫାଇନାଲ ମୁକାବିଲା ନଭେମ୍ବର ୨ରେ ଖେଳାଯିବ।



ଲୌରା ୱଲଭାର୍ଟ
ରନ୍- ୧୬୯
ବଲ୍-୧୪୩
ଚୌକା- ୨୦
ଛକା- ୪

ଏଠାରେ ଦକ୍ଷିଣ ଆଫ୍ରିକା ଦଳ ପ୍ରଥମେ ବ୍ୟାଟିଂ କରି ପ୍ରଥମ ୱିକେଟରୁ ୧୩୪ ବଲ୍‌ରେ ୧୧୬ ରନ୍ ଉଠାଇଥିଲା। ଓପନର ତାଜମିନ୍ ବ୍ରିଟ୍‌ସଙ୍କୁ ବୋଲ୍ଡ ଆଉଟ କରି ସୋଫି ଇକ୍ଲେଷ୍ଟନ ଏହି ପାର୍ଟନରସିପ୍ ଭାଙ୍ଗିଦେଇଥିଲେ। ବ୍ରିଟସ ୬୫ ବଲ ଖେଳି ୪୫ ରନ୍ କରିଥିଲେ। ସମାନ ସ୍କୋରରେ ଆନେକ୍ ବୋଷ୍ଟରେ ମଧ୍ୟ ଖାତା ଖୋଲିବା ପୂର୍ବରୁ ଆଉଟ ହୋଇଥିଲେ। ଏହି ସମୟରେ ଦଳ ୩ ରନ୍‌ରେ ୩ ୱିକେଟ ହରାଇଥିଲା। ଗୋଟିଏ ପଟେ ୱଲଭାର୍ଟ ଦୃଢ଼ତାର ସହ ବ୍ୟାଟିଂ କରି ପ୍ରଥମ ୱିକେଟରୁ ୧୧୬, ଚତୁର୍ଥ ୱିକେଟରେ ମାରିଜାନ କାପଙ୍କ ସହ ୬୬ ବଲରୁ ୭୨ ଏବଂ ୭ମ ୱିକେଟରୁ ୪୭ ବଲ୍‌ରେ ୮୯ ରନ୍ ଉଠାଇଥିଲେ। ତାଙ୍କର ଦମ୍‌ଦାର ବ୍ୟାଟିଂ ଯୋଗୁଁ ଦକ୍ଷିଣ ଆଫ୍ରିକା ୭ ୱିକେଟରେ ୩୧୯ ରନ୍ କରି ବିଶ୍ୱକପ୍ ନକ୍‌ଆଉଟରେ ଦ୍ୱିତୀୟ ସର୍ବାଧିକ ସ୍କୋର କରିଥିଲେ। ୱଲଭାର୍ଟ ୧୪୩ ବଲ୍‌ରୁ ୨୦ ଚୌକା ଓ ୪ ଛକା ସହ ୧୬୯ ରନ୍ କରି ୭ମ ଖେଳାଳି ଭାବେ ଆଉଟ ହୋଇଥିଲେ।

# ଭାରତ-ଅଷ୍ଟ୍ରେଲିଆ ଦ୍ୱିତୀୟ ସେମିଫାଇନାଲ୍ ଲଢ଼େଇ ଆଜି

ନଭି ମୁମ୍ବାଇ,୨୯।୧୦(ଏଜେନ୍ସି): ଭାରତରେ ଚାଲିଥିବା ମହିଳା ବିଶ୍ୱକପ୍ କ୍ରିକେଟ ପ୍ରତିଯୋଗିତାର ଦ୍ୱିତୀୟ ସେମିଫାଇନାଲ ଆୟୋଜକ ଭାରତ ଓ ୭ଥରର ଚାମ୍ପିଅନ ଅଷ୍ଟ୍ରେଲିଆ ସହ ଏଠାରେ ଗୁରୁବାର ଖେଳାଯିବ। ଘରୋଇ ମାଟିରେ ଖେଳୁଥିବା ଭାରତ ଏହି ଟୁର୍ଣ୍ଣାମେଣ୍ଟରେ ବିଶ୍ୱସନୀୟ ଖେଳ ପ୍ରଦର୍ଶନ କରିନାହିଁ। ଭଲ ଆରମ୍ଭ କରିବା ପରେ ଆୟୋଜକ ଭାରତ ହ୍ୟାଟ୍ରିକ୍ ପରାଜୟବରଣ କରି ପ୍ରତିଯୋଗିତାରେ ନିଜର ଦୁର୍ବଳତା ପ୍ରକାଶ କରିଥିଲା। କେବଳ ନ୍ୟୁଜିଲାଣ୍ଡ ବିପକ୍ଷ ମ୍ୟାଚ୍‌ରେ ବିଜୟୀ ହେବା ଓ ବର୍ଷା ସାହାଯ୍ୟରେ ଭାରତ ସେମିଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଛି। ଏହି ଦଳର ମୁକାବିଲା ହେଉଛି ଅପରାଜେୟ ଅଷ୍ଟ୍ରେଲିଆ ସହ। ଡିଫେଣ୍ଡିଂ ଚାମ୍ପିଅନ ଅଷ୍ଟ୍ରେଲିଆ ଆଉ ଏକ ଟାଇଟଲ ଜିତିବା ଭଳି ଖେଳୁଛି। ବର୍ଷା ଯୋଗୁଁ ଗୋଟିଏ ବାତିଲ ମ୍ୟାଚ୍‌କୁ ବାଦ୍ ଦେଲେ ଅନ୍ୟ ସବୁଥିରେ ବିଜୟ ହାସଲ କରିଛି ଅଷ୍ଟ୍ରେଲିଆ। ରନ୍ ଚେଜ୍ ହେଉ କିମ୍ବା ଡିଫେଣ୍ଡ ସବୁଥିରେ ଅଷ୍ଟ୍ରେଲୀୟମାନେ କଳା କୌଶଳ ଦେଖାଇ ବିଜୟକୁ ଏକ ଧାରାରେ ପକାଇଦେଇଛନ୍ତି। ଆସନ୍ତାକାଲି ମ୍ୟାଚ୍‌ରେ ଅଷ୍ଟ୍ରେଲିଆ ବିଜୟୀ ହେଲେ କେହି ଆଶ୍ଚର୍ଯ୍ୟ ହେବେ ନାହିଁ, ବରଂ ଭାରତ ବିଜୟୀ ହେଲେ ଏହାକୁ ନେଇ ଢ଼େର ଚର୍ଚ୍ଚା ହେବ।

ଆଜିର ମ୍ୟାଚ୍
ଭାରତ - ଅଷ୍ଟ୍ରେଲିଆ
ଆରମ୍ଭ : ଅପରାହ୍ଣ ୩ଟା
ପ୍ରସାରଣ: ଷ୍ଟାର୍ ସ୍ପୋର୍ଟ୍ସ ନେଟ୍‌ୱର୍କ

ଏହି ଚର୍ଚ୍ଚା କରିବାକୁ ହେଲେ ଶେଷ ବିଶ୍ୱକପ୍ ଖେଳୁଥିବା ହରମନପ୍ରୀତ୍ କୌରଙ୍କୁ ତାଙ୍କ ଖେଳରେ ଉନ୍ନତି ଆଣିବାକୁ ହେବ। ୨୦୧୭ ସେମିଫାଇନାଲରେ ହରମନପ୍ରୀତ୍‌ଙ୍କ ୧୭୧ ରନ୍ ଭାରତରେ ମହିଳା କ୍ରିକେଟର ଭାଗ୍ୟ ଖୋଲିଦେଇଥିଲା। ଏହି ଇନିଂସ ହିଁ ହରମନପ୍ରୀତ୍‌ଙ୍କୁ ଜଣେ ସାଧାରଣ ଖେଳାଳିରୁ ସୁପରଷ୍ଟାର ବନାଇଦେଇଥିଲା। ଏହା ପରେ ବିଶ୍ୱକପ୍‌ରେ ଅଷ୍ଟ୍ରେଲିଆ ଖେଳାଯାଇଥିବା ମ୍ୟାଚ୍‌ରେ ହରମନପ୍ରୀତ୍‌ଙ୍କ ୱିକେଟ ହିଁ ଫଳାଫଳ ନିର୍ଣ୍ଣୟ କରିବାରେ ମୁଖ୍ୟ ଭୂମିକା ନେଇଆସିଛି। ଏହି ବିଶ୍ୱକପ୍‌ରେ ମଧ୍ୟ ହରମନପ୍ରୀତ୍‌ଙ୍କ ଇନିଂସ ଇଂଲଣ୍ଡ ବିପକ୍ଷରେ ମ୍ୟାଚ୍‌ର ଫଳାଫଳ ନିର୍ଣ୍ଣୟ କରିଥିଲେ। ଏବେ ସେ ଫର୍ମରେ ନାହାନ୍ତି। କିନ୍ତୁ ତାଙ୍କ ଉପରେ ହିଁ ଭାରତର ଅଷ୍ଟ୍ରେଲିଆ ବିଜୟ ନିର୍ଭର କରୁଛି।




■ ୧୯ ବର୍ଷରୁ କମ୍ ମହିଳା ଟି-୨୦

# ତୃତୀୟ ମୁକାବିଲାରେ ଓଡ଼ିଶାର ପ୍ରଥମ ବିଜୟ

ଭୁବନେଶ୍ୱର,୨୯।୧୦(ସମିସ): ୧୯ ବର୍ଷରୁ କମ୍ ମହିଳା ଟି-୨୦ କ୍ରିକେଟରେ ଓଡ଼ିଶା ପ୍ରଥମ ବିଜୟ ହାସଲ କରିଛି। ବୁଧବାର ଖେଳାଯାଇଥିବା ତୃତୀୟ ଲିଗ୍ ମ୍ୟାଚ୍‌ରେ ଓଡ଼ିଶା ପଡୋଶୀ ଝାଡଖଣ୍ଡକୁ ୧୮ ରନ୍‌ରେ ପରାସ୍ତ କରି କ୍ରମାଗତ ପରାଜୟ ଧାରାକୁ ଭାଙ୍ଗିବାରେ ସମର୍ଥ ହୋଇଛି। ପୂର୍ବରୁ ଖେଳାଯାଇଥିବା ଦୁଇଟି ଲିଗ୍ ମ୍ୟାଚ୍ ମଧ୍ୟରୁ ଓଡ଼ିଶା ପ୍ରଥମେ ସୌରାଷ୍ଟ୍ରଠାରୁ ୨ ୱିକେଟ ଓ ଦ୍ୱିତୀୟ ମ୍ୟାଚ୍‌ରେ ଉତ୍ତର ପ୍ରଦେଶଠାରୁ ୯ ୱିକେଟରେ ଦୟନୀୟ ଭାବେ ପରାଜିତ ହୋଇଥିଲା। କିନ୍ତୁ ତୃତୀୟ ମ୍ୟାଚ୍‌ରେ ଶ୍ରେୟା ପ୍ରିୟଦର୍ଶିନୀ ଓ ପ୍ରିୟଦର୍ଶିନୀ ପରମାଣିକଙ୍କ ସୁନ୍ଦର ବୋଲିଂ ସହାୟତାରେ ଓଡ଼ିଶା ପ୍ରଥମଥର ଏହି ଟୁର୍ଣ୍ଣାମେଣ୍ଟରେ ବିଜୟର ସ୍ୱାଦ ଚାଖିଛି।

ଭିଲାଇରେ ଖେଳାଯାଇଥିବା ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଓଡ଼ିଶା ୧୯.୩ ଓଭରରେ ମାତ୍ର ୭୦ ରନ୍‌ରେ ଅଲଆଉଟ ହୋଇଯାଇଥିଲା। ଦଳ ପକ୍ଷରୁ ଆଞ୍ଚୋଲ ରାଜ ୨୪ ଓ ଅନନ୍ୟା ରାଉତ ୧୪ ରନ୍‌ର ଉଲ୍ଲେଖନୀୟ ସ୍କୋର କରିଥିଲେ। ପ୍ରତିପକ୍ଷ ଦଳର ନେହା କୁମାରୀ ଓ ବ୍ରିଷ୍ଟି କୁମାର ୨ଟି ଲେଖାଏଁ ୱିକେଟ ଅକ୍ତିଆର କରିଥିଲେ। ଜବାବରେ ଝାଡଖଣ୍ଡ ୧୬ ଓଭରରେ ମାତ୍ର ୫୨ ରନ୍ କରି ଅଲଆଉଟ ହୋଇଯାଇଥିଲା। ଓଡ଼ିଶା ପକ୍ଷରୁ ଶ୍ରେୟା ପ୍ରିୟଦର୍ଶିନୀ ୧୭ ରନ୍‌ରେ ୪ଟି ଓ ପ୍ରିୟଦର୍ଶିନୀ ପରମାଣିକ ୧୨ ରନ୍‌ରେ ୩ଟି ୱିକେଟ ନେଇ ଓଡ଼ିଶାକୁ ଏହି ଆବଶ୍ୟକ ବିଜୟ ଭେଟିଦେଇଥିଲେ।


ଶ୍ରେୟା ପ୍ରିୟଦର୍ଶିନୀ ଓ ପ୍ରିୟଦର୍ଶିନୀ ପରମାଣିକ

# ଚେସ୍ ବିଶ୍ୱକପ୍ କମିଟିର ସଦସ୍ୟ ହେଲେ ଦେବବ୍ରତ ଭଞ୍ଜ

ଭୁବନେଶ୍ୱର,୨୯।୧୦(ସମିସ): ଅଲ୍ ଓଡ଼ିଶା ଚେସ ସଂଘ (ଏଓସିଏ) ସମ୍ପାଦକ ଇଂ ଦେବବ୍ରତ ଭଞ୍ଜ ଗୋଆରେ ଅକ୍ଟୋବର ୩୧ରୁ ନଭେମ୍ବର ୨୭ ତାରିଖ ପର୍ଯ୍ୟନ୍ତ ଚେସ ବିଶ୍ୱକପ୍ ଆୟୋଜିତ ହେବାକୁ ଯାଉଛି। ଏହି ବିଶ୍ୱକପ୍ ଆୟୋଜନ କମିଟିର ଅନ୍ୟତମ ସଦସ୍ୟଭାବେ ଏଓସିଏ ପକ୍ଷରୁ ସମ୍ପାଦକ ଭଞ୍ଜଙ୍କୁ ମନୋନୀତ କରାଯାଇଛି। ବିଶ୍ୱକପ୍ ପୂର୍ବରୁ ଏଆଇସିଏଫ୍‌ର ବାର୍ଷିକ ସାଧାରଣ ବୈଠକ ଅନୁଷ୍ଠିତ ହେବ। ଏହି ବୈଠକରେ ଭଞ୍ଜଙ୍କ ସହ ଏଓସିଏ ସଭାପତି ସତ୍ୟରଞ୍ଜନ ପଟ୍ଟନାୟକ ଓ କାର୍ଯ୍ୟନିର୍ବାହୀ କମିଟିର ସଦସ୍ୟ ରୀତେଶ କୁମାର ରଥ ମଧ୍ୟ ଯୋଗଦେବାର କାର୍ଯ୍ୟକ୍ରମ ରହିଛି। ଏହି ବିଶ୍ୱକପ୍‌ରେ ଭାରତରୁ ଗ୍ରାଣ୍ଡମାଷ୍ଟର ଡି ଗୁକେଶ, ଆର୍ ପ୍ରଜ୍ଞାନନ୍ଦ, ମହିଳା ବିଭାଗରେ ଦିବ୍ୟା ଦେଶମୁଖ ପ୍ରମୁଖ ଅଂଶଗ୍ରହଣ କରୁଛନ୍ତି। ଓଡ଼ିଶା ଚେସ ସମୁଦାୟ ଭାରତୀୟ ଖେଳାଳିଙ୍କ ସଫଳତା ଶୁଭକାମନା କରିଛନ୍ତି।



# ରାଜ୍ୟ ସିନିୟର ମହିଳା ଫିଡେ ରେଟିଂ ଚେସ୍ ୩୧ରୁ

ଭୁବନେଶ୍ୱର,୨୯।୧୦(ସମିସ): କେନ୍ଦ୍ରାପଡ଼ା ଜିଲ୍ଲା ଚେସ ସଂଘ ଆନୁକୂଲ୍ୟରେ ରାଜ୍ୟ ସିନିୟର ମହିଳା ଫିଡେ ରେଟିଂ ଚେସ ପ୍ରତିଯୋଗିତା ଆୟୋଜନ କରିବ। ଏହି ପ୍ରତିଯୋଗିତା ଗରାପୁରସ୍ଥିତ ସ୍ୱୟଂସିଦ୍ଧା ଶୀତତାପ ନିୟନ୍ତ୍ରିତ ହୋଟେଲ ପରିସରରେ ଅକ୍ଟୋବର ୩୧ରୁ ନଭେମ୍ବର ୩ ତାରିଖଯାଏ ୪ ଦିନ ବ୍ୟାପୀ ଅନୁଷ୍ଠିତ ହେବ। ଏହି ପ୍ରତିଯୋଗିତା ଅଲ୍ ଓଡ଼ିଶା ଚେସ୍ ଆସୋସିଏସନ, ରାଜ୍ୟ କ୍ରୀଡ଼ା ଓ ଯୁବସେବା ବିଭାଗ ସହଯୋଗରେ ଅନୁଷ୍ଠିତ ହେବ ବୋଲି ଜଣାଯାଇଛି। ଏହି ପ୍ରତିଯୋଗିତାରେ ମୋଟ ୫୦,୦୦୦ ଟଙ୍କା ପୁରସ୍କାର ପ୍ରଦାନ କରାଯିବ। ଏହା ମଧ୍ୟରୁ ଚାମ୍ପିଅନ ଖେଳାଳିଙ୍କୁ ଟ୍ରଫି ସହ ନଗଦ ୧୫,୦୦୦, ପ୍ରଥମ ରନର୍ସ ଅପ୍‌କୁ ଟ୍ରଫି ସହ ୧୦,୦୦୦ ଓ ଦ୍ୱିତୀୟ ରନର୍ସଅପ୍‌ଙ୍କୁ ଟ୍ରଫି ସହ ନଗର ୫,୦୦୦ ଟଙ୍କା ପୁରସ୍କାର ପ୍ରଦାନ କରାଯିବ। ଏହା ବ୍ୟତୀତ ପ୍ରଥମ ୧୫ ଜଣ ଖେଳାଳିଙ୍କୁ ମଧ୍ୟ ସମାନୁପାତରେ ଅର୍ଥରାଶି ପ୍ରଦାନ କରାଯିବ ବୋଲି କେନ୍ଦ୍ରାପଡ଼ା ଜିଲ୍ଲା ଚେସ ସଂଘ ସଭାପତି କିଶୋର ଚନ୍ଦ୍ର ପଣ୍ଡା ଜଣାଇଛନ୍ତି। ଏଥିରେ ଭାଗନେବାକୁ ଇଚ୍ଛୁକ ପ୍ରତିଯୋଗୀମାନେ ୫୦୦ ଟଙ୍କାର ଏଣ୍ଟ୍ରି ଫି ସହ କେନ୍ଦ୍ରାପଡ଼ା ଜିଲ୍ଲା ଚେସ ସଂଘ ସମ୍ପାଦକ ଭବେଶ ମହାନ୍ତି (ଫୋନ ନଂ- ୯୯୩୭୮୮୬୩୭୨) କିମ୍ବା କୋଷାଧ୍ୟକ୍ଷ ନାରାୟଣ ଦାସ (ମୋ-୯୯୩୭୪-୬୬୭୫୫)ଙ୍କୁ ଅକ୍ଟୋବର ୩୦ ତାରିଖ ସକାଳ ୧୦ଟା ସୁଦ୍ଧା ନାମ ପଞ୍ଜିକରଣ କରାଇନେବାକୁ ଅନୁରୋଧ କରାଯାଇଛି।

**ସିକେ ନାଇଡୁ ଟ୍ରଫି**

# ବର୍ଷାରେ ଓଡ଼ିଶା-ଆସାମ ମ୍ୟାଚ୍ ଡ୍ର

କଟକ,୨୯।୧୦(ସମିସ): ଭୁବନେଶ୍ୱର କିଟ୍ ଷ୍ଟାଡିୟମରେ ଖେଳାଯାଉଥିବା ସିକେ ନାଇଡୁ ଟ୍ରଫିର ଓଡ଼ିଶା ଏବଂ ଆସାମ ବିପକ୍ଷ ମ୍ୟାଚ୍‌ର ଅନ୍ତିମ ଦୁଇ ଦିନର ଖେଳ ବର୍ଷା ଧୋଇ ଦେଇଛି। ପ୍ରଥମପାଳି ଅସମାପ୍ତ ରହିବା ସତ୍ତ୍ୱେ ମ୍ୟାଚ୍‌କୁ ଡ୍ର ଘୋଷିତ କରାଯାଇଛି। ତେବେ ବୋଲିଂରେ ୪ ପଏଣ୍ଟ ହାସଲ କରିଥିବା ଓଡ଼ିଶା ଏହି ମ୍ୟାଚ୍‌ରୁ ମୋଟ ୬ ପଏଣ୍ଟ ହାସଲ କରିଛି। ଆସାମକୁ ୨ ପଏଣ୍ଟ ମିଳିଛି। ପ୍ରଥମ ୨ଟି ଲିଗ୍ ମ୍ୟାଚ୍‌ରୁ ୧୭ ପଏଣ୍ଟ ହାସଲ କରିଥିବା ଓଡ଼ିଶା ଗ୍ରୁପ-ବି ଟେବଲର ୩ୟ ସ୍ଥାନରେ ରହିଛି। କଟକ ଏମଜିଏମ ଗ୍ରାଉଣ୍ଡରେ ଆସନ୍ତା ୨ ତାରିଖରୁ ବିଦର୍ଭ ବିପକ୍ଷରେ ଓଡ଼ିଶା ପରବର୍ତ୍ତୀ ମ୍ୟାଚ୍ ଖେଳିବ। ପ୍ରକାଶଥାଉକି, କିଟ୍‌ରେ ଆସାମ ପ୍ରଥମେ ବ୍ୟାଟିଂ କରି ୨୧୬ରନ ସଂଗ୍ରହ କରିଥିଲା। ଓଡ଼ିଶା ପ୍ରଥମ ପାଳିରେ ୩ ୱିକେଟ ହରାଇ ୧୬୯ ରନ କରିଥିଲା।

**ସବଜୁନିୟର ବାଳକ ଜାତୀୟ ଫୁଟବଲ**

# ମଣିପୁରଠାରୁ ହାରିଲା ଓଡ଼ିଶା

କଟକ,୨୯।୧୦(ସମିସ): ପଞ୍ଜାବ ଅମ୍ରିତସରର ମାଉଣ୍ଟ ଲିଟେରା ଜି ସ୍କୁଲ ଗ୍ରାଉଣ୍ଡରେ ଆଜି ଖେଳାଯାଇଥିବା ସବଜୁନିୟର ବାଳକ ଜାତୀୟ ଫୁଟବଲ ଚାମ୍ପିଅନସିପ୍‌ର ଦ୍ୱିତୀୟ ମ୍ୟାଚ୍‌ରେ ଓଡ଼ିଶା ୦-୬ ଗୋଲରେ ମଣିପୁର ଠାରୁ ପରାସ୍ତ ହୋଇଛି। ବିଜୟୀ ଦଳର ମିଡଫିଲ୍ଡର ସେଖ୍ ସାହିଲ ହ୍ୟାଟ୍ରିକ ଗୋଲ ସ୍କୋର କରିଥିଲେ। ଚାମ୍ପିଅନସିପ୍‌ରେ ଓଡ଼ିଶାର ଏହା କ୍ରମାଗତ ଦ୍ୱିତୀୟ ପରାଜୟ। ପ୍ରଥମ ମ୍ୟାଚରେ ଦଳ ଶୋଚନୀୟ ଭାବେ ମିଜୋରାମ ଠାରୁ ହାରିଥିଲା। ୩୧ ତାରିଖରେ ୩ୟ ଲିଗ୍ ମ୍ୟାଚ୍‌ରେ ଓଡ଼ିଶା ବିହାରକୁ ଭେଟିବ।

# କାୟାକିଂ ଓ କାନୋଇଂ ମହିଳା ଲିଗ୍ ଉଦ୍‌ଯାପିତ




କଟକ,୨୯।୧୦(ସମିସ): ଜଗତପୁରସ୍ଥିତ ଜଳକ୍ରୀଡ଼ା କେନ୍ଦ୍ରରେ ଖେଲୋ ଇଣ୍ଡିଆ କାୟାକିଂ ଓ କାନୋଇଂ ମହିଳା ଲିଗ୍ ଅନୁଷ୍ଠିତ ହୋଇଯାଇଛି। ଓଡ଼ିଶା କାୟାକିଂ ଓ କାନୋଇଂ ସଂଘ ଆନୁକୂଲ୍ୟରେ ଆୟୋଜିତ ଏହି ପ୍ରତିଯୋଗିତାରେ ବରିଷ୍ଠ ଓ କନିଷ୍ଠ ବୟସ ବର୍ଗର ମୋଟ ୯୦ ପ୍ରତିଯୋଗୀ ଭାଗ ନେଇଥିଲେ। କଟକ ମହାନଗର ନିଗମ ଡେପୁଟି ମେୟର ଦମୟନ୍ତୀ ମାଝୀ ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ଅତିଥି ଭାବେ ଯୋଗ ଦେଇଥିଲେ। ରାଜ୍ୟ ସରକାରଙ୍କ ବରିଷ୍ଠ ସଚିବ ଦୀପଙ୍କର ମହାପାତ୍ର, ଉଚ୍ଚଶିକ୍ଷା ବିଭାଗର ଉପସଚିବ ସ୍ମିତା ପାଢ଼ୀ, ଜଗତପୁର ଜଳକ୍ରୀଡ଼ା କେନ୍ଦ୍ରର ଇନଚାର୍ଜ ତୈଲୋକ୍ୟ ସାହୁ ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ଅତିଥି ଭାବେ ଯୋଗ ଦେଇ ବିଭିନ୍ନ ବୟସ ବର୍ଗର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ। ପ୍ରଶିକ୍ଷକ ଜନସନ ସିଂହ, ରାଜକୁମାର ନିସାଦ, ନାଜିସ ମନୋସୋରୀ ପ୍ରମୁଖ ପ୍ରତିଯୋଗିତା ପରିଚାଳନା କରିଥିଲେ ବୋଲି ରାଜ୍ୟ ସଂଘ ସମ୍ପାଦକ ବିପିନ ଦାଶ ପ୍ରେସବିବୃତ୍ତି ମାଧ୍ୟମରେ ସୂଚନା ଦେଇଛନ୍ତି।

**କାନବେରାର ମାନୁକା ଓଭାଲରେ ପ୍ରବଳ ବର୍ଷା**

# ଭାରତ-ଅଷ୍ଟ୍ରେଲିଆ ପ୍ରଥମ ଟି-୨୦ ବାତିଲ

କାନବେରା,୨୯।୧୦(ଏଜେନ୍ସି):

ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଓ ଉପଅଧିନାୟକ ଶୁବମନ ଗିଲ୍‌ଙ୍କ ବିସ୍ଫୋରକ ବ୍ୟାଟିଂ କରି ଫର୍ମକୁ ଫେରିବାକୁ ଉଦ୍ୟମ କରୁଥିବାବେଳେ ସେମାନଙ୍କ ଚେଷ୍ଟାର ବର୍ଷା ପ୍ରତିବନ୍ଧକ ସାଜିଛି। ଟସ୍ ହାରି ପ୍ରଥମେ ବ୍ୟାଟିଂ କରିଥିବା ଭାରି ୯.୪ ଓଭରରେ ଅଭିଷେକ ଶର୍ମା (୧୪ବଲ୍‌ରେ ୧୯ରନ୍)ଙ୍କ ୱିକେଟ ହରାଇ ୯୭ ରନ୍ କରିଥିଲାବେଳେ ବର୍ଷା ଯୋଗୁଁ ଖେଳ ଆଉ ସମ୍ଭବ ହୋଇ ନ ଥିଲା। ଏହି ସମୟରେ ସୂର୍ଯ୍ୟକୁମାର ଓ ଗିଲ ୩୫ ବଲରୁ ୬୨ ରନ୍ ଉଠାଇ ଦଳକୁ ଏକ ବଡ଼ ସ୍କୋ ଆଡକୁ ନେଇଯାଉଥିଲାବେଳେ ଅମ୍ପାୟାର ଏହି ମ୍ୟାଚ୍‌କୁ ବାତିଲ ଘୋଷଣା କରିଥିଲେ। ଯାହା ଫଳରେ ୨୦ ବଲ୍‌ରେ ୪ ଚୌକା ଓ ୧ ଛକା ସହ ୩୭ ଓ ୨୪ ବଲ୍‌ରେ ୩ ଚୌକା ଓ ୨ଛକା ସହ ୩୯ ରନ୍ କରି ଫର୍ମକୁ ଫେରିବାକୁ ଯେଉଁ ଚେଷ୍ଟା କରିଥିଲେ ତାହା ବର୍ଷା ଯୋଗୁ ଫସର ଫାଟିଯାଇଥିଲା। ଉଭୟ ଖେଳାଳି ସଟ୍ ପରେ ସଟ୍ ମାରି ଅଷ୍ଟ୍ରେଲିଆ ବୋଲରଙ୍କ ବିପକ୍ଷରେ ନୁହେଁ ବରଂ ନିଜ ମଧ୍ୟରେ ପ୍ରତିଦ୍ୱନ୍ଦ୍ୱିତା କରୁଥିବା ଦେଖାଯାଇଥିଲା। ଏହି ମ୍ୟାଚ୍‌ରେ ଅଷ୍ଟ୍ରେଲିଆ ଟସ୍ ଜିତି ଭାରତକୁ ପ୍ରଥମେ ବ୍ୟାଟିଂ କରିବାକୁ ଆମନ୍ତ୍ରଣ କରିଥିଲା। ସିରିଜ୍‌ର ଦ୍ୱିତୀୟ ମ୍ୟାଚ୍ ଅକ୍ଟୋବର ୩୧ ତାରିଖ ବା ଶୁକ୍ରବାର ମେଲବୋର୍ଣ୍ଣ କ୍ରିକେଟ ଗ୍ରାଉଣ୍ଡରେ ଖେଳାଯିବ।

ଏହି ମ୍ୟାଚ୍ ପୂର୍ବରୁ ୨୦୨୫ରେ ଭାରତୀୟ ଟି-୨୦ ଅଧିନାୟକ ସୂର୍ଯ୍ୟକୁମାର ଯାଦବ ୧୧୦ରୁ କମ୍ ଷ୍ଟ୍ରାଇକ୍‌ରେଟ୍‌ରେ ୧୦୦ ରନ୍ କରିଥିଲେ। ଆଜି ଏଠାରେ ବିଶ୍ୱର ଅନ୍ୟତମ ଶ୍ରେଷ୍ଠ ଫାଷ୍ଟ ବୋଲର ଜୋଶ ହାଜ୍‌ଲେଉଡ୍‌ଙ୍କୁ ସ୍କୋୟାର ଲେଗ୍‌ରେ ଯେପରି ଛକା ମାରିଥିଲେ, ସେଥିରୁ ତାଙ୍କୁ କାହିଁକି ବିଶ୍ୱର ଶ୍ରେଷ୍ଠ ବ୍ୟାଟର ବୋଲି ଅବିହିତ କରାଯାଉଛି ତାହାର ଝଲକ ଦେଖାଇଥିଲେ। ଏହି ସଟ୍‌ହିଁ ତାଙ୍କ ଆତ୍ମବିଶ୍ୱାସ ଫେରାଇଥିଲା ଓ ଏହା ପରେ ସେ ମାନୁକା ଓଭାଲର ବାଉନ୍ସି ପିଚ୍‌ରେ ଅତି ସହଜରେ ବଡ ସଟ ଏବଂ ବାଉଣ୍ଡାରୀ ମାରିବାକୁ ସାହସ କରିଥିଲେ। ୨୦ ରନ୍ ଯାଏ ତାଙ୍କ ବ୍ୟାଟ ଶାନ୍ତ ଥିଲା। କିନ୍ତୁ ନାଥାନ ଏଲିସ୍ ବୋଲିଂ କରିଥିବା ଇନିଂସର ୧୦ମ ଓଭରରେ ତାଙ୍କ ବ୍ୟାଟ କଥା କହିଥିଲା। ଏଲିସ୍‌ଙ୍କ ପ୍ରଥମ ବଲ୍‌କୁ ସ୍କୋୟାର କଟ୍, ଦ୍ୱିତୀୟ ବଲ୍‌କୁ ଅଫ-ଡ୍ରାଇଭ୍ ସଟ ମାରି ବାଉଣ୍ଡାରୀ ବାହାରକୁ ପଠାଇଥିଲେ। ୱାଇଡ ପରେ ତୃତୀୟ ବଲ୍‌କୁ ସେ ମିଡ୍ ୱିକେଟ ଅଞ୍ଚଳକୁ ପୁଲ କରି ଛକା ମାରିବା ପରେ ବର୍ଷା ପ୍ରବଳ ହୋଇଥିଲା। ଅନ୍ୟପଟେ ଗିଲ୍ ଉଭୟ ଧୈର୍ଯ୍ୟ ଓ ଆକ୍ରମଣାତ୍ମକ ବ୍ୟାଟିଂ ପ୍ରଦର୍ଶନ କରି କିଛି ଚମତ୍କାର ସଟ୍ ମାରିଥିଲେ। ବାମହାତୀ ସ୍ପିନର ମ୍ୟାଟ୍ କୁନେମାନଙ୍କୁ କାଓ କର୍ନରରେ ସ୍ୱିପ୍ କରି ଛକା ମାରିବା ପରେ ଭାରତର ରନ୍ ସଂଗ୍ରହ ହାର ଦ୍ରୁତଗତିରେ ବୃଦ୍ଧି ପାଇଥିଲା।

ଭାରତ ଖେଳିଥିବା ୯.୪ ଓଭରରେ ଦୁଇଥର ବର୍ଷା ଯୋଗୁ ଖେଳ ବାଧାପାଇଥିଲା। ପ୍ରଥମଥର ଖେଳ ବାଧା ପାଇବା ପରେ ମ୍ୟାଚ୍‌ର ଓଭର ସଂଖ୍ୟା ୨୦ରୁ ୧୮କୁ କମାଇଦିଆଯାଇଥିଲା। ଏହା ପରେ ଖେଳାଯାଇଥିବା ୪.୪ ଓଭରରେ ଭାରତ ୫୪ ରନ୍ ଉଠାଇଥିଲା। ବର୍ଷା ହୋଇଥିବାରୁ ବଲ ମଧ୍ୟ ଓଦା ହୋଇଯାଇଥିଲା। ଏହା ଫଳରେ ବୋଲିଂ କରିବା ଓ ଫିଲ୍ଡିଂ କରିବା ମଧ୍ୟ ଅଷ୍ଟ୍ରେଲୀୟଙ୍କ ଲାଗି କଷ୍ଟକର ହୋଇଥିଲା। ପୂର୍ବରୁ ଭାରତୀୟ ଓପନର ଅଭିଷେକ ଶର୍ମା ବିସ୍ଫୋରକ ବ୍ୟାଟିଂର ଆରମ୍ଭ କରିଥିଲେ। ଜାଭିୟର ବାର୍ଟଲେଟଙ୍କ ଗୋଟିଏ ଓଭରରେ ୩ଟି ବାଉଣ୍ଡାରୀ ମାରି ତାଙ୍କ ବ୍ୟାଟିଂ ଶୈଳୀ ଦେଖାଇଥିଲେ। କିନ୍ତୁ ଏହା ବେଶି ସମୟ ତିଷ୍ଠି ନ ଥିଲା। ଏହାର ପର ଓଭରରେ ଏଲିସ୍‌ଙ୍କ କ୍ରମାଗତ ସ୍ଲୋ ବଲ୍‌ରେ ଅଭିଷେକ ଫେଲ ମାରିଥିଲେ। ସେ ଖେଳିଥିବା ୧୪ତମ ବଲ୍‌କୁ ମିଡ୍ ଅଫ୍ ଦେଇ ବାହାରକୁ ମାରିବାକୁ ଯାଉଥିଲାବେଳେ ସେଠାରେ ଜଗିଥିବା ଲମ୍ବା ଫିଲ୍ଡର ଟିମ୍ ଡେଭିଡ୍‌ଙ୍କ ହାତକୁ କ୍ୟାଚ୍ ଚାଲିଯାଇଥିଲା। ୪ଟି ଚୌକା ସହ ସେ ୧୯ ରନ୍ କରିବାକୁ ସମର୍ଥ ହୋଇଥିଲେ। ଏହି ମ୍ୟାଚ୍‌ର ଫଳାଫଳ ଯାହା ହେଉନା କାହିଁକି ଟି-୨୦ରେ ଅଷ୍ଟ୍ରେଲୀୟ ବୋଲରଙ୍କୁ ଯେ ଭାରତୀୟ ବ୍ୟାଟର ବାଉନ୍ସି ପିଚ୍‌ରେ ଭୟ କରୁନାହାନ୍ତି, ତାହା ପ୍ରମାଣିତ କରିଥିଲେ। ମେଲବୋର୍ଣ୍ଣର ବିରାଟ ପଡ଼ିଆରେ ଭାରତୀୟ ବ୍ୟାଟରଙ୍କୁ ନିଜ ଲେଙ୍ଗ୍‌ଥ ସଜାଡିବାକୁ ହେବ।




## ପ୍ରଥମ ୩ଟି ମ୍ୟାଚ୍‌ରୁ ନୀତୀଶ ବାଦ୍

ବେକରେ ଯନ୍ତ୍ରଣା ହେବାରୁ ଭାରତୀୟ ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀଙ୍କୁ ଅଷ୍ଟ୍ରେଲିଆ ବିପକ୍ଷ ପ୍ରଥମ ୩ଟି ଟି-୨୦ ମ୍ୟାଚ୍‌ରୁ ବାଦ୍ ଦିଆଯାଇଛି। ଅଷ୍ଟ୍ରେଲିଆ ସହ ଦ୍ୱିତୀୟ ଦିନିକିଆ ମ୍ୟାଚ୍ ଖେଳୁଥିଲାବେଳେ ତାଙ୍କ ବାମପଟ ଗୋଡ ଖଞ୍ଜାରେ ଆଘାତ ଲାଗିଥିଲା। ଏହି ଆଘାତ ସମସ୍ୟାରୁ ମୁକୁଳିବା ପରେ ଏବେ ବେକରେ ଯନ୍ତ୍ରଣା ହେବା ଯୋଗୁ ନେଟ୍ ପ୍ରାକ୍ଟିସ କରି ପାରି ନ ଥିଲେ। ଏହା ପରେ ବିସିସିଆଇ ମେଡିକାଲ ଟିମ୍ ତାଙ୍କୁ ଏକ ସପ୍ତାହ ଲାଗି ବିଶ୍ରାମ ନେବାକୁ ପରାମର୍ଶ ଦେଇଛି। ଏହା ଫଳରେ ସେ ଅଷ୍ଟ୍ରେଲିଆ ବିପକ୍ଷ ପ୍ରଥମ ୩ଟି ଟି-୨୦ ମ୍ୟାଚ୍ ଲାଗି ଉପଲବ୍ଧ ହେବେ ନାହିଁ। ଚତୁର୍ଥ ଟି-୨୦ ନଭେମ୍ବର ୪ରେ ଖେଳାଯିବ। ଏହା ମଧ୍ୟରେ ସେ ସୁସ୍ଥ ହୋଇଯିବେ ବୋଲି ମେଡିକାଲ ଟିମ୍ ଆଶା ରଖିଛି। ସେ ଆହତ ହେବାରୁ ଶିବମ ଦୁବେଙ୍କୁ ଭାରତ ପ୍ରଥମ ଟି-୨୦ ମ୍ୟାଚ୍‌ରେ ସାମିଲ କରିଥିଲା। ବ୍ୟାଟିଂରେ କିଛିଟା ପ୍ରଦର୍ଶନ କରୁଥିବା ହର୍ଷିତ ରାଣାଙ୍କୁ ପ୍ରମୁଖ ଫାଷ୍ଟ ବୋଲର ଅର୍ଶଦୀପ ସିଂହଙ୍କ ସ୍ଥାନରେ ପ୍ରଥମ ମ୍ୟାଚ୍‌ରେ ସୁଯୋଗ ଦିଆଯାଇଥିଲା।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS